

କିଆରାଙ୍କ ପାଇଁ ଯଶ୍‌ଙ୍କ ନିଷ୍ପତ୍ତି

▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-355 ♦BHUBANESWAR ♦MONDAY ♦23 JUNE 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୨ ♦ସଂଖ୍ୟା-୩୫୫ ♦ଭୁବନେଶ୍ୱର ♦ସୋମବାର ♦୨୩ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


# ଯୁଦ୍ଧକୁ ଡେଇଁଲା ଆମେରିକା



## ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ବୋମାମାଡ଼

### ରୁଷ, ଚୀନର ନିନ୍ଦା; ମଧ୍ୟପ୍ରାଚ୍ୟ ଅଶାନ୍ତ

### ପ୍ରତିଶୋଧ ପାଇଁ ଇରାନର ଧମକ

### ଉଦବେଗ ଜଣାଇଲା ଭାରତ

■ **ତେହରାନ/ୱାଶିଂଟନ, ୨୨।୬ (ଏଜେନ୍ସି):** ଗତ ଏକ ସପ୍ତାହ ଧରି ଇରାନ ଓ ଇସ୍ରାଏଲ ମଧ୍ୟରେ ଚାଲିଥିବା ଯୁଦ୍ଧରେ ସାମିଲ ହୋଇଛି ଆମେରିକା। ଆମେରକାର ଯୁଦ୍ଧ ବିମାନ ଆଜି ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ପ୍ରଚଣ୍ଡ ବୋମାମାଡ଼ କରି ଏଗୁଡ଼ିକୁ ଧ୍ୱଂସ କରିଦେଇଛନ୍ତି। ଆମରିକାର ଏଭଳି ଆକ୍ରମଣକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଜାତିସଂଘ ସମେତ ରୁଷ, ଚୀନ ଓ ଅନ୍ୟ କେତେକ ଦେଶ ଏହାର ନିନ୍ଦା କରିବା ସହିତ ସତର୍କ କରାଇ ଦେଇଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟରେ ପରିସ୍ଥିତି ଆହୁରି ବିଗିଡ଼ିଯିବାର ସମ୍ଭାବନା ରହିଛି। ଇରାନ ମଧ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିବା ସହିତ ପ୍ରତିଶୋଧ ନେବାକୁ ଧମକ ଦେଇଛି। ଇରାନର ଧମକ ପରେ ଆମେରିକାର ଅନେକ ସହରରେ ହାଇଆଲର୍ଟ ଜାରି କରାଯାଇଛି।

ଇରାନ ଉପରେ ଆକ୍ରମଣ ପାଇଁ ଦୁଇ ସପ୍ତାହ ସମୟ ନେଇଥିବା ଆମରେିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଜି ସକାଳେ ହିଁ ଇରାନ ଉପରେ ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଆମେରିକାର ବୋମାବର୍ଷୀ ବିମାନ ବି-୨ ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ଶକ୍ତିଶାଳୀ ଜିବିୟୁ-୫୭ ଏମ୍‌ଓପି ନାମକ ବୋମା ମାଡ଼ କରିଥିଲା। ଫରଦୋ, ନତାଞ୍ଜ ଏବଂ ଏସ୍‌ଫାହନ୍ ପରମାଣୁ ପ୍ରତିଷ୍ଠାନ ଉପରେ ଦୁଇଟି ଲେଖାଏଁ ୬ଟି ଏଭଳି ବୋମା ପକାଇଥିଲା। ଗୋଟିଏ ବୋମାର ଓଜନ ୧୫ ଟନ୍ ଥିବା ବେଳେ ୨୦୦ ଫୁଟ୍ ଗଭୀର ଭୂତଳ ଟାର୍ଗେଟକୁ ଏହା ଭେଦ କରିପାରିବ। ଏହି ବୋମାମାଡ଼ରେ ▶ପୃଷ୍ଠା-୭

**ହର୍ମୁଜ ଷ୍ଟ୍ରେଟ ବନ୍ଦ କରିବ ଇରାନ**

## ବଢ଼ିବ ତୈଳ ଦର !

■ **ତେହରାନ, ୨୨।୬ (ଏଜେନ୍ସି):** ଆମେରିକାର ଆକ୍ରମଣ ପରେ ଇରାନ ବଡ଼ ପଦକ୍ଷେପ ନେଇଛି। ଏହା ଦ୍ୱାରା ବିଶ୍ୱରେ ସଙ୍କଟ ସୃଷ୍ଟି ହୋଇପାରେ। ତୈଳ ଦର ଆକାଶ ଛୁଇଁପାରେ। ବିନା କ୍ଷେପଣାସ୍ତ୍ର ମାଡ଼ କରି ଇରାନ ଦୁନିଆକୁ ଦୋହଲାଇ ଦେଇପାରେ। ଆଜି ଇରାନ ସଂସଦରେ 'ଷ୍ଟ୍ରେଟ୍ ଅଫ ହର୍ମୁଜ' ବନ୍ଦ କରିବାକୁ ପ୍ରସ୍ତାବ ପାରିତ ହୋଇଯାଇଛି। ତେବେ ଇରାନ ସର୍ବୋଚ୍ଚ ନେତା ଅୟତୁଲ୍ଲା ଅଲ ଖାମନେଇ ଏହା ଉପରେ ଅନ୍ତିମ ନିଷ୍ପତ୍ତି ନେବେ। ହର୍ମୁଜ ଷ୍ଟ୍ରେଟ ବିଶ୍ୱର ସବୁଠୁ ଗୁରୁତ୍ୱପୂର୍ଣ୍ଣ ସାମୁଦ୍ରିକ ଚେକ୍ ପଏଣ୍ଟ। ଏହା ଓମାନ ଉପକୂଳ, ଓମାନ, ଇରାନ, ପାକିସ୍ତାନ ଏବଂ ୟୁଏଇ ମଧ୍ୟରେ ରହିଛି। ଏହା ଆରବ ସାଗରକୁ ପର୍ସିଆନ ଗଲ୍ଫ ସହ ଯୋଡୁଛି। ଏହି କ୍ଷେତ୍ର ଇରାନ-ଇସ୍ରାଏଲ ସଂଘର୍ଷର ମୁଖ୍ୟ କାରଣ ପାଲଟିଛି। କାରଣ ବିଶ୍ୱର ୨୦ ପ୍ରତିଶତ ତୈଳ ଏବଂ ଗ୍ୟାସ ଏହି ଷ୍ଟ୍ରେଟ ଦେଇ ଯାଉଛି। ଏହି ରାସ୍ତାକୁ ବନ୍ଦ କରିବା ପାଇଁ ପୂର୍ବରୁ ଇରାନ ଧମକ ଦେଇସାରିଛି। ଯଦି ଏହା ବନ୍ଦ ▶ପୃଷ୍ଠା-୭

# ଅସ୍ତ୍ରୋପଚାର ସଫଳ; ନବୀନ ସୁସ୍ଥ

■ **ମୁମ୍ବାଇ, ୨୨।୬ (ସମିସ):** ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ସର୍ଭିକାଲ ଆଥ୍ରାଇଟିସ୍ ଅପରେସନ ସଫଳତାର ସହ ଶେଷ ହୋଇଛି। ତାଙ୍କର ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ପ୍ରଖ୍ୟାତ ଚିକିତ୍ସକ ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ମୁମ୍ବାଇର କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍‌ପିଟାଲର ସ୍ନାୟୁ ବିଶେଷଜ୍ଞ ଡାକ୍ତର ରାଜଶେଖର ଅସ୍ତ୍ରୋପଚାର କରିଛନ୍ତି। ଏହି ସମୟରେ ଏସିଆନ ହାର୍ଟ ଇନଷ୍ଟିଚ୍ୟୁଟର ବିଶେଷଜ୍ଞମାନେ ମଧ ଉପସ୍ଥିତ ଥିଲେ। ଅପରେସନ ପରେ ନବୀନ ସମ୍ପୂର୍ଣ୍ଣ ସୁସ୍ଥ ଅଛନ୍ତି ଓ ଡାକ୍ତରଖାନାରେ ତାଙ୍କୁ ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରଖାଯିବ। ଏହାପରେ ତାଙ୍କୁ କ୍ୟାବିନ୍‌କୁ ସ୍ଥାନାନ୍ତର କରାଯିବ। ୫ରୁ ୭ ଦିନ ମଧ୍ୟରେ ଷ୍ଟିଚ୍ ଖୋଲାଯିବ ଓ ଏହାପରେ ସେ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବେ ବୋଲି ଡାକ୍ତର ପଣ୍ଡା ସୂଚନା ଦେଇଛନ୍ତି। ରବିବାର ସକାଳ ପ୍ରାୟ ୬ଟାରେ ନବୀନଙ୍କୁ ଅସ୍ତ୍ରୋପଚାର ପାଇଁ ଓଟିକୁ ନିଆଯାଇଥିଲା। ସକାଳ ୮ଟାରେ ତାଙ୍କର ଅସ୍ତ୍ରୋପଚାର ଆରମ୍ଭ ହୋଇଥିଲା। ୨ ଘଣ୍ଟା ▶ପୃଷ୍ଠା-୭



- ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରହିବେ
- ୫-୭ ଦିନ ମଧ୍ୟରେ ଖୋଲାଯିବ ଷ୍ଟିଚ୍
- ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଚିକିତ୍ସା
- ଡାକ୍ତରଖାନାରେ ଭାଇ ପ୍ରେମ୍ ଓ ଭାଉଜ ଉପସ୍ଥିତ

# କମୁଛି ବନ୍ୟା; ବଢୁଛି ଦୁର୍ଦ୍ଦଶା

## ତିନି ଦିନ ପରେ ମିଳିଲା ମୁଠେ ଶୁଖିଲା ଖାଦ୍ୟ

■ **ବାଲେଶ୍ୱର(ଉତ୍ତର)/ ଭୋଗରାଇ/ ବାଲିଆପାଳ/ କାଳୀପଦା, ୨୨।୬ (ସମିସ):** ସୁବର୍ଣ୍ଣରେଖା ନଦୀରେ ବନ୍ୟାକୁ ତିନି ଦିନ ବିତିଛି। ବିପଦ ସଂକେତ ତଳେ ଏବେ ବନ୍ୟାଜଳ ପ୍ରବାହିତ ହେଉଥିଲେ ହେଁ ଭୋଗରାଇ ଓ ବାଲିଆପାଳରେ ବିପନ୍ନଙ୍କ ଦୁର୍ଦ୍ଦଶା ବଢ଼ିବାରେ ଲାଗିଛି।



ଭୋଗରାଇ ବ୍ଲକ୍‌ର ୮ଟି ପଞ୍ଚାୟତର ପ୍ରାୟ ୪୦ରୁ ଅଧିକ ଗାଁର ଲୋକେ ଏବେବି ପାଣିଘେରରେ ଅଛନ୍ତି। ତିନି ଦିନ ପରେ ଆଜି ବ୍ଲକ ପ୍ରଶାସନ ପକ୍ଷରୁ ଅଳ୍ପ କେତେକ ଗାଁରେ ଶୁଖିଲା ଖାଦ୍ୟ ଓ ପାଣି ବୋତଲ ବଣ୍ଟନ କରାଯାଇଛି। ମାତ୍ର ପର୍ଯ୍ୟାପ୍ତ ପରିମାଣରେ ପାନୀୟ ଜଳର ଆବଶ୍ୟକତା ଥିବା ବେଳେ ପ୍ରଶାସନ ଯୋଗାଇବାରେ ଫେଲ୍ ମାରିଥିବା ଅଭିଯୋଗ ହୋଇଛି। ଏବେ ବି ବ୍ଲକ୍‌ର ଖରିଦପିପଳ, ଆରୁହାବୃତ୍ତି-୧, ନାଚିନ୍ଦା, କୁସୁଡ଼ା, ଗବ ଗାଁ, ପୁଟିଣା, କୁମ୍ଭୀରଗଡ଼ି ଓ ଜୟରାମପୁର ପଞ୍ଚାୟତର ଅନେକ ଗାଁ ବନ୍ୟା ବନ୍ୟାଜଳ ଘେରରେ ରହିଛି। ମାତ୍ର ପ୍ରଶାସନ ପକ୍ଷରୁ ସେମାନଙ୍କୁ ଏ ପର୍ଯ୍ୟନ୍ତ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇନାହିଁ। ▶ପୃଷ୍ଠା-୭




## ପହଲ୍‌ଗାମ୍ ଆତଙ୍କୀଙ୍କୁ ଶରଣ ଦେଇ ୨ ଗିରଫ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): କଶ୍ମୀର ପହଲଗାମରେ ହୋଇଥିବା ଆତଙ୍କାବାଦୀ ଆକ୍ରମଣର ଦୁଇମାସ ପରେ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) ଏହି ମାମଲାରେ ଦୁଇଜଣଙ୍କୁ ଗିରଫ କରିଛି। ଆତଙ୍କବାଦୀମାନଙ୍କୁ ଏହି ଦୁଇଜଣ ଶରଣ ଦେଇଥିଲେ ବୋଲି ଏଜେନ୍ସି ତରଫରୁ କୁହାଯାଇଛି। ଗିରଫ୍ ହୋଇଥିବା ଦୁଇ ଅଭିଯୁକ୍ତ ହେଲେ ବାରକୋଟର ପରଭେଜ ଅହମ୍ମଦ ଜୋଠାର ଓ ହିଲ୍ ପାର୍କର ବସୀର ଅହମ୍ମଦ ଜୋଠାର। ଏହି ୩ ଆତଙ୍କବାଦୀ ପାକିସ୍ତାନୀ ଥିଲେ ଓ ସେମାନେ କିଭଳି ଥିଲେ ସେ ନେଇ ଏହି ଦୁଇଜଣ ଏନ୍‌ଆଇଏକୁ ଗୁରୁତ୍ୱପୂର୍ଣ୍ଣ ସୂଚନା ଦେଇଥିଲେ। ଆତଙ୍କବାଦୀମାନେ ଲସ୍କର ଇ ତୋଏବା (ଏଲ୍‌ଇଟି) ଆତଙ୍କୀ ସଂଗଠନର ସଦସ୍ୟ ଥିଲେ ବୋଲି ଦୁହେଁ କହିଛନ୍ତି। ଏହି ୩ଜଣ ଆତଙ୍କବାଦୀଙ୍କୁ ପରଭେଜ ଓ ବସିର ଆକ୍ରମଣ ପୂର୍ବରୁ ହିଲ ପାର୍କ ସ୍ଥିତ ଏକ ଅସ୍ଥାୟୀ ବସ୍ତିରେ ଜାଣିଶୁଣି ରହିବା ପାଇଁ ସୁଯୋଗ ଦେଇଥିଲେ। ଆତଙ୍କବାଦୀଙ୍କୁ ସେଠାରେ ରଖିବା ସହ ସେମାନଙ୍କୁ ଅନ୍ୟାନ୍ୟ ସୁବିଧାସୁଯୋଗ ପ୍ରଦାନ କରିଥିଲେ। ତେବେ ଅଭିଯୁକ୍ତମାନେ ଏହି ୩ ଆତଙ୍କବାଦୀଙ୍କ ନାମ ବିଷୟରେ ସୂଚନା ଦେଇଛନ୍ତି କି ନା ସେ ନେଇ ଏନ୍‌ଆଇଏ କିଛି ସ୍ପଷ୍ଟ କରିନାହିଁ।

## ସମ୍ପୂର୍ଣ୍ଣ ୟୁକ୍ରେନ ଆମର: ପୁଟିନ୍

ସେଣ୍ଟ ପିଟର୍ସବର୍ଗ,୨୨।୬(ଏଜେନ୍ସି): ରୁଷି ରାଷ୍ଟ୍ରପତି ଭ୍ଲାଡିମୀର ପୁଟିନ ପୁଣି ଏକ ଅଜବ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ସମ୍ପୂର୍ଣ୍ଣ ୟୁକେନ୍ ହେଉଛି ଆମର। ୟୁକ୍ରେନ ଓ ରୁଷିଆର ଲୋକ ସମାନ ବୋଲି ସେ କହିଛନ୍ତି। ସେଣ୍ଟ ପିଟର୍ସବର୍ଗରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଇକୋନୋମିକ ଫୋରମ୍‌ରେ ପୁଟିନ ଏହି କଥା କହିଛନ୍ତି। ୟୁକ୍ରେନ୍‌କୁ ଧ୍ୱଂସ କରିବା ରୁଷିଆ ଆଦୌ ଲକ୍ଷ୍ୟ ରଖିନାହିଁ। କିନ୍ତୁ ୟୁକ୍ରେନ୍ ରୁଷିଆର ଭୌଗଳିକ ସ୍ଥିତି ଓ ପ୍ରାଦେଶିକ ତଥା ଆଞ୍ଚଳିକ ପ୍ରାଧାନ୍ୟକୁ ସ୍ୱୀକାର କରିବା ଉଚିତ ବୋଲି ସେ ସ୍ପଷ୍ଟ କରିଛନ୍ତି। ରୁଷିଆ ଓ ୟୁକ୍ରେନ୍‌ର ନାଗରିକ ସବୁ ଦୃଷ୍ଟିକୋଣରୁ ସମାନ ବୋଲି ପୂର୍ବରୁ ଏକାଧିକବାର କହି ସାରିଛି। ତେଣୁ ଏହି ଦୃଷ୍ଟିକୋଣରୁ ଦେଖିବାକୁ ଗଲେ ସମ୍ପୂର୍ଣ୍ଣ ୟୁକ୍ରେନ ଆମର। କିନ୍ତୁ ଆମେ କେବେ ୟୁକ୍ରେନର ସାର୍ବଭୌମତ୍ୱକୁ ନେଇ ପ୍ରଶ୍ନ ଉଠାଇନାହୁଁ ବୋଲି ସେ କହିଛନ୍ତି। ୧୯୯୧ରେ ଯେତେବେଳେ ୟୁକ୍ରେନ ସ୍ୱାଧୀନତା ଲାଭ କରିଥିଲା, ସେତେବେଳେ ଏହି ଦେଶ କୌଣସି ଗୋଷ୍ଠୀରେ ସାମିଲ ନହେବାକୁ, ଆଣବିକ ଅସ୍ତ୍ର ପାଖରେ ନ ରଖିବାକୁ ଓ ଏକ ନିରପେକ୍ଷ ଦେଶ ହୋଇ ରହିବାକୁ ସର୍ତ୍ତ ରହିଥିଲା। ତେଣୁ ୟୁକ୍ରେନ ଏହି ସର୍ତ୍ତଗୁଡ଼ିକୁ ମାନିବା ଉଚିତ।

## ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି ସଲମାନ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ବଲିଉଡ୍ ସୁପରଷ୍ଟାର ସଲମାନ ଖାନ୍ ଏକାଧିକ ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି। ୫୯ ବର୍ଷୀୟ ସଲମାନଙ୍କ ମସ୍ତିସ୍କରେ ସମସ୍ୟା ରହିଛି। ସେ ବ୍ରେନ୍ ଆନେଉରିଜମ୍ ନାମକ ଏକ ରୋଗରେ ପୀଡିତ ଅଛନ୍ତି। କିଛିଦିନ ତଳେ 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶର୍ମା' ଶୋ'ରେ ଯୋଗ ଦେଇ ସେ ଏ ନେଇ ଖୁଲାସା କରିଛନ୍ତି। କେବଳ ସେତିକି ନୁହଁ ସେ ଟ୍ରାଇଜେମିନାଲ ନେଉରାଲଜିଆ ଓ ଆର୍ଟେରିଓଭେନସ ମାଲଫର୍ମେସନ ରୋଗରେ ମଧ୍ୟ ପୀଡିତ ଅଛନ୍ତି। ଏହି କାରଣରୁ ତାଙ୍କ ଚେହେରା ଓ ମୁଣ୍ଡରେ ସେ ଯନ୍ତ୍ରଣା ଅନୁଭବ କରୁଛନ୍ତି। ବ୍ରେନ୍ ଆନେଉରିଜମ୍ ପାଇଁ ତାଙ୍କ ଚିକିତ୍ସା ହେଉଛି। ଏହା କାରଣରୁ ଜୀବନ ମଧ୍ୟ ଯାଇପାରେ। ଏତେ ସବୁ ରୋଗରେ ପୀଡିତ ଥିଲେ ମଧ୍ୟ ଯନ୍ତ୍ରଣା ସହ କାମ କରିବାକୁ ପଡୁଛି ବୋଲି ସେ କହିଛନ୍ତି।

## ଡିଜିସିଏର ନୂଆ ମାର୍ଗଦର୍ଶିକା

ନୂଆଦିଲ୍ଲୀ, ୨୨।୬ (ଏଜେନ୍ସି):ବିମାନ ନିୟାମକ ଡିଜିସିଏ ଖରାପ ପାଣିପାଗରେ ଉଡ଼ାଣକୁ ନେଇ ନୂଆ ନିୟମ ଜାରି କରିଛି। ବିମାନ ଉଡ଼ାଣ କାର୍ଯ୍ୟସୂଚୀଠାରୁ ଯାତ୍ରୀ ଏବଂ କ୍ରୁଙ୍କ ସୁରକ୍ଷା ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଇଛି। ପାଣିପାଗ ଖରାପ ଥିଲେ କିମ୍ବା ବିପଦ ଥିଲେ ବିମାନର ଗତିପଥ ବଦଳାଇବାକୁ ତୁରନ୍ତ ନିଷ୍ପତ୍ତି ନେବା ପାଇଁ ପାଇଲଟଙ୍କୁ ପରାମର୍ଶ ଦିଆଯାଇଛି। କେଦାରନାଥରେ ହେଲିକପ୍ଟର ଏବଂ ଅହମଦାବାଦ ଦୁର୍ଘଟଣା ପରେ ଡିଜିସିଏ ଏହି ନିଷ୍ପତ୍ତି ନେଇଛି। ଏ ନେଇ ସମସ୍ତ ବିମାନ କମ୍ପାନୀମାନଙ୍କୁ ନୂଆ ସର୍କୁଲାର ଜାରି କରାଯାଇଛି।

## ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ୱାମୀକୁ ହତ୍ୟା

ଲକ୍ଷ୍ନୌ, ୨୨।୬ (ଏଜେନ୍ସି): ମଧ୍ୟପ୍ରଦେଶ ପରେ ଉତ୍ତର ପ୍ରଦେଶ ମୋରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍‌ନାକୁ ଆସିଛି। ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ତ୍ରୀ ସ୍ୱାମୀକୁ ହତ୍ୟା କରିଛି। ଏହି ଜଘନ୍ୟ କାଣ୍ଡ ଘଟାଇବା ପରେ ମୃତଦେହକୁ ନେଇ ଉତ୍ତରାଖଣ୍ଡର କୋଟଦ୍ୱାର ଜଙ୍ଗଲରେ ପକାଇଛି। ସୂଚନା ଅନୁଯାୟୀ ପୀଡ଼ିତ ରବୀନ୍ଦ୍ର କୁମାର ନିଜର ୩ କୋଟିର ଘର ବିକ୍ରି କରି ଋଣ ପରିଶୋଧ କରିବାକୁ ଚାହୁଁଥିଲେ। ମାତ୍ର ପତ୍ନୀ ରୀନା ସିନ୍ଧୁ ଏହାକୁ ବିରୋଧ କରିଥିଲେ। ଏଥିପାଇଁ ଉଭୟଙ୍କ ମଧ୍ୟରେ ବିବାଦ ହୋଇଥିଲା। ପରେ ସେ ପ୍ରେମିକ ପରିତୋଷ କୁମାର ସହ ମିଶି ସ୍ୱାମୀକୁ ମାରି ଦେଇଥିଲେ।

## ଟ୍ରାକ୍ଟର-ଡମ୍ପର ଧକ୍କା; ୫ ମୃତ

କୋଲକାତା, ୨୨।୬ (ଏଜେନ୍ସି): ପଶ୍ଚିମବଙ୍ଗ ମୁର୍ଶିଦାବାଦ ଜିଲ୍ଲାର କାନ୍ଦି ଥାନା ଅଞ୍ଚଳର ଗୋରକାନ୍ ପାୱାର ହାଉସ୍ ଛକରେ ଭୟଙ୍କର ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣଙ୍କ ମୃତ୍ୟୁ ହୋଇଛି। ଏମାନଙ୍କ ମଧ୍ୟରେ ୩ ମହିଳା ଓ ଡ୍ରାଇଭର ସାମିଲ ଅଛନ୍ତି। ୧୦ ଜଣ ଆହତ ହୋଇଛନ୍ତି। ମୁର୍ଶିଦାବାଦ ମେଡିକାଲ୍ କଲେଜ୍ ହସ୍ପିଟାଲରେ ଏମାନଙ୍କର ଚିକିତ୍ସା ଚାଲିଛି। କିଛି ଲୋକଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ସୂଚନା ଅନୁଯାୟୀ ୨୦ ଜଣିଆ ତୀର୍ଥଯାତ୍ରୀଙ୍କ ଏକ ଦଳ ବୀରଭୂମର ବାଲୁକା ଅଞ୍ଚଳରୁ ଗାଧୋଇ ଟ୍ରାକ୍ଟରରେ ଫେରୁଥିଲେ। ଏହି ସମୟରେ ଟ୍ରାକ୍ଟରଟି ଏକ ଡମ୍ପର ସହିତ ଧକ୍କା ହୋଇ ଓଲଟି ପଡ଼ିଥିଲା।



# ୩୭ ଘଣ୍ଟା ଉଡ଼ାଣ ପରେ ଇରାନରେ ଆକ୍ରମଣ କରିଥିଲା ବି-୨ ବମ୍ବର୍ସ

## ୧୨ ବଙ୍କର ବଷ୍ଟର, ୩୦ ଟମ୍ ହକ୍ କ୍ଷେପଣାସ୍ତ୍ର ଆକ୍ରମଣ

ୱାଶିଂଟନ, ୨୨।୬ (ଏଜେନ୍ସି):

ଇସ୍ରାଏଲ ଏବଂ ଇରାନ ସଂଘର୍ଷକୁ ଆମେରିକା ଡେଇଁଛି। ଏହି ଦେଶ 'ଅପରେସନ ମିଡ୍‌ନାଇଟ ହାମର' ଆରମ୍ଭ କରି ରବିବାର ସକାଳେ ଇରାନର ତିନୋଟି ପରମାଣୁ ଠିକଣାରେ ବୋମା ବର୍ଷା କରିଛି। ଏହି ଆକ୍ରମଣରେ ନତାଞ୍ଜ, ଫର୍ଦୋ ଏବଂ ଇସାଫାହନ ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଯାଇଛି। ଦୁଇ ଦେଶ ମଧ୍ୟରେ ଚାଲିଥିବା

- ■ 'ଅପରେସନ ମିଡ୍‌ନାଇଟ ହାମର'ରେ ସାମିଲ ଥିଲା ୧୨୫ ଯୁଦ୍ଧ ବିମାନ
- ■ ଆକ୍ରମଣ ପୂର୍ବରୁ ଇରାନକୁ ଜଣାଇଥିଲା ଆମେରିକା


ଏହି ଯୁଦ୍ଧରେ ଆମେରିକା ସାମିଲ ହୋଇ ସ୍ଥିତିକୁ ଅଧିକ ଗମ୍ଭୀର କରିଦେଇଛି। ଇରାନ ଜବାବୀ କାର୍ଯ୍ୟାନୁଷ୍ଠାନର ଧମକ ଦେଇଛି। ତେବେ ଇରାନ କୌଣସି କାର୍ଯ୍ୟାନୁଷ୍ଠାନ ନେଲେ ଆମେରିକା ଜୋରଦାର ଆକ୍ରମଣ କରିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଇରାନ ଉପରେ ଆଜି ହୋଇଥିବା ଆକ୍ରମଣରେ ଆମେରିକାର ବି-୨ ଷ୍ଟିଲଥ୍ ବମ୍ବର୍ସ ସହିତ ୧୨୫ ଲଢୁଆ ବିମାନ ସାମିଲ ହୋଇଥିଲା। ପାହାଡ଼ କାଟି ଇରାନ ପରମାଣୁ କେନ୍ଦ୍ର ବନାଇ ଥିଲା। ତେଣୁ ଏହାକୁ ଧ୍ୱଂସ କରିବା ପାଇଁ ବି-୨ ବମ୍ବରର ଆବଶ୍ୟକତା ପଡ଼ିଥିଲା। ୨୫୦ ଫୁଟ୍ ତଳେ ଥିବା ପରମାଣୁ କେନ୍ଦ୍ରକୁ ଧ୍ୱଂସ କରିବା ପାଇଁ ବଙ୍କର ବଷ୍ଟର ବ୍ୟବହାର କରାଯାଇଥିଲା। ପ୍ରଥମ ଥର ପାଇଁ ଆମେରିକା ଏହି ବୋମାକୁ ବ୍ୟବହାର କରିଛି। ତେବେ ଆକ୍ରମଣ ପରେ ପରମାଣୁ କେନ୍ଦ୍ରରୁ କୌଣସି ବିକିରଣ ହୋଇନାହିଁ ବୋଲି ଇରାନ ପକ୍ଷରୁ କୁହାଯାଇଛି। ଏହି ଅଭିଯାନ ପାଇଁ ବି-୨ ବମ୍ବର୍ସ ଅନବରତ ୩୭ ଘଣ୍ଟା ପର୍ଯ୍ୟନ୍ତ ଉଡ଼ାଣ କରିଥିଲା। ସିଧାସଳଖ ଲକ୍ଷ୍ୟ ସ୍ଥଳରେ ପହଞ୍ଚି ଇରାନର ପରମାଣୁ କେନ୍ଦ୍ର ଉପରେ ବଙ୍କର ବଷ୍ଟର ମାଡ଼ କରିଥିଲା। ଆମେରିକା ରାଷ୍ଟ୍ରପତି ଏହି ସୂଚନା ଦେଇଛନ୍ତି। ଆମେରିକାର ମିସୋରିରୁ ବି-୨ ବିମାନ ଉଡ଼ାଣ ଆରମ୍ଭ କରିଥିଲା। ଏହା ଲକ୍ଷ୍ୟଭେଦ କରିବା ପୂର୍ବରୁ ୩୭ ଘଣ୍ଟାର ଯାତ୍ରା କରିଥିଲା। ଆକାଶ ମାର୍ଗରେ ଇନ୍ଧନ ଭର୍ତ୍ତି କରି ଏହି ଅଭିଯାନକୁ ସଫଳତାର ସହ ଶେଷ କରିଥିଲା। ପ୍ରାୟ ୨ ବିଲିୟନ ଡଲାର (୧, ୭୩, ୧୬, ୬୦, ୨୦, ୪୦୦ ଟଙ୍କା) ମୂଲ୍ୟର ଏହି ଉନ୍ନତ ଲଢୁଆ ବିମାନ ମିସୋରିରୁ ଇରାନ ଏବଂ ପୁଣି ଆମେରିକା ଫେରିବା ପର୍ଯ୍ୟନ୍ତ ୧୧, ୪୦୦ କିମି ପଥ ଅତିକ୍ରମ କରିଥିଲା। ଆକ୍ରମଣ ଦ୍ୱାରା ଫରଦୋରେ ୬ଟି ବଡ଼ ଖାଲ ହୋଇଯାଇଛି। ମାକ୍ସାର ଟେକ୍ନୋଲୋଜି ପାଖରୁ ଏହାର ଫଟୋ ଜାରି କରାଯାଇଛି। ଏହାର ଆଖପାଖରେ ମାଟି ଧସି ଯାଇଥିବା ମଧ୍ୟ ଦେଖିବାକୁ ମିଳୁଛି।

ଫରଦୋ ଠିକଣାରେ ୬ଟି ବଙ୍କର ବଷ୍ଟର ତଥା ଜିବିୟୁ-୫୭ ମାସିଭ ଅର୍ଡନାନ୍ସ ପେନେଟ୍ରେଟର (ଏମଓପି) ବୋମା ମାଡ଼ କରାଯାଇଥିଲା। ସେହିପରି ୩୦ ଟମ୍‌ହକ୍ କ୍ଷେପଣାସ୍ତ୍ର ମଧ୍ୟ ଆକ୍ରମଣ କରାଯାଇଥିଲା। ଅନ୍ୟ ଏକ ରିପୋର୍ଟରେ ଆମେରିକା ୧୨ଟି ବଙ୍କର ବଷ୍ଟର ବୋମା ମାଡ଼ କରିଥିବା କୁହାଯାଇଛି। ଆମେରିକାର ଜଏଣ୍ଟ ଚିଫ୍ ଅଫ୍ ଷ୍ଟାଫ ଜେନେରାଲ ଡାନ କେନ କହିଛନ୍ତି ଯେ ଆକ୍ରମଣରେ ୭ଟି ବି-୨ ବିମାନ ସାମିଲ ଥିଲା। ଏହି ବିମାନ ଫର୍ଦୋ ଏବଂ ନତାଞ୍ଜରେ ପ୍ରାୟ ୧୪ ହଜାର କେଜିର ବୋମା ପକାଇ ଥିଲା। କିନ୍ତୁ ଇସ୍‌ଫାହନରେ ଟମ୍‌ହକ୍ ମିସାଇଲ ମାଡ଼ କରାଯାଇଥିଲା। ଏହି ଅଭିଯାନ ପାଇଁ ଧୋକାର ରଣନୀତି ଆପଣା ଯାଇଥିଲା। କିଛି ବୋମାବର୍ଷୀ ବିମାନକୁ ପ୍ରଶାନ୍ତ ମହାସାଗର ଅଭିମୁଖେ ପଠା ଯାଇଥିଲା। ଏହା ମାଧ୍ୟମରେ ଇରାନକୁ ଭୁଆଁ ବୁଲା ଯାଇଥିଲା। ସେହିଦିଗରୁ ଆକ୍ରମଣ ହେବ ବୋଲି ଇରାନ ଭାବିଥିଲା। କିନ୍ତୁ ଅନ୍ୟ ଦିଗରୁ



ଆମେରିକା ଆକ୍ରମଣ କରିଥିଲା। ୨୦୦୧ ସେପ୍ଟେମ୍ବର ୧୧ ପରଠାରୁ ଏହା ସବୁଠୁ ବଡ଼ ବି-୨ ମିସନ ଥିଲା। ଏହି ଅଭିଯାନକୁ ଅତ୍ୟନ୍ତ ଗୁପ୍ତ ରଖାଯାଇଥିଲା। କିଛି ନିର୍ଦ୍ଦିଷ୍ଟ ସେନା ଅଧିକାରୀଙ୍କୁ ଏହି ସୂଚନା ଦିଆଯାଇଥିଲା। ଅନ୍ୟପଟେ ଆମେରିକା ଦିନକ ପୂର୍ବରୁ ଆକ୍ରମଣ ବିଷୟରେ ଇରାନକୁ ସୂଚନା ଦେଇଥିଲା ବୋଲି କୁହାଯାଉଛି। ଅମବାଜ ମିଡିଆ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଜଣେ ବରିଷ୍ଠ ଅଧକାରୀ କହିଛନ୍ତି ଯେ ଆକ୍ରମଣ ପୂର୍ବରୁ ଆମେରିକା ଆଡଭାନ୍ସ ନୋଟିସ ପଠାଇ ଥିଲା। ନାମ ପ୍ରକାଶ ନ କରିବା ସର୍ତ୍ତରେ ଜଣେ ଅଧିକାରୀ କହିଛନ୍ତି ଯେ ଗତ ୨୧ ତାରିଖରେ ଟ୍ରମ୍ପ ପ୍ରଶାସନ ପକ୍ଷରୁ ଆକ୍ରମଣ ପାଇଁ ସୂଚନା ଦିଆଯାଇଥିଲା। ଇରାନ ସହ ଯୁଦ୍ଧ କରିବା ଆମେରିକାର ଉଦ୍ଦେଶ୍ୟ ନୁହେଁ ବୋଲି କୁହାଯାଇଥିଲା। କେବଳ ତିନୋଟି ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରାଯିବ ବୋଲି ସୂଚନା ଦିଆଯାଇଥିଲା।

ଆମେରିକା ଆକ୍ରମଣ କରିବ ବୋଲି ପୂର୍ବରୁ ଇରାନ ଜାଣିପାରି ଥିଲା। ଏଥିପାଇଁ ସତର୍କ ହୋଇ ଯାଇଥିଲା। ଆକ୍ରମଣ ପୂର୍ବରୁ ଇରାନ ଫର୍ଦୋ ପରମାଣୁ କେନ୍ଦ୍ରରେ ଥିବା ଅଧିକାଂଶ ୟୁରାନିୟମକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତର କରି ଦେଇଥିଲା। ଇରାନର ମେହର ନ୍ୟୁଜ୍ ଏଜେନ୍ସି ସୂତ୍ରକୁ ଏହି ସୂଚନା ମିଳିଛି। ଇସ୍ରାଏଲ ସହିତ ବଢୁଥିବା ଉତ୍ତେଜନାକୁ ଦୃଷ୍ଟିରେ ରଖି ଇରାନ ସରକାର ଏହି ପଦକ୍ଷେପ ନେଇଥିଲେ। ତେବେ ଏହି ୟୁରାନିୟମ କେଉଁଠାକୁ ନିଆଯାଇଛି ତାହାର କୌଣସି ସୂଚନା ଦିଆଯାଇ ନାହିଁ।



### ବଙ୍କର ବଷ୍ଟର କ'ଣ

ଜିବିୟୁ ତଥା ବଙ୍କର ବଷ୍ଟର ତଥା ଏମଓପି ଭାବେ ପରିଚିତ ଏହି କ୍ଷେପଣାସ୍ତ୍ରର ଲମ୍ବ ୨୦.୭ ଫୁଟ। ଏଥିରେ ୪ଟି ଷ୍ଟାବିଲାଇଜର ଫିନ୍ସ, ୪ଟି ୱିଙ୍ଗ, ଲେଜର ସେନ୍‌ସର ଏବଂ ୱାର ହେଡ୍ ରହିଛି। ଏହାର ଓଜନ ପ୍ରାୟ ୧୪ ଟନ୍। ଏହା ୫,୩୪୨ ପାଉଣ୍ଡର ବିସ୍ଫୋରକ ନେଇପାରିବ। ଭୂତଳ ଭଣ୍ଡାର ଏବଂ କଠିନ ଲକ୍ଷ୍ୟକୁ ଭେଦ କରିବା ପାଇଁ ଏହି ବଙ୍କର ବଷ୍ଟରକୁ ଡିଜାଇନ କରାଯାଇଛି। ଏହା ୨୦୦ ଫୁଟ ତଳେ ଥିବା ଠିକଣାକୁ ମଧ୍ୟ ଧ୍ୱଂସ କରିଦେବ। ଏହି ବଙ୍କର ବଷ୍ଟରର ମୂଲ୍ୟ ୩.୫ ନିୟୁତ ଡଲାର ଅର୍ଥାତ୍ ୨୯ କୋଟି ଟଙ୍କା। ଏହା ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଅଣ ପରମାଣୁ ଅସ୍ତ୍ର। ଏହାକୁ ବୋଇଂ ଡିଜାଇନ କରିଥିଲା। ଉଚ୍ଚ କ୍ଷମତା ସମ୍ପନ୍ନ ଷ୍ଟିଲ ଏଲୟରେ ଏହାକୁ ପ୍ରସ୍ତୁତ କରାଯାଇଛି।

### ■ ବି-୨ ଷ୍ଟିଲ୍‌ଥ ବମ୍ବରର କ୍ଷମତା

ଏହି ବିମାନକୁ ଆମେରିକା ବାୟୁସେନାର ମେରୁଦଣ୍ଡ ଧରାଯାଏ। ବିଶ୍ୱର ପ୍ରମୁଖ ଶକ୍ତିଶାଳୀ ବିମାନ ମଧ୍ୟରୁ ଏହା ଅନ୍ୟତମ। ଅତ୍ୟାଧୁନିକ ଜ୍ଞାନକୌଶଳ ସହ ଏହାକୁ ଡିଜାଇନ କରାଯାଇଛି। ଏହାର ପର୍ଯ୍ୟବେକ୍ଷଣ କ୍ଷମତା ଅତ୍ୟନ୍ତ ତୀକ୍ଷଣ। ଯେକୌଣସି ଉଚ୍ଚତାରେ ଏହା ଉଡ଼ାଣ କରିବାକୁ ସକ୍ଷମ। ଏହା ସବୁଠାରୁ ଅତ୍ୟାଧୁନିକ ବାୟୁ ପ୍ରତିରକ୍ଷା ବ୍ୟବସ୍ଥାକୁ ମଧ୍ୟ ଭେଦ କରିଦେବ। ଏହା ଥରକେ ୧୧ ହଜାର କିମି ପର୍ଯ୍ୟନ୍ତ ଉଡ଼ାଣ କରିପାରିବ। ପୁଣି ଇନ୍ଧନ ଭର୍ତ୍ତି କରିବା ପରେ ୧୯ ହଜାର କିମି ପର୍ଯ୍ୟନ୍ତ ଉଡ଼ିପାରିବ। ଏହି ବିମାନ ଏକାଥରକେ ୨ଟି ବଙ୍କର ବଷ୍ଟର ବୋମା ନେଇ ଯାତ୍ରା କରିପାରିବ। କାରଣ ଏହି ବୋମାର ଓଜନ ପ୍ରାୟ ୩୦ ହଜାର ପାଉଣ୍ଡ ତଥା ୧୪ ଟନ୍ ହୋଇଥାଏ। ଅଧିକ ଓଜନର ହୋଇଥିବାରୁ ବି-୨ କେବଳ ୨ଟି ଏମଓପି ସହିତ ଅନ୍ୟ ଅସ୍ତ୍ରଶସ୍ତ୍ର ନେଇପାରିବ। ଏହି ବିମାନର ମୂଲ୍ୟ ୨ ବିଲିୟନ ଡଲାର ଅର୍ଥାତ୍ ପ୍ରାୟ ୧୭ ହଜାର କୋଟି ଟଙ୍କା। ଏହାର ଓଜନ ୭୧ ହଜାର କେଜି। ଏହା ୧.୭୧ ଲକ୍ଷ କେଜି ସହ ଉଡ଼ାଣ କରିବାରେ ସକ୍ଷମ। ଏହି ବିମାନରେ ଏଫ୧୧୮-ଜିଇ-୧୦୦ ଇଞ୍ଜିନ ଲାଗିଛି। ଏହା ୪୦ ହଜାର ପାଉଣ୍ଡର ପେଲୋଡ ନେଇ ଯେକୌଣସି ଲକ୍ଷ୍ୟକୁ ୨୪ ଘଣ୍ଟା ମଧ୍ୟରେ ନଷ୍ଟ କରିପାରିବ।

## ମୋଦୀଙ୍କ ସହ କଥା ହେଲେ ଇରାନ ରାଷ୍ଟ୍ରପତି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଆଣବିକ କେନ୍ଦ୍ର ଉପରେ ଆମେରିକା ଆକ୍ରମଣ କରିବା ପରେ ସାରା ବିଶ୍ୱରେ ଏ ନେଇ ତୀବ୍ର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଏ ନେଇ ଇରାନ ରାଷ୍ଟ୍ରପତି ମାସୁଦ୍ ପେଜେସକିଆନ୍‌ଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଇସ୍ରାଏ୍ ଓ ଇରାନ ମଧ୍ୟରେ ଚାଲିଥିବା ଯୁଦ୍ଧ କାରଣରୁ ସମ୍ପୂର୍ଣ୍ଣ ମଧ୍ୟପ୍ରାଚ୍ୟରେ ଅଶାନ୍ତି ଓ ଭୟର ବାତାବରଣ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ଯଥାଶୀଘ୍ର ସଂଘର୍ଷ କମ୍ କରିବା ସହ କଥାବାର୍ତ୍ତା ଓ କୂଟନୈତିକ ପ୍ରୟାସ ଜରିଆରେ ଶାନ୍ତି ପ୍ରତିଷ୍ଠା କରିବାକୁ ମୋଦୀ ମାସୁଦ୍‌ଙ୍କୁ କହିଥିଲେ। ସମ୍ପ୍ରତିକ ସ୍ଥିତି ନେଇ ଦୁଇ ଦେଶର ରାଷ୍ଟ୍ରମୁଖ୍ୟ ବିସ୍ତୃତ ଭାବେ ୪୫ ମିନିଟ୍ ଧରି କଥା ହୋଇଥିଲେ। ଏଥିପାଇଁ ମାସୁଦ୍ ମୋଦୀଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି। ଭାରତ ହେଉଛି ଇରାନ୍‌ର ମିତ୍ର ଏବଂ ଏହି ଅଞ୍ଚଳରେ ଶାନ୍ତି, ସ୍ଥିରତା ଓ ନିରାପତ୍ତା ଫେରାଇ ଆଣିବା ପାଇଁ ଭାରତର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଇରାନ୍ ରାଷ୍ଟ୍ରପତି କହିଥିଲେ।

## ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବ ରୁଷ!

ତେହରାନ , ୨୨।୬(ଏଜେନ୍ସି):

ଇରାନ ପରମାଣୁ କେନ୍ଦ୍ର ଉପରେ ଆମେରିକାର ଆକ୍ରମଣକୁ ରୁଷ ଓ ଚୀନ ବିରୋଧ କରିବା ସହିତ ଏହାର ଦୃଢ଼ ନିନ୍ଦା କରିଛନ୍ତି। ଆମେରିକାର ଏଭଳି ଆକ୍ରମଣ ମଧ୍ୟପ୍ରାଚ୍ୟରେ ପରିସ୍ଥିତିକୁ ବିଗାଡ଼ିଦେବ ବୋଲି ସେମାନେ ସତର୍କ କରାଇଛନ୍ତି। ରୁଷ ଏହି ଘଟଣାରେ ଉଦବେଗ ପ୍ରକାଶ କରିବା ସହିତ କହିଛି ଯେ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି। ରୁଷ ମଧ୍ୟ ଇରାନକୁ ପରମାଣୁ ଶକ୍ତି ଓ ଜ୍ଞାନକୌଶଳ ଯୋଗାଇବ ବୋଲି ରୁଷର ପୂର୍ବତନ ରାଷ୍ଟ୍ରପତି କହିଛନ୍ତି। ଇରାନକୁ ରୁଷ ପରମାଣୁ ଅସ୍ତ୍ର ଯୋଗାଇପାରେ ବୋଲି ସୂଚନା ମିଳିଛି।

**ଆକ୍ରମଣକୁ ଚୀନ୍, ଜାତିସଂଘର ନିନ୍ଦା**

ଚୀନ୍ ମଧ୍ୟ ଇରାନ ଉପ।।ରେ ଆକ୍ରମଣକୁ କଡ଼ା ନିନ୍ଦା କରିଛି। ଆମେରିକା ଅନ୍ତର୍ଜାତୀୟ ନିୟମ ଓ ଜାତିସଂଘ ନିୟମାବଳୀର ଉଲ୍ଲଂଘନ କରିଛି ବୋଲି ଚୀନ୍ ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର କହିଛନ୍ତି। ଏଥିସହ ମଧ୍ୟପ୍ରାଚ୍ୟରେ ଶାନ୍ତି ଫେରାଇ ଆଣିବା ଉପରେ ସେ ଗୁରୁତ୍ୱ ଦେଇଛନ୍ତି। ଯେତେଶୀଘ୍ର ସମ୍ଭବ ଇସ୍ରାଏଲ୍ ଅସ୍ତ୍ରବିରତି ଘୋଷଣା କରୁ ଓ ସାଧାରଣ ନାଗରିକଙ୍କ ସୁରକ୍ଷାକୁ ଗୁରୁତ୍ୱ ଦେବା ସହ କଥାବାର୍ତ୍ତା ଉପରେ ଗୁରୁତ୍ୱ ଦେଉ ବୋଲି ସେ କହିଛନ୍ତି। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁତରେସ୍ ନିନ୍ଦା କରିଛନ୍ତି। ଏହା ମଧ୍ୟପ୍ରାଚ୍ୟ ସମେତ ସାରା ବିଶ୍ୱରେ ଅନ୍ତର୍ଜାତୀୟ ଶାନ୍ତି ପ୍ରତିଷ୍ଠା ଓ ନିରାପତ୍ତା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଛି ବୋଲି ସେ କହିଛନ୍ତି। ବାହୁବଳ ତଥା ସାମରିକ ଶକ୍ତି ଦ୍ୱାରା କୌଣସି ସମସ୍ୟାର ସମାଧାନ ହୋଇନାହିଁ। ସମସ୍ୟା ଓ ମତପାର୍ଥକ୍ୟ ଦୂର କରିବ ପାଇଁ କୁଟନୈତିକ ପ୍ରୟାସ ଜାରି ରଖିବା ଉଚିତ। ସାରା ବିଶ୍ୱରେ ଶାନ୍ତି ହିଁ ଏକମାତ୍ର ଆଶା ହେବା ଉଚିତ। ସବୁ ଦେଶ ଅନ୍ତର୍ଜାତୀୟ ନିୟମକୁ ଅନୁସରଣ କରିବା ଉଚିତ। ଯୁଦ୍ଧ କେବେ କୌଣସି ସମସ୍ୟାର ସମାଧାନ ନୁହେଁ ବୋଲି ସେ କହିଛନ୍ତି।

ଇରାନର ପରମାଣୁ କେନ୍ଦ୍ର ଉପରେ ଆମେରିକା କରିଥିବା ଆକ୍ରମଣକୁ ପାକିସ୍ତାନ ନିନ୍ଦା କରିଛି। ଏହି ଆକ୍ରମଣ ଅନ୍ତର୍ଜାତୀୟ ଆଇନ ବିରୋଧୀ ବୋଲି କୁହାଯାଇଛି। ଇରାନର ଆତ୍ମରକ୍ଷା କରିବାର ସମ୍ପୂର୍ଣ୍ଣ ଅଧିକାର ରହିଛି। ପାକିସ୍ତାନର ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ଯେ ଜାତିସଂଘ ଚାର୍ଟର ଅନୁଯାୟୀ ସାର୍ବଭୌମତ୍ୱ ଏବଂ ଲୋକଙ୍କ ସୁରକ୍ଷା ପାଇଁ ଜବାବ ଦେବାର ଅଧିକାର ଇରାନର ରହିଛି। ପାକିସ୍ତାନ ଚେତାବନୀ ଦେଇଛି ଯେ ଯଦି ଉତ୍ତେଜନା ଆହୁରି ବୃଦ୍ଧି ପାଏ ତେବେ ଏହା କେବଳ ଏହି କ୍ଷେତ୍ର ନୁହେଁ, ବରଂ ସମଗ୍ର ବିଶ୍ୱକୁ ପ୍ରଭାବିତ କରିବ। ସାଉଦୀ ଆରବ ସମେତ ଅନେକ ଆରବ ରାଷ୍ଟ୍ର ସାଂପ୍ରତିକ ପରିସ୍ଥିତି ନେଇ ଚିନ୍ତା ପ୍ରକଟ କରିଛନ୍ତି। ସେମାନେ ପରିସ୍ଥିତି ଉପରେ ନଜର ରଖିଥିବା କହିଛନ୍ତି।

ଇରାନ ପରମାଣୁ ଠିକଣା ଉପରେ ଆକ୍ରମଣକୁ ନେଇ ଅନ୍ତର୍ଜାତୀୟ ଅଟୋମିକ ଏନର୍ଜି ଏଜେନ୍ସି (ଆଇଏଇଏ) ସୋମବାର ଜରୁରୀ ବୈଠକ ଡାକିଛି। ଆଇଏଇଏର ମୁଖ୍ୟ ରାଫେଲ ଗ୍ରୋସି ଏହି ସୂଚନା ଦେଇ କହିଛନ୍ତି ଯେ ଇରାନରେ ଜରୁରୀ ସ୍ଥିତି ଦେଖା ଦେଇଛି। ତେବେ ଇରାନର ଫରଦୋ, ନତାଞ୍ଜ ଏବଂ ଇସଫାହନ କେନ୍ଦ୍ରରୁ କୌଣସି ବିକିରଣ ହେଉ ନ ଥିବା କୁହାଯାଇଛି। ସ୍ଥିତି ଉପରେ ନଜର ରଖାଯାଇଛି।

## ଘରେ ପଶି ସ୍ୱାମୀଙ୍କୁ ଗୁଳି, ସ୍ତ୍ରୀ ଓ ପିଲାଙ୍କୁ ଅପହରଣ

ଭୋପାଳ, ୨୨।୬: ମଧ୍ୟପ୍ରଦେଶରେ ଛତରପୁର ଜିଲ୍ଲାରେ ରବିବାର ଏକ ଅଭାବନୀୟ ଘଟଣା ଘଟିଛି। ସ୍ୱଷ୍ଟ ଦିବାଲୋକରେ କେତେକ ଲୋକ ଘରେ ପଶି ଜଣେ ପୁରୁଷଙ୍କୁ ଗୁଳିମାରିବା ସହ ବନ୍ଧୁକ ଦେଖାଇ ତାଙ୍କ ପତ୍ନୀ ଓ ଦୁଇ ଝିଅ (୫ ଓ ୭ ବର୍ଷର)ଙ୍କୁ ଅପହରଣ କରି ନେଇଛନ୍ତି। ଏହି ଘଟଣାର ଭିଡିଓ ଇଣ୍ଟରନେଟ୍ ବେଶ୍ ଭାଇରାଲ ହୋଇଛି। ବିଜେପି ଶାସିତ ମଧ୍ୟପ୍ରଦେଶରେ ଏହି ଘଟଣା ଘଟିଥିବାରୁ ବିରୋଧୀ ଦଳଗୁଡିକ ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ନେଇ ପ୍ରଶ୍ନ ଉଠାଇଛନ୍ତି।

ପାଖାପାଖି ୧୨ ଜଣ ଲୋକ ହାତରେ ପିସ୍ତଲ, ବାଡ଼ି, ରଡ୍ ଧରି ହରିରାମ ପାଲଙ୍କ ଘରେ ପଶିଥିଲେ। ଏକ ଏସ୍‌ୟୁଭି କାର ଓ ଏକାଧିକ ମଟର ସାଇକଲ ଚଢ଼ି ଅଭିଯୁକ୍ତମାନେ ହରିରାମଙ୍କ ଘରେ ପଶି ତାଙ୍କୁ ଗୁଳି ମାରିଥିଲେ ଓ ପରିବାର ସଦସ୍ୟଙ୍କୁ ଧକ୍କା ମାରିଥିଲେ। ହରିରାମ ଗୁରୁତର ଭାବେ ଆହତ ହୋଇଥିଲେ। ତାଙ୍କୁ ଜିଲ୍ଲା ହସ୍ପିଟାଲରେ ଭର୍ତ୍ତି କରାଯାଇଛି ଓ ତାଙ୍କ ସ୍ଥିତି ସଙ୍କଟାପର୍ଣ୍ଣ ବୋଲି କୁହାଯାଇଛି। ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ସଞ୍ଜୀୟ ସିଂ ରାଜପୁତ ସେହି ଗ୍ରାମର ବୋଲି ପୁଲିସ କହିଛି। ସଞ୍ଜୀୟର ନେତୃତ୍ୱରେ ୧୦ରୁ ୧୫ ଜଣ ଲୋକ ଏହି କାଣ୍ଡ ଘଟାଇଛନ୍ତି। ବ୍ୟକ୍ତିଗତ ଶତ୍ରୁତା କାରଣରୁ ସଞ୍ଜୀୟ ଏହି କାଣ୍ଡ ଭିଆଇଛି ବୋଲି କୁହାଯାଉଛି।

ଏନେଇ ଅଧିକ ତଦନ୍ତ ହେଲେ ଆହୁରି ତଥ୍ୟ ସାମ୍ନାକୁ ଆସିବ। ଏପର୍ଯ୍ୟନ୍ତ ୫ ଜଣଙ୍କୁ ଗିରଫ କରାଯାଇଛି ବୋଲି ପୁଲିସ କହିଛି। ଏହି ମାମଲାରେ ୯ ଜଣ ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ୍) ଧାରା ୧୧ ଅନୁସାରେ ମାମାଲା ରୁଜୁ କରାଯାଇଛି। ଅପହରଣ ଓ ହତ୍ୟା ଉଦ୍ୟମ ଧାରା ସାମିଲ ରହିଛି। ୮ ଜଣ ଅଭିଯୁକ୍ତଙ୍କ ପରିଚୟ ଏପର୍ଯ୍ୟନ୍ତ ଜଣାପଡିନାହିଁ।

## ଜମିଜମା ବିବାଦ: ବାପାକୁ କାଠଫାଳିଆରେ ପିଟି ହତ୍ୟା

ନୂଆପଡ଼ା,୨୨।୬(ସମିସ): ନୂଆପଡ଼ା ଜିଲ୍ଲା ବେଲଟୁକୁରି ଥାନା କୁରୁମୁଣ୍ଡା ଗାଁ (ଚିରାପଡ଼ା)ରେ ଶନିବାର ଏକ ଅଭାବନୀୟ ଅଘଟଣ ଘଟିଛି। ଜମିଜମା ବିବାଦକୁ କେନ୍ଦ୍ର କରି କାଠଫାଳିଆରେ ପିଟି ବାପାକୁ ହତ୍ୟା କରିଛି ପୁଅ। ମୃତକ ହେଲେ, ପବନ ବରିହା (୬୦)। ଏହିଘଟଣାରେଆଜିପୁଲିସ୍ଅଭିଯୁକ୍ତତୁଳାରାମବରିହା(୩୫)କୁଗିରଫକରିକୋର୍ଟଚାଲାଣ




କରିଛି। ବାପା-ପୁଅ ଏକାଠି ମଦ ପିଇ ମାତାଲ ହେବା ପରେ ଏହି ଘଟଣା ଘଟିଥିଲା। ପବନଙ୍କୁ ହତ୍ୟା କରିବା ପରେ ତୁଳାରାମ ତାଙ୍କୁ କ୍ଷେତରେ ଫିଙ୍ଗି ଦେଇଥିଲା। ନୂଆପଡ଼ା ଏସ୍‌ପି ଜିଆର ରାଘବେନ୍ଦ୍ର ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ପୁଲିସ୍ ପବନଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।

ପବନଙ୍କ ୩ପୁଅ ଦିରବଲ, ଡିଲେଶ୍ୱର ଏବଂ ତୁଳାରାମଙ୍କ ମଧ୍ୟରୁ ଦିରବଲ ଏବଂ ଡିଲେଶ୍ୱର ଛତିଶଗଡ଼ରେ ନିଜ ନିଜ ଶଶୂର ଘରେ ରହୁଛନ୍ତି। ପବନ ତାଙ୍କ ସ୍ତ୍ରୀ ଏବଂ ନାତୁଣୀଙ୍କ ସହ ତୁଳାରାମଙ୍କ ସହ ଗାଁରେ ରହୁଥିଲେ। ୨ବର୍ଷ ହେବ, ଜମିବିକ୍ରିକୁ ନେଇ ବାପ-ପୁଅଙ୍କ ମଧ୍ୟରେ କଳହ ଲାଗି ରହୁଥିଲା। ସେବେଠାରୁ ପବନ ନିକଟସ୍ଥ ଆମୋଦି ଗାଁରେ ନିଜର ଜଣେ ସଂପର୍କୀୟ ଘରେ ଲୁଚି ରହୁଥିଲେ। ଗତ ଅକ୍ଟୋବରରେ ସ୍ତ୍ରୀ, ନାତୁଣୀ ସହ ପବନ ଦାଦନ ଖଟିବାକୁ ଉତ୍ତରପ୍ରଦେଶ ଯାଇଥିଲେ। ୩ ଦିନ ତଳେ ସେମାନେ ଘରକୁ ଫେରିଥିଲେ। ଶନିବାର ପବନ କୁରୁମୁଣ୍ଡା ଗାଁକୁ ଆସିଥିବା ବେଳେ ବାପ-ପୁଅ ଭେଟ ହୋଇଥିଲେ। ପରେ ଉଭୟ ଗାଁ ନିକଟ ନିଜ ଜମି ପାଖରେ ଏକାଠି ବସି ମଦ ପିଇଥିଲେ। ପରେ ନିଶାସକ୍ତ ଅବସ୍ଥାରେ ଜମିଜମା ବିକ୍ରିକୁ ନେଇ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ରାଗିଯାଇ ତୁଳାରାମ ତାଙ୍କ ବାପା ପବନଙ୍କୁ ନିଜ କ୍ଷେତକୁ ଟାଣି ନେଇଥିଲେ। ସେଠାରେ ଏକ କାଠ ଫାଳିଆରେ ନିର୍ଘାତ ମାଡ଼ ମାରିଥିଲେ। ଫଳରେ ପବନ ସେହିଠାରେ ହିଁ ଟଳି ପଡ଼ିଥିଲେ। ପରେ ତୁଳାରାମ ଘରକୁ ଯାଇ ବାପାଙ୍କୁ ହତ୍ୟା କରି ଫିଙ୍ଗି ଦେଇଥିବା ତା' ମା'କୁ କହିଥିଲା। ଏପରିକି, ବାପା ମରି ଯାଇଥିବାରୁ ମା'କୁ ଚୁଡ଼ି ଭାଙ୍ଗିବାକୁ କହିଥିଲା। କିନ୍ତୁ ଏହି ଘଟଣାକୁ ମା' ସହଜରେ ବିଶ୍ୱାସ କରି ନଥିଲେ। ହେଲେ ପରେ ଗାଁରେ କଥା ପ୍ରଘଟ ପରେ ହୋଇଥିଲା। ବିଳମ୍ବିତ ରାତିରେ ପୁଲିସ ଖବର ପାଇଥିଲା। ରବିବାର ସକାଳେ ବେଲଟୁକୁରୀ ଥାନାଧିକାରୀ ସୂର୍ଯ୍ୟକାନ୍ତୀ ଦାସଙ୍କ ନେତୃତ୍ୱରେ ପୁଲିସ ଟିମ୍ ଗାଁରେ ପହଞ୍ଚି ଶବ ଜବତ କରିବା ସହ ଅଭିଯୁକ୍ତ ପୁଅକୁ ଗିରଫ କରିଥିଲା।

## ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା

ତୁରେକେଲା, ୨୨।୬ (ସମିସ): ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା। ବଲାଙ୍ଗିର ଜିଲ୍ଲା ତୁରେକେଲା ଥାନା ଖୁଜେନଗାଁରେ ଏଭଳି ଏକ ଘଟଣା ଘଟିଛି। ମୃତକ ହେଲେ, ସେହି ଗାଁର ତୁଳାରାମ ଜାନି। ସାଇଣ୍ଟିଫିକ୍ ଟିମ୍ ସହାୟାତରେ ପୁଲିସ୍ ଘଟଣାସ୍ଥଳରେ ତଦନ୍ତ କରିବା ସହ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏହାସହ ନମ୍ବର ୧୬୩/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତ ପୁତୁରା ଡିଙ୍ଗର ଜାନିକୁ ଗିରଫ କରି କୋର୍ଟଚାଲାଣ କରିଛି। କୋର୍ଟରେ ତା'ର ଜାମିନ୍ ନାମଞ୍ଜୁର ହୋଇଯିବାରୁ ତାକୁ ବିଚାର ବିଭାଗୀୟ ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁସାରେ, କିଛି ଦିନ ତଳେ ଡିଙ୍ଗରର ବାପାଙ୍କ ଅସ୍ୱାଭାବିକ ମୃତ୍ୟୁ ହୋଇଥିଲା। ତେବେ, ଦୁଇ ପରିବାର ମଧ୍ୟରେ ଜମିବାଡ଼ିକୁ ନେଇ ଲାଗି ରହିଥିବା ବିବାଦରୁ ତୁଳାରାମ ହିଁ ତା' ବାପାଙ୍କୁ ଗୁଣିଗାରେଡ଼ି କରି ମାରିଦେଇଥିବା ଡିଙ୍ଗର ସନ୍ଦେହ କରିଥିଲା। ତେଣୁ ସେ ତୁଳାରାମଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲା। ପ୍ରବଳ ଗରମ ଯୋଗୁଁ ଶନିବାର ରାତିରେ ତୁଳାରାମ ଘର ବାହାରେ ଶୋଇଥିଲେ। ରାତି ପ୍ରାୟ ୧୦ଟା ବେଳେ ଡିଙ୍ଗର ତାଙ୍କ ଗଳା କାଟି ଦେଇଥିଲା। ରକ୍ତ ଜୁଡୁବୁଡୁ ଅବସ୍ଥାରେ ତୁଳାରାମ କବାଟ ବାଡ଼େଇ ଘର ଭିତରେ ଶୋଇଥିବା ସ୍ତ୍ରୀ ଏବଂ ଝିଅକୁ ଉଠାଇଥିଲେ। ପରିବାରଲୋକ ତୁରନ୍ତ ତାଙ୍କୁ ତୁରେକେଲା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତକଙ୍କ ପରିବାର ପକ୍ଷରୁ ତୁରେକେଲା ଥାନାରେ ଅଭିଯୋଗ ହେବା ପରେ ପୁଲିସ୍ ତୁଳାରାମଙ୍କ ୪ପୁତୁରାଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରିଥିଲା। ତଦନ୍ତ ବେଳେ ଡିଙ୍ଗର୍ ହିଁ ଏହି ହତ୍ୟାକାଣ୍ଡ ଭିଆଇଥିବା ପୁଲିସ୍ ଜାଣିବାକୁ ପାଇଥିଲା। ସେପଟେ ତୁଳାରାମଙ୍କ ମୃତ୍ୟୁ ପରେ ତାଙ୍କ ସ୍ତ୍ରୀ ଓ ଝିଅ ବେସାହାରା ହୋଇପଡ଼ିଛନ୍ତି।

## ଟ୍ରକ୍ ଧକ୍କାରେ ସ୍କୁଟି ଚାଳକ ମୃତ

ରାଉରକେଲା, ୨୨।୬ (ସମିସ): ରାଜଗାଙ୍ଗପୁର ଥାନା ଅନ୍ତର୍ଗତ ଲାଇଙ୍ଗ ଛକରେ ରବିବାର ଏକ ଟ୍ରକ୍ ଧକ୍କାରେ ଜଣେ ସ୍କୁଟି ଚାଳକଙ୍କ ମୃତ୍ୟୁ ହୋଇଛି। ଏଥିରେ ଆଉ ଜଣେ ଗୁରୁତର ଆହତ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି। ମୃତକ ହେଲେ, ସୁକାନ୍ତ ତୁଙ୍ଗତୁଙ୍ଗ (୩୫)। ସେ ଲାଇଙ୍ଗ ଅନ୍ତର୍ଗତ ବରପାଲି ବସ୍ତିରେ ରହୁଥିଲେ। କାଂଶବାହାଲ ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଦୁର୍ଘଟଣା ଘଟାଇଥିବା ଟ୍ରକ୍‌କୁ ପୁଲିସ ଜବତ କରିଛି।





ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଭୁବନେଶ୍ୱର ଶ୍ରୀ ଲିଙ୍ଗରାଜ ମନ୍ଦିର ଓ ଯାଜପୁର ବିରଜା ମନ୍ଦିରରେ ପୂଜାର୍ଚ୍ଚନା

## ଅସୁରକ୍ଷିତ ଓଡ଼ିଶା: ଅନ୍ତର୍ଜାତୀୟ ଲଜ୍ଜା ରାଜ୍ୟର ବର୍ଷକର ଉପଲବ୍ଧି

- ଓଡ଼ିଶାର ନାଁ ବିଶ୍ୱଦରବାରରେ ଭୂଲୁଣ୍ଠିତ : ଅରୁଣ
- ଗାଦି ଛାଡ଼ନ୍ତୁ ଓଡ଼ିଶାର ବିଜେପି ସରକାର: ତାରା

ଭୁବନେଶ୍ୱର,୨୨।୬(ସମିସ): ସାରା ଦେଶ ଓ ବିଶ୍ୱରେ ଶାନ୍ତିପ୍ରିୟ ରାଜ୍ୟ ଭାବେ ଏକଦା ସମ୍ମାନ ଅର୍ଜନ କରିଥିବା ଓଡ଼ିଶା ଏବେ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ । ନିଜ ନାଗରିକମାନଙ୍କୁ ଓଡ଼ିଶା ନ ଯିବା ପାଇଁ ଆମେରିକା ବାରଣ କରିବା ପରେ ରାଜ୍ୟବାସୀଙ୍କ ପାଇଁ ଲଜ୍ଜାଜନକ ପରିସ୍ଥିତି ସୃଷ୍ଟି ହୋଇଛି । ବିହାର, ପଶ୍ଚିମବଙ୍ଗ ପରି ଓଡ଼ିଶାର ଆଇନଶୃଙ୍ଖଳା ପରିସ୍ଥିତି ଏକପ୍ରକାର ଭୁଶୁଡ଼ି ପଡ଼ିଛି ଏବଂ ଦୁଷ୍କର୍ମ ଘଟଣା ଦୃତଗତିରେ ବୃଦ୍ଧି ପାଉଥିବା ଦର୍ଶାଇ ଆମେରିକା ବୈଦେଶିକ ମନ୍ତ୍ରଣାଳୟ ଓଡ଼ିଶା ସହ ୬ ଭାରତୀୟ ରାଜ୍ୟ ନ ଯିବାକୁ ନିଜ ନାଗରିକମାନଙ୍କୁ ପରାମର୍ଶ ଦେଇଛି। ଓଡ଼ିଶାକୁ ନେଇ ଆମେରିକାର ଏଭଳି ଟିପ୍ପଣୀ ପରେ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି ବିରୋଧୀ ବିଜେଡି ଓ କଂଗ୍ରେସ। ବିଜେପି ସରକାର କ୍ଷମତା ଦଖଲର ମାତ୍ର ବର୍ଷକ ମଧ୍ୟରେ ଓଡ଼ିଶାକୁ ଆନ୍ତର୍ଜାତୀୟସ୍ତରରେ ଲଜ୍ଜିତ କରିଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ବିଜେଡି ବରିଷ୍ଠ ବିଧାୟକ ଡଃ ଅରୁଣ ସାହୁ କହିଛନ୍ତି ଯେ ରାଜ୍ୟରେ ଆଇନ୍‌ଶୃଙ୍ଖଳା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ମହିଳାମାନେ ଅତ୍ୟାଚାର ଓ ବଳାତ୍କାରର ଶିକାର ହେଉଛନ୍ତି। ରାଜ୍ୟରେ ପ୍ରତିଦିନ ମୁଣ୍ଡ ଗଡୁଛି। ନବୀନ ସରକାରଙ୍କ ସମୟରେ ନକ୍ସଲ ଆକ୍ରମଣକୁ ଦମନ କରାଯାଇଥିବା ବେଳେ ଏବେ ଏହା ମୁଣ୍ଡ ଟେକୁଛି। ସମସ୍ତ କଥାକୁ ନେଇ ଆମେରିକା ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ଏଭଳି ଘଟଣା ଦ୍ୱାରା ଓଡ଼ିଶା ବିଶ୍ୱଦରବାରରେ





ଯେଉଁ ନାଁ କରିଥିଲା, ତାହା ଏବେ ଭୂଲୁଣ୍ଠିତ ହୋଇଛି। ଆନ୍ତର୍ଜାତୀୟସ୍ତରରେ ଓଡ଼ିଶା ଲଜ୍ଜିତ ହୋଇଛି। ରାଜ୍ୟ ସରକାରଙ୍କ ସତ୍‌ସାହସ ଥିଲେ ସେମାନେ ଟ୍ରମ୍ପଙ୍କୁ ଜୋର୍‌ଦାର ବିରୋଧ କରନ୍ତୁ; ମାତ୍ର ଏମାନେ ତାହା କରିପାରିବେ ନାହିଁ ବୋଲି ଡଃ ସାହୁ କହିଛନ୍ତି। ଓଡ଼ିଶା ଏବେ ଅଧୋଗତି ଆଡ଼କୁ ଯାଉଛି। ଆମେ ଯାହା କହିଥିଲୁ, ଏବେ ସେଇଆ ଘଟୁଛି। ସରକାର ଏ ଘଟଣାରେ ତୁରନ୍ତ ପ୍ରତିକାର ନ କଲେ ଆଗକୁ ଭୟାନକ ଆନ୍ଦୋଳନ ହେବ ବୋଲି ଡଃ ସାହୁ କହିଛନ୍ତି। ଗୋପାଳପୁର ଏକ ଆନ୍ତର୍ଜାତିକ ପର୍ଯ୍ୟଟନ କ୍ଷେତ୍ର। ଗୋପାଳପୁର ଗଣଦୁଷ୍କର୍ମ ଏଭଳି ଘଟଣା ପାଇଁ ଖୋରାକ୍ ଯୋଗାଇଛି ବୋଲି ସେ କହିଛନ୍ତି।

ଓଡ଼ିଶା ଆନ୍ତର୍ଜତୀୟ ସ୍ତରରେ ନିନ୍ଦିତ ହେବା ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହୀନିପତି ସରକାରଙ୍କୁ କଡ଼ା ଭର୍ତ୍ସନା କରିଛନ୍ତି। ସେ କହିଛନ୍ତି ଯେ ଓଡ଼ିଶା ପାଇଁ ଏହା ଏକ ଲଜ୍ଜାଜନକ ଘଟଣା। କଂଗ୍ରେସ ପୂର୍ବରୁ ମହିଳା ସୁରକ୍ଷା ନେଇ ବିଧାନସଭାରେ ପ୍ରଶ୍ନ ଉଠାଇଛି। ଏଭଳି କାମ ପାଇଁ ସରକାର ମତେ ଦୁଇ ଥର ନିଲମ୍ବନ କରିଛନ୍ତି। ମହିଳାମାନେ ଓଡ଼ିଶାରେ ସୁରକ୍ଷିତ ନୁହଁନ୍ତି ବୋଲି କଂଗ୍ରେସ କରିଥିବା ଅଭିଯୋଗ ଏବେ ସତ୍ୟ ବୋଲି ପ୍ରମାଣିତ ହୋଇଛି। ଆମେରିକା ଓଡ଼ିଶାକୁ ନେଇ ଏଭଳି ମନ୍ତବ୍ୟ ଦେବା ପରେ ସରକାରରେ ରହିବା ପାଇଁ ତାଙ୍କର ଆଉ କୌଣସି ନୈତିକତା ନାହିଁ। ରାଜ୍ୟର ମନ୍ତ୍ରୀମାନେ ଓ ମୁଖ୍ୟମନ୍ତ୍ରୀଙ୍କର ନିଜସ୍ୱ ବୋଲି ଦାୟିତ୍ୱ ନାହିଁ। ଏମାନେ ସମସ୍ତ ଦାୟିତ୍ୱହୀନ ଲୋକ। ସେମାନେ ଇସ୍ତଫା ଦେଇ ଗାଦି ଛାଡ଼ିବା ଦରକାର ବୋଲି ଶ୍ରୀ ବାହିନିପତି କହିଛନ୍ତି।

ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଅକସ୍ମାତ ଭାବେ ଦୁଷ୍କର୍ମ ବଢ଼ିଛି। ବର୍ତ୍ତମାନ ରାଜ୍ୟରେ ଦୈନିକ ହାରାହାରି ୧୫ ଟି ଦୁଷ୍କର୍ମ ହେଉଛି। ଏହାସହିତ ଆଇନ୍‌ଶୃଙ୍ଖଳା ସ୍ଥିତି ମଧ୍ୟ ଭୁଶୁଡ଼ି ପଡ଼ିଥିବା ପରିଲକ୍ଷିତ ହେଉଛି। ପ୍ରଧାନମନ୍ତ୍ରୀଙ୍କ ଗସ୍ତବେଳେ ଖୋଦ୍ ରାଜଧାନୀ ରାଜରାସ୍ତାରେ ଅପରାଧୀମାନେ ଖଣ୍ଡାରେ ହାଣି ମୁଣ୍ଡ ଗଡ଼ାଇ ଦେଉଛନ୍ତି। ଜଣେ ସେନା ଅଧିକାରୀ ଓ ତାଙ୍କ ବାନ୍ଧବୀଙ୍କୁ ପ୍ରଥମେ ରାଜଧାନୀ ରାଜରାସ୍ତାରେ ଅସଦାଚରଣ କରାଯିବା ଓ ପରେ ତାଙ୍କୁ ଥାନାରେ ଅକଥନୀୟ ନିର୍ଯ୍ୟାତନା ଦେବା ଖବର ସାରା ଦେଶରେ ଓଡ଼ିଶାର ଛବିକୁ ମଳିନ କରିଛି। ଏହି ଘଟଣା ମନରୁ ନ ଲିଭୁଣୁ ରାଜ୍ୟ ତଥା ଦେଶର ଏକ ପ୍ରମୁଖ ପର୍ଯ୍ୟଟସ୍ଥଳୀ ଗୋପାଳପୁର ବେଳାଭୂମିରେ ଜଣେ ଯୁବତୀଙ୍କୁ ୧୦ ଜଣ ଗଣବଳାତ୍କାର ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହି ସମୟରେ ନିଜ ନାଗରିକଙ୍କୁ ଓଡ଼ିଶା ନ ଯିବା ଲାଗି ଆମେରିକାର ପରାମର୍ଶ ରାଜ୍ୟ ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରିଛି ଓ ରାଜ୍ୟବାସୀଙ୍କୁ ଲଜ୍ଜିତ କରିଛି ।

## ୭ରୁ କଳାବ୍ୟାଜ୍ ପିନ୍ଧିବେ ଅମଲା

**୧୪ରୁ ଅନିର୍ଦ୍ଦିଷ୍ଟ କାଳଯାଏଁ କାର୍ଯ୍ୟବନ୍ଦ**

ଭୁବନେଶ୍ୱର, ୨୨।୬(ସମିସ): ଓଡ଼ିଶା ରାଜସ୍ୱ ଅମଲା ସଂଘର କାର୍ଯ୍ୟକାରିଣୀ ବୈଠକ ରେଡ୍‌କ୍ରସ୍ ଭବନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟର ୩୦ଟି ଜିଲ୍ଲାର ନେତୃବୃନ୍ଦ ଓ ରାଜ୍ୟ କାର୍ଯ୍ୟକାରିଣୀର ସମସ୍ତ ସଦସ୍ୟ/ସଦସ୍ୟା ଯୋଗ ଦେଇଥିଲେ। ଜିଲ୍ଲାସ୍ତରରେ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କର ଦାବିଗୁଡ଼ିକ ପ୍ରତି ରାଜ୍ୟ ସରକାରଙ୍କ ବୈମାତୃକ ମନୋଭାବ ସମ୍ବନ୍ଧରେ ବିସ୍ତୃତ ଆଲୋଚନା କରାଯାଇଥିଲା। ସମସ୍ତ ସଦସ୍ୟ/ସଦସ୍ୟାମାନେ ରାଜ୍ୟ ସରକାରଙ୍କର ମନୋଭାବକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ। ଏଥିପ୍ରତି ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ପୁନର୍ବାର କୌଣସି ଆଲୋଚନା ନକରି ସିଧାସଳଖ ଆନ୍ଦୋଳନାତ୍ମକ ପନ୍ଥା ଆପଣାଇବାକୁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ହୋଇଥିଲା। ଆଗାମୀ ୧୫ଦିନ ଭିତରେ ରାଜ୍ୟ ସରକାର ଦାବିଗୁଡ଼ିକ ପୂରଣ ନକଲେ ସଂଘ ଜୁଲାଇ ୭ରୁ ୧୧ ପର୍ଯ୍ୟନ୍ତ କଳାବ୍ୟାଜ୍ ପରିଧାନ କରିବ। ଏହାପରେ ବି ସରକାର ଉପରୋକ୍ତ ଦାବି ଉପରେ ପଦକ୍ଷେପ ନ ନେଲେ, ଜୁଲାଇ ୧୪ରୁ ସମ୍ପୂର୍ଣ୍ଣ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିବା ସଭାପତି ତ୍ରିପତି ବାଲାଜୀ ସାହୁ, ସାଧାରଣ ସମ୍ପାଦକ ନରେଶ ଚନ୍ଦ୍ର ମହାପାତ୍ର ଜଣାଇଛନ୍ତି। ଦାବିଗୁଡ଼ିକ ହେଲା, ଜିଲ୍ଲାସ୍ତରୀୟ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କ ମୂଳ ଦରମା ଓଆର୍‌ଏସ୍‌ପି-୨୦୧୭ ନିୟମ ଅନୁଯାୟୀ ଲେବେଲ-୯କୁ ବୃଦ୍ଧି, ନୂତନ ପଦ ସୃଷ୍ଟି ଓ ପଦବୀ ପୁନର୍ଗଠନ, କାର୍ଯ୍ୟରତ ସମସ୍ତ ସରକାରୀ କର୍ମଚାରୀଙ୍କୁ ବାର୍ଷିକ ୨୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଲାଗୁ, ୧୯୯୦ ମସିହାରେ ଲାଗୁ ନିୟମାବଳୀ ଅନୁଯାୟୀ ମୃତ ସରକାରୀ କର୍ମଚାରୀଙ୍କ ପରିବାରର ଯେକୌଣସି ଜଣେ ସଦସ୍ୟଙ୍କୁ ଯୋଗ୍ୟତା ଭିତ୍ତିରେ ନିଯୁକ୍ତି, ଓଡ଼ିଶା ରାଜସ୍ୱ ସେବା ପଦ୍ଧତିରେ ରାଜସ୍ୱ ଅମଲାମାନଙ୍କୁ ଶତପ୍ରତିଶତ ପଦୋନ୍ନତି ଇତ୍ୟାଦି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ସଂଘ ଅଧ୍ୟକ୍ଷ ଲୋକେଶ୍ୱର ସାହୁ, କାର୍ଯ୍ୟକାରୀ ଅଧ୍ୟକ୍ଷ ପ୍ରସନ୍ନ କୁମାର ନାୟକ, ରାଜ୍ୟ ସଂଘର କର୍ମକର୍ତ୍ତା ଏବଂ ସମସ୍ତ ଜିଲ୍ଲା ଶାଖାର ସଭାପତି ସମ୍ପାଦକ ସହିତ ସମସ୍ତ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

## ଜୁନ୍ ୩୦ରୁ ମାଟ୍ରିକ୍ ସପ୍ଲିମେଣ୍ଟାରୀ

**୯୮ କେନ୍ଦ୍ରରେ ପରୀକ୍ଷା ଦେବେ ୩୨୩୨ ପରୀକ୍ଷାର୍ଥୀ**

କଟକ, ୨୨।୬ (ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଆନୁକୂଲ୍ୟରେ ପରିଚାଳିତ ଦଶମ ଶ୍ରେଣୀ ସପ୍ଲିମେଣ୍ଟାରୀ ପରୀକ୍ଷା ଆସନ୍ତା ଜୁନ୍ ୩୦ ତାରିଖରୁ ଆରମ୍ଭ ହେବ। ଚଳିତ ବାର୍ଷିକ ପରୀକ୍ଷାରେ ଅକୃତକାର୍ଯ୍ୟ ହୋଇଥିବା ଏବଂ ପରୀକ୍ଷା ଦେଇପାରିନଥିବା ୩୨୩୨ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେବାକୁ ଫର୍ମପୂରଣ କରିଥିଲେ। ସେମାନଙ୍କ ନିମନ୍ତେ ୯୮ଟି କେନ୍ଦ୍ର ବ୍ୟବସ୍ଥା କରାଯାଇଛି। ଏହି ପରୀକ୍ଷା ଆସନ୍ତା ୩୦ରୁ ଆରମ୍ଭ ହୋଇ ଜୁଲାଇ ୧୦ ତାରିଖ ପର୍ଯ୍ୟନ୍ତ ଚାଲିବ। ଅନ୍ୟପକ୍ଷରେ ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରମାଣପତ୍ର ପରୀକ୍ଷା ନିମନ୍ତେ ୧୦୩ ପରୀକ୍ଷା କେନ୍ଦ୍ର ବ୍ୟବସ୍ଥା ରହିଛି। ପ୍ରାୟ ୧୦ ହଜାର ୮୦୯ ପରୀକ୍ଷାର୍ଥୀ ଉକ୍ତ ପରୀକ୍ଷା ଦେବେ। ଉଭୟ ପରୀକ୍ଷା ପାଇଁ ବୋର୍ଡ ୱେବସାଇଟ୍‌ରେ ପ୍ରବେଶ ପତ୍ର ଉପଲବ୍ଧ ଥିବା ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ସୂଚନା ଦେଇଛନ୍ତି।

## ନିଯୁକ୍ତି ଆବେଦନ ପାଇଁ ଲାଗିବ ଫି'

ଭୁବନେଶ୍ୱର,୨୨।୬(ସମିସ): ବିଭିନ୍ନ ନିଯୁକ୍ତି ପାଇଁ ଆବେଦନ କରିବାକୁ ଏଣିକି ନିର୍ଦ୍ଧାରିତ ଫି' ଦେବାକୁ ପଡ଼ିବ। ପରୀକ୍ଷା ଦେଉଥିବା ପରୀକ୍ଷାର୍ଥୀଙ୍କୁ ସେହି ଅର୍ଥ ଫେରସ୍ତ କରାଯିବ। ହେଲେ ପରୀକ୍ଷା ଦେଉ ନ ଥିବା ପରୀକ୍ଷାର୍ଥୀଙ୍କୁ ଆଉ ସେହି ଆବେଦନ ଫି' ଫେରସ୍ତ ମିଳବ ନାହିଁ। ଖାମଖିଆଲି ଭାବେ ଆବେଦନ କରୁଥିବା ଆଶାୟୀଙ୍କୁ ନିରୁତ୍ସାହିତ କରିବା ପାଇଁ ଏପରି ବ୍ୟବସ୍ଥା ଆଣିବାକୁ ନିଷ୍ପତ୍ତି ହୋଇଛି।

ଆବେଦନ ସତ୍ତ୍ୱେ ବହୁସଂଖ୍ୟ ଆଶାୟୀ ପରୀକ୍ଷା ଦେଉ ନାହାନ୍ତି। ଏନେଇ ମୁଖ୍ୟ ସଚିବଙ୍କ ଅଧ୍ୟକ୍ଷତାରେ ଗତ ମାର୍ଚ୍ଚ ୪ରେ ଅନୁଷ୍ଠିତ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି। ଏହାର ନିରାକରଣ ସମ୍ପର୍କରେ ବିଚାରବିମର୍ଶ ପରେ ଫି' ଲାଗୁ କରିବାକୁ ନିଷ୍ପତ୍ତି ହୋଇଛି। ରାଜ୍ୟରେ ନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)କୁ ମତାମତ ଓ ପ୍ରସ୍ତାବ ଦେବାକୁ ସାଧାରଣ ପ୍ରଶାସନ ଓ ସାଧାରଣ ବିଭାଗ ପକ୍ଷରୁ କୁହାଯାଇଛି। କେଉଁ ପରୀକ୍ଷା ପାଇଁ କେତେ ଟଙ୍କା ଫି' ଧାର୍ଯ୍ୟ କରାଯିବ ଏବଂ ଆବେଦନକାରୀଙ୍କୁ କିପରି ତାହା ଫେରସ୍ତ କରାଯିବ ସେନେଇ ଆସନ୍ତା ୨୪ ତାରିଖ ମଧ୍ୟରେ ଅବଗତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

ରେଲୱେ ବୋର୍ଡ ଓ ଏସ୍‌ଏସ୍‌ବି ପରି କେନ୍ଦ୍ର ସରକାରଙ୍କ ଅଧୀନସ୍ଥ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାଗୁଡ଼ିକ ଏପରି ନୀତି ଆପଣାଇଛନ୍ତି। ଫଳରେ ଖାମଖିଆଲି ଆବେଦନକାରୀଙ୍କ ସଂଖ୍ୟା ପ୍ରାୟତଃ ନଥାଏ। କାରଣ ପରୀକ୍ଷା ନଦେଲେ ସେମାନଙ୍କ ଫି' ଫେରସ୍ତ ମିଳିବ ନାହିଁ ବୋଲି ଜାଣିବା ପରେ ସେମାନେ ଆବେଦନ କରୁନାହାନ୍ତି। ନୂଆ ନିଷ୍ପତ୍ତି ଦ୍ୱାରା ଆବେଦନକାରୀଙ୍କ ସଂଖ୍ୟା କମିବ। ଫଳରେ ପରୀକ୍ଷାକେନ୍ଦ୍ର କମିବା ସହ ଗୋଟିଏ ସିଫ୍ଟରେ ମଧ୍ୟ ପରୀକ୍ଷା ପରିଚାଳନା ହୋଇପାରିବ। ସରକାରଙ୍କ ବ୍ୟୟଭାର କମିବା ସହ ତ୍ୱରିତ ବେଗରେ ପରୀକ୍ଷା ହୋଇପାରିବ ବୋଲି ଓପିଏସ୍‌ସି ଆଶାୟୀ ଅମ୍ରିତ୍ ପାଣିଗ୍ରାହୀ ପ୍ରକାଶ କରିଛନ୍ତି।

## ରଥଯାତ୍ରାକୁ ଜଗିବ ୨୭୫ ଏଆଇ କ୍ୟାମେରା

- ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା, ୧୦ ହଜାର ସୁରକ୍ଷା କର୍ମୀ
- ଜଳ, ସ୍ଥଳ ଓ ଆକାଶରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି

ପୁରୀ,୨୨।୬(ସମିସ): ଏଥର ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହି ଭିଡ଼ ଭିତରେ କୌଣସି ପ୍ରକାର ଅଘଟଣକୁ ଏଡ଼ାଇବା ସହ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ରବିବାର ଅନୁଷ୍ଠିତ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ସୂଚନା ପ୍ରଦାନ କରିଥିଲେ।

ସେ କହିଥିଲେ ଯେ ଭକ୍ତଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ ଏବଂ ଟ୍ରାଫିକ୍ ସୁପରିଚାଳନା ଉପରେ ପୁଲିସର ପ୍ରାଥମିକତା ରହିଛି। ଏଥର ରଥଯାତ୍ରା ଅବସରରେ ପୁରୀ-ଭୁବନେଶ୍ୱର, ପୁରୀ-କୋଣାର୍କ ଏବଂ ପୁରୀ-ବ୍ରହ୍ମଗିରି ରାସ୍ତା ସମେତ ସହରର ପ୍ରମୁଖ ଜାଗାରେ ୨୭୫ଟି ଏଆଇ କ୍ୟାମେରା ଲଗାଯାଉଛି। ତ୍ରୁଟିଶୂନ୍ୟ ରଥଯାତ୍ରା ପାଇଁ ଓଡ଼ିଶା ପୁଲିସ ଜାଗ୍ରତ ରହିଛି। ୩୬ଟି ପାର୍କିଂ ସ୍ଥାନ ଚିହ୍ନଟ କରାଯାଇଛି। କୌଣସି ପ୍ରକାର ଆତଙ୍କବାଦୀ କାର୍ଯ୍ୟକଳାପକୁ ମୁକାବିଲା ପାଇଁ କୁଇକ୍-ରିଆକ୍ସନ୍ ଟିମ୍ ଓ ଆଣ୍ଟି-ଟେରରିଷ୍ଟ ସ୍କ୍ୱାଡ୍ ମୁତୟନ ହେବେ। ଶ୍ରୀମନ୍ଦିର ସମ୍ମୁଖରେ ସଶସ୍ତ୍ର ସୁରକ୍ଷା କର୍ମୀ ରହିବେ। ଜଳ, ସ୍ଥଳ, ଆକାଶ ମାର୍ଗରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯିବ। ୧୦ ହଜାର ସୁରକ୍ଷା କର୍ମୀ ମୁତୟନ ହେବେ। ସମୁଦାୟ ଟ୍ରାଫିକ୍ ବ୍ୟବସ୍ଥା ୩ ଭାଗରେ ବିଭକ୍ତ କରାଯିବ। ଡ୍ରୋନ୍ ସହାୟତାରେ ଟ୍ରାଫିକ୍ ପରିଚାଳନା କରାଯିବ। ଏଥର ରଥଯାତ୍ରା ପାଇଁ ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ୩୯ଟି ଟ୍ରାଫିକ୍ ପୋଷ୍ଟ ରହିବ। ଏଆଇ କ୍ୟାମେରା ଓ ଡ୍ରୋନ୍ ବ୍ୟବହାର ଉପରେ ଗୁରୁତ୍ୱାରୋପ କରାଯାଇଛି। ନିଆଁ ଲାଗିବା, ଭିଡ଼ ନିୟନ୍ତ୍ରଣ ଓ ଗୁଜବ ରୋକିବା ପାଇଁ ପ୍ରୟାସ କରାଯିବ। ସମୁଦ୍ରରେ ତଟରକ୍ଷୀ ବାହିନୀ ପାଟ୍ରୋଲିଂ କରିବେ ବୋଲି ଡିଜିପି ଶ୍ରୀ ଖୁରାନିଆ କହିଛନ୍ତି।

## ବର୍ଷାରେ ଧୋଇଗଲା ଡାଇଭର୍ସନ୍ ରାସ୍ତା

**୪୯ ନମ୍ବର ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ**

ତେଲକୋଇ,୨୨।୬ (ସମିସ): କେନ୍ଦୁଝର ଜିଲ୍ଲା ତେଲକୋଇ କୁନ୍ତଳା ପୂର୍ତ୍ତ ବିଭାଗ ରାସ୍ତାର ଲୋକନାଥପୁର ନିକଟ ବାଉଁଶଯୋର ପୋଲର ଡାଇଭର୍ସନ୍ ରାସ୍ତା ଧୋଇଯାଇଛି। ଫଳରେ



ତେଲକୋଇ-ଜଗମୋହନପୁର, ତେଲକୋଇ-ଦେବଗଡ଼, ତେଲକୋଇ-ସମ୍ବଲପୁର ଏବଂ ତେଲକୋଇ-ରାଉରକେଲାକୁ ଯାତାୟାତ ବ୍ୟାହତ ହୋଇଛି। ଏପରିକି, ୪୯ ନମ୍ବର ଜାତୀୟ ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇପଡ଼ିଛି। ସେହିପରି ତେଲକୋଇ ବ୍ଲକ୍‌ର ଛାମୁଣ୍ଡା, ଜଗମୋହନପୁର, ବିଞ୍ଜବାହାଳ ଆଦି ପଞ୍ଚାୟତର ୨୦ରୁ ଅଧିକ ଗ୍ରାମ ବ୍ଲକ୍ ମୁଖ୍ୟାଳୟରୁ ବିଚ୍ଛିନ୍ନ ହୋଇପଡ଼ିଛି। ପୂର୍ତ୍ତ ବିଭାଗର ଦାୟିତ୍ୱହୀନତା ଏବଂ ନିମ୍ନମାନର କାମ ଯୋଗୁଁ ଏଭଳି ସମସ୍ୟା ଉପୁଜିଥିବା ଅଭିଯୋଗ ହୋଇଛି।

ସୂଚନାନୁଯାୟୀ, ରବିବାର ଭୋର୍‌ରେ ପ୍ରବଳ ବର୍ଷା ଯୋଗୁଁ ନାଳରେ ଅତ୍ୟଧିକ ଜଳ ପ୍ରବାହିତ ହୋଇଥିଲା। ଠିକାସଂସ୍ଥା ଡାଇଭର୍ସନ ରାସ୍ତାରେ ଅତି ସଙ୍କୁଚିତ ପୋଲ ନିର୍ମାଣ କରିଥିବାରୁ ପ୍ରବାହିତ ଜଳରେ ପୋଲ ଧୋଇ ଯାଇଥିଲା। ତେବେ ଶେଷ ଖବର ଲେଖା ହେବା ସୁଦ୍ଧା ଏପର୍ଯ୍ୟନ୍ତ ଏହାକୁ ମରାମତି କରାଯାଇନାହିଁ। ଫଳରେ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବସ୍ ଓ ଅନ୍ୟାନ୍ୟ ଗାଡ଼ି ସବୁ ଦୋବଲାପାଳ, ଛାମୁଣ୍ଡା ଦେଇ ଏକ ସଂକୀର୍ଣ୍ଣ ରାସ୍ତାରେ ବିପଦସଙ୍କୁଳ ଭାବେ ଯା'ଆସ କରୁଛନ୍ତି। ଜିଲ୍ଲା ପ୍ରଶାସନ ଏ ଦିଗରେ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଛନ୍ତି।

## ମଣ୍ଡିରେ ପଡ଼ିରହିଛି ହଜାର ହଜାର କ୍ୱିଣ୍ଟାଲ ଧାନ

କଲମପୁର,୨୨।୬(ସମିସ): କଳାହାଣ୍ଡି ଜିଲ୍ଲା କଲମପୁର ଅଞ୍ଚଳର ମଣ୍ଡିଗୁଡ଼ିକରେ ଧାନ ଉଠାଣ ହୋଇ ନ ପାରି ହଜାର ହଜାର କ୍ୱିଣ୍ଟାଲ ପଡି ରହିଛି। ବର୍ଷାକୁ ଦୃଷ୍ଟିରେ ରଖି ଚାଷୀ ଧାନ ବିକିବାକୁ ତରତର ହେଉଛି; ହେଲେ ଧାନ ଉଠୁନି। ଏଥି ମଧ୍ୟରେ କେତେକଙ୍କ ଟୋକନ ତାରିଖ ସରିଗଲାଣି। ଆଉ କେତେକଙ୍କ ଟୋକନ ତାରିଖ ସରିବାକୁ ବସିଛି। ଧାନର ଆର୍ଦ୍ରତାକୁ ନେଇ ୫ରୁ ୭ କେଜି କଟିଂ କରି ନେବାକୁ ଚାଷୀ ରାଜି ହୋଇଥିଲେ ମଧ୍ୟ ମିଲର୍ସ ଧାନ ଉଠାଇବାକୁ ରାଜି ହେଉନାହିଁ। ୧୨ କିଲୋ କଟିଂ ନ ହେଲେ ଧାନ କିଣିବେ ନାହିଁ ବୋଲି ମିଲର ଜିଦ୍ ଧରି ବସିଛନ୍ତି। ମଣ୍ଡିଗୁଡ଼ିକରେ ଏମିତି ଧାନ ଜମା ହୋଇଛି ଯେ, ଆଉ ମହଜୁଦ ରଖିବାକୁ ଜାଗା ମିଳୁନାହିଁ। ଏହାଫଳରେ ଚାଷୀ ରାସ୍ତା କଡରେ ଧାନ ଜମା କରି ରଖିବାକୁ ବାଧ ହୋଇଛି। ଚାଷୀ ଧାନ ବିକି ପାରି ନ ଥିବା ବେଳେ ଆଗକୁ ଚାଷ ପାଇଁ ସଜବାଜ ହେବା କଷ୍ଟକର ହୋଇ ପଡ଼ିଛି।

ଗତବର୍ଷ ଏହି ସମୟ ମଧ୍ୟରେ ପ୍ରାୟ ଧାନ ଉଠି ମଣ୍ଡି ବନ୍ଦ ହେବାକୁ ବସିଥିଲା। ଚଳିତ ବର୍ଷ ଅଧାଅଧି ଧାନ ମଧ୍ୟ ଉଠିନି। ଅନ୍ୟପକ୍ଷେ ଏବେ ଟାର୍ଗେଟ ସମସ୍ୟା ମଧ୍ୟ ମୁଣ୍ଡ ଟେକିଛି। କିଛି ଏଜେଣ୍ଟ କହିଛନ୍ତି ଯେ ଟାର୍ଗେଟଠାରୁ ଅଧିକ ଧାନ ଉଠି ସାରିଲାଣି। ତେଣୁ ବର୍ତ୍ତମାନ ପଡିଥିବା ଧାନ କେଉଁଠୁ ଆସିଛି ତାହା ସନ୍ଦେହ ସୃଷ୍ଟି କରିଛି। କେତେକ ଚାଷୀ କହିଛନ୍ତି ଯେ ବଡବଡିଆଙ୍କ ଧାନ ଆରାମରେ ଉଠିଛି। ଏହା ବାଦ ଦଲାଲଙ୍କ ଧାନ ମଧ୍ୟ ଉଠୁଛି; କିନ୍ତୁ ଛୋଟ ଚାଷୀ ଓ ପ୍ରକୃତ ଚାଷୀ ବେଳକୁ ନିୟମ କାନୁନ ଦେଖା ଯାଉଛି।



୧୨ କିଲୋ କଟନି ପାଇଁ ମିଲରଙ୍କ ଜିଦ୍

ଚାଷୀଙ୍କ ଅଭିଯୋଗ ହେଲା ଯେ ମିଲର୍ସଙ୍କ ଏଜେଣ୍ଟ ବହୁ ବର୍ଷ ହେଲା ଏହି ବ୍ୟବସାୟରେ ଲିପ୍ତ ହୋଇ ଆସୁଛନ୍ତି। କେତେକ କର୍ମଚାରୀ ମଧ୍ୟ ଅନୁରୂପ ଭାବେ କାର୍ଯ୍ୟ କରି ଆସୁଛନ୍ତି। ଏହା ଫଳରେ ସେହି ପାରମ୍ପରିକ ଅଭ୍ୟାସର ପରିବର୍ତ୍ତନ ହୋଇ ପାରୁନାହିଁ। ଯଦି ବର୍ଷା ହେବ ତେବେ ବିପୁଳ ପରିମାଣରେ କ୍ଷୟକ୍ଷତି ହେବ ବୋଲି ସେମାନେ ଅଭିଯୋଗ କରିଛନ୍ତି। ବିଡ଼ମ୍ବନା ହେଉଛି ଚାଷୀମାନେ ଧାନ ବିକ୍ରିକୁ ନେଇ ଅସହଜ ପରିସ୍ଥିତିର ସମ୍ମୁଖୀନ ହୋଇଥିବାବେଳେ ପ୍ରଶାସନ ହାତବାନ୍ଧି ବସିଛି ଓ ସରକାର ଆଖି ମୁଦି ବସିଛନ୍ତି । ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ କଲମପୁର ଗସ୍ତ ସମୟରେ ଧାନ ବିକ୍ରିରେ ସମସ୍ୟା ହେଲେ ସେ ନିଜେ ହସ୍ତକ୍ଷେପ କରିବେ ବୋଲି କହିଥିଲେ। ମାତ୍ର ଏହାପରେ ବିଧାୟକ ମଧ୍ୟ ତୁଣ୍ଡ ଖୋଲୁ ନାହାନ୍ତି। କଳାହାଣ୍ଡି ଜିଲ୍ଲାରେ ମୌସୁମୀ ବର୍ଷା ଆରମ୍ଭ ହୋଇ ସାରିଲାଣି, ମାତ୍ର ଚାଷୀଙ୍କ ହଜାର ହଜାର କ୍ୱିଣ୍ଟାଲ ଧାନ ଏବେ ବି ରାସ୍ତା ଉପରେ ଗଦା ହୋଇଛି । ଥରେ ବର୍ଷା ପାଣି ଖାଇବା ପରେ ଧାନଗୁଡ଼ିକ ନଷ୍ଟ ହେବା ଆଶଙ୍କା ଥିବାରୁ ଚାଷୀ ମୁଣ୍ଡରେ ହାତ ଦେଇ ବସିଛନ୍ତି ।

## ନବୀନଙ୍କ ଆଶୁ ଆରୋଗ୍ୟ କାମନା

# ବିଭିନ୍ନ ସ୍ଥାନରେ ଯଜ୍ଞ, ଚଣ୍ଡିପାଠ ଓ ଦୀପଦାନ










ଯାଜପୁର, ୨୨।୬(ସମିସ)

ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କର ଆଜି ମୁମ୍ବାଇଠାରେ ଅସ୍ତ୍ରୋପଚାର ହୋଇଛି। ତାଙ୍କର ଆଶୁ ଆରୋଗ୍ୟ ଓ ମଙ୍ଗଳ କାମନା ରାଜ୍ୟର ବିଭିନ୍ନ ସ୍ଥାନରେ ଦେବଦେବୀ ମନ୍ଦିରରେ ଯଜ୍ଞ କରାଯିବା ସହ ସାମୂହିକ ଦୀପଦାନ କରାଯାଇଛି। ଆଜି ମା' ବିରଜାଙ୍କ ନିକଟରେ ବିଜେଡି କର୍ମୀଙ୍କ ତରଫରୁ ସାମୂହିକ ଦୀପଦାନ ଓ ଚଣ୍ଡିପାଠ କରାଯାଇଛି। ପୂର୍ବତନ ବିଧାୟକ ତଥା ବିଜେଡି ଉପସଭାପତି ପ୍ରଣବ ପ୍ରକାଶ ଦାସ ବିରଜା ମନ୍ଦିରରେ ପହଞ୍ଚି ମା' ବିରଜାଙ୍କ ନିକଟରେ ପୂଜାର୍ଚ୍ଚନା କରିବା ସହିତ ଚଣ୍ଡିପାଠର ସଂକଳ୍ପ କରିଥିଲେ। ବିରଜା ମନ୍ଦିରର ପୁରୋଧା ସରୋଜ କୁମାର ପତି ଚଣ୍ଡୀପାଠର ଆୟୋଜନ କରିଥିବା ବେଳେ ମନ୍ଦିରର ସମସ୍ତ ସେବାୟତ ସହଯୋଗ କରି ନବୀନଙ୍କ ଆଶୁ ଆରୋଗ୍ୟ କାମନା କରିଥିଲେ। ଆଜିର ଏହି କାର୍ଯ୍ୟକ୍ରମରେ ଯାଜପୁର ପୌରାଧ୍ୟକ୍ଷା ରଞ୍ଜୁଲତା ହୋତା, ଯାଜପୁର ବ୍ଲକ ଅଧ୍ୟକ୍ଷା ସ୍ୱର୍ଣ୍ଣଲତା ପରିଡ଼ା, ପୂର୍ବତନ ଅଧ୍ୟକ୍ଷ ପ୍ରଦୀପ ନାୟକ, ଜିଲ୍ଲାପରିଷଦ ସଭ୍ୟ ଗଣେଶ ମହାକୁଡ଼, ସୁଧାଂଶୁ ଭୂଷଣ ଆଚାର୍ଯ୍ୟ, ସରପଞ୍ଚ ଦେବାଶିଷ ପଣ୍ଡା, ପ୍ରକାଶ ତ୍ରିପାଠୀ, ସ୍ଥାନୀୟ କାଉନସିଲର ସୁରେନ୍ଦ୍ର ରଣା, ସୁବାଶିଷ ରାଉତ, ସୁଶିଲ ମହାନ୍ତି, ତପନ ମହାନ୍ତି ପ୍ରମୁଖ କାର୍ଯ୍ୟକୁ ପରିଚାଳନା କରିଥିଲେ।

**ବିଞ୍ଝାରପୁର:** ବିଞ୍ଝାରପୁର ବ୍ଲକ ଅରେଇସ୍ଥିତ ବରୁଣେଶ୍ୱର ମନ୍ଦିରରେ ପୂଜାର୍ଚ୍ଚନା କରିଛନ୍ତି ବିରୋଧି ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକ। ବରୁଣେଶ୍ୱରଙ୍କ ରୁଦ୍ରାଭିଷେକ ସହ ପ୍ରଦୀପ ପ୍ରଜ୍ୱଳନ ଏବଂ ହୋମ ଯଜ୍ଞ କରି ନବୀନ ବାବୁଙ୍କର ଆଶୁ ଆରୋଗ୍ୟ କାମନା କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ ବ୍ଲକ ଅଧ୍ୟକ୍ଷ ରଞ୍ଜିତା କୁମାରୀ ଦାସ, ବ୍ଲକ ବିଜେଡି ସଭାପତି ନନ୍ଦକିଶୋର ସାମଲ, ଛାତ୍ର ସଭାପତି ଲେଲିନ ଦାସ, ଯୁବ ସଭାପତି ଦିଲ୍ଲୀପ ରାଉଳ, ଉପାଧ୍ୟକ୍ଷ ସେକ ଇର୍ସାଦ, ସ୍ଥାନୀୟ ଅରେଇ ସରପଞ୍ଚ ସ୍ମୃତିସମୀକ୍ଷା ମଲ୍ଲିକ, ସୟଦପୁର ସରପଞ୍ଚ ଏମ୍‌ଡି ସବୀର, ଘଣ୍ଟିଆଳି ସରପଞ୍ଚ କାର୍ତ୍ତିକ ଧଳ, କାଏଣା ରଘୁନାଥପୁର ସରପଞ୍ଚ ନିଶିପ୍ରଭା ଜେନା, ଯୁବନେତା ଶୁଭେନ୍ଦୁ ସାମଲ, ଛାତ୍ର ନେତା ସିଦ୍ଧାର୍ଥ ସାମଲ, ଉତ୍ତରକୂଳ ସରପଞ୍ଚ ପ୍ରୀତିକିଷ୍ଟା ଜେନା, କୃଷକ ନେତା ନିତ୍ୟାନନ୍ଦ ରାଉତ, ବିତନା ପଞ୍ଚାୟତ ଯୁବ ନେତା କୈଳାସ ମଲ୍ଲିକ ଏବଂ ଚିକଣା ପଞ୍ଚାୟତ ପୂର୍ବତନ ସରପଞ୍ଚ ପ୍ରଦୀପ ମଲ୍ଲିକ ପ୍ରମୁଖ ଉପସ୍ଥିତ ରହି ନବୀନ ବାବୁଙ୍କ ଆଶୁ ଆରୋଗ୍ୟ କାମନା କରି ଦୀପ ଦାନ କରିଥିଲେ।

**କବାଟବନ୍ଧ:** ଧର୍ମଶାଳା ବିଜେଡି ପକ୍ଷରୁ ପୂର୍ବତନ ବିଧାୟକ ପ୍ରଣବ କୁମାର ବଳବନ୍ତରାୟଙ୍କ ନେତୃତ୍ୱରେ ମର୍ଜିତାପୁର ପଞ୍ଚାୟତ ବେଲଗାଡ଼ିଆଠାରେ ଥିବା ରାମମନ୍ଦିରରେ ରବିବାର ପୂର୍ବାହ୍ନରେ ପୂଜାର୍ଚ୍ଚନା ଓ ପ୍ରଦୀପ ପ୍ରଜ୍ୱଳନ କରାଯାଇଛି। ଶତାଧିକ ବିଜେଡି ନେତା ଓ କର୍ମୀ ଏଥିରେ ଯୋଗଦେଇ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରିଥିଲେ। ଏଥିରେ ବ୍ଲକ ବିଜେଡି ସଭାପତି ପ୍ରସନ୍ନ କୁମାର ରାଉତ, ପୂର୍ବତନ ଜିଲ୍ଲା ପରିଷଦ ସଭାପତି ନରେଶ ଚନ୍ଦ୍ର ମହାନ୍ତି, ପୂର୍ବତନ ବିଧାୟକଙ୍କ ପ୍ରତିନିଧି ନିର୍ମଳ ପ୍ରଧାନ, ଯୁବ ବିଜେଡି ନେତା ସୁବ୍ରତ ଧଳ, ପୂର୍ବତନ ଛାତ୍ର ସଭାପତି କ୍ଷୀତିସ ରାଉତଏବଂ ପ୍ରତ୍ୟେକ ଜୋନର ସଭାପତି, ପଞ୍ଚାୟତ ସଭାପତି, ସରପଞ୍ଚ, ସମିତି ସଭ୍ୟସଭ୍ୟା, ପଞ୍ଚାୟତ ସଭାପତି, ଜିଲ୍ଲା ପରିଷଦ ସଭ୍ୟଙ୍କ ସମେତ ଶତାଧିକ କର୍ମକର୍ତ୍ତା ଉପସ୍ଥିତ ରହି ନବୀନ ପଟ୍ଟନାୟକଙ୍କ ଦୀର୍ଘାୟୁ କାମନା କରିଥିଲେ।

**ଜେନାପୁର:** ମଧୁପୁରଗଡ଼ ଗ୍ରାମପଞ୍ଚାୟତସ୍ଥିତ ମା' ମଙ୍ଗଳାଙ୍କ ପୀଠରେ ବିଜୁ ଜନତା ଦଳର ପଞ୍ଚାୟତ ସଭାପତି ଜଗଦୀଶ ଜେନାମଣି ଓ ୧୨ନମ୍ବର ଯୋନର ଜିଲ୍ଲା ପରିଷଦ ସଭ୍ୟା ପ୍ରଣତି ଲେଙ୍କାଙ୍କ ତତ୍ତ୍ୱାବଧାନରେ ପୂଜାର୍ଚ୍ଚନା ଓ ଦୀପ ଦାନ କରାଯାଇଛି। ଏଥିରେ ବିଜୁ ଜନତା ଦଳର ଶହ ଶହ ଶହ କର୍ମୀ ଯୋଗଦେଇ ଶୀଘ୍ର ଆରୋଗ୍ୟ କାମନା କରିଥିଲେ।

**ବରୀ:** ବରୀ ବିଜେଡି ତରଫରୁ ବ୍ଲକ କାର୍ଯ୍ୟାଳୟ ନିକଟରେ ଥିବା ଐତିହାସିକ ରାମେଶ୍ୱର ମନ୍ଦିରରେ ଏକ ସାମୂହିକ ଦୀପଦାନ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ବରୀ ବିଧାୟକ ବିଶ୍ୱରଞ୍ଜନ ମଲ୍ଲିକଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଦଳର ଅନେକ ବରିଷ୍ଠ ନେତାଙ୍କ ସମେତ ଯୁବ, ଛାତ୍ର ଓ ମହିଳା ବିଜେଡିର ସଦସ୍ୟମାନେ ଯୋଗ ଦେଇଥିଲେ। ସେମାନେ ପ୍ରଭୁ ଶ୍ରୀରାମେଶ୍ୱରଙ୍କ ନିକଟରେ ପୂଜାର୍ଚ୍ଚନା କରିବା ପରେ ମନ୍ଦିର ସମ୍ମୁଖରେ ସାମୂହିକ ଦୀପଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ବ୍ଲକ ବିଜେଡି ସଭାପତି କେଦାର ସାମଲ, ଜିଲ୍ଲା ପରିଷଦ ସଭ୍ୟ ସନ୍ତୋଷ କୁମାର ସାମଲ, ଅଶୋକ କୁମାର ସାମଲ, ସନ୍ତୋଷ କୁମାର ସାମଲ, ଦିଲ୍ଲିପ କୁମାର ମହାନ୍ତି, ସମାଜ ସେବୀ ଅରବିନ୍ଦ ମହାନ୍ତି, ଜ୍ୟୋତ୍ସ୍ନାରାଣୀ ନାଥଶର୍ମାଙ୍କ ସମେତ ବିଭିନ୍ନ ପଞ୍ଚାୟତର ସରପଞ୍ଚ ଓ ସମିତିସଭ୍ୟ, ଦଳୀୟ କର୍ମୀ ଓ ଦଳମତ ନିର୍ବିଶେଷରେ ବହୁ ସଂଖ୍ୟକ ପୁରୁଷ ଓ ମହିଳା ଉପସ୍ଥିତ ରହି ଦୀପଦାନ କରିଥିଲେ କରିଥିଲେ।

**ବଡ଼ଚଣା:** ସୁକିନ୍ଦାର ପୂର୍ବତନ ବିଧାୟକ ପ୍ରୀତିରଞ୍ଜନ ଘଡ଼ାଇ ଚଣ୍ଡିଖୋଲ ମହାବିନାୟକ ମନ୍ଦିରରେ ପୂଜାର୍ଚ୍ଚନା କରିଛନ୍ତି। ନବୀନଙ୍କ ସଫଳ ଅସ୍ତ୍ରୋପଚାର ସହିତ ଆଶୁ ଆରୋଗ୍ୟ କାମନା କରି ମନ୍ଦିରରେ ଦୀପ ଜାଳିବା ସହିତ ପୂଜାର୍ଚ୍ଚନା କରିଥିଲେ।

**ବରୁଆଁ:** ଯାଜପୁର ସଦର ଅଞ୍ଚଳର ବରିଷ୍ଠ ବିଜେଡି ନେତା ବ୍ରଜକିଶୋର ପାଢ଼ୀ, ମହେଶ୍ୱରପୁର ସରପଞ୍ଚ ସୁଜିତ୍ ରାୟଙ୍କ ନେତୃତ୍ୱରେ କବୀରପୁର ଦଶହରା ପଡ଼ିଆ ସ୍ଥିତ ମା'ରକ୍ଷାକାଳୀ ମନ୍ଦିରରେ ୧୦୮ ଦୀପଦାନ କରାଯାଇଛି। ଏଥିରେ ବିଜେଡି ନେତା ପ୍ରଦୀପ ତରେଇ ସମେତ ଶତାଧିକ ବିଜେଡି କର୍ମୀ ଯୋଗଦାନ କରି ମନ୍ଦିରରେ ଦୀପଦାନ ସହିତ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରିଥିଲେ।

## ପୁସ୍ତକ ମେଳା ପକ୍ଷରୁ ପ୍ରତିଭା ଓ ମେଧା ସମ୍ମାନ

ବିଞ୍ଝାରପୁର/ସିଂହପୁର, ୨୨।୬(ସମିସ): ଖରସ୍ରୋତା ପୁସ୍ତକ ମେଳା କମିଟିର ସଭାପତି ପଦ୍ମାକର ଗୁରୁଙ୍କ ଅଧ୍ୟକ୍ଷତାରେ ଆଜି ଫତେପୁରସ୍ଥିତ ସୋନୀ ମଣ୍ଡପ ଠାରେ ଖରସ୍ରୋତା ଛାତ୍ର ପ୍ରତିଭା ଓ ମେଧା ପ୍ରତିଭା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଚଳିତ ବର୍ଷ ଖରସ୍ରୋତା ଅବବାହିକାର ବିଞ୍ଝାରପୁର, ଆଳି, ରାଜକନିକା ଓ ବରୀ ବ୍ଲକରେ ନିଟ୍ ଓ ଆଇଆଇଟିରେ କୃତକାର୍ଯ୍ୟ ହୋଇଥିବା ୯ ଜଣ ଛାତ୍ରଛାତ୍ରୀଙ୍କୁ 'ଖରସ୍ରୋତା ମେଧା ପ୍ରତିଭା ସମ୍ମାନ'ରେ ସମ୍ମାନିତ କରାଯାଇଥିଲା। ଏଥିରେ ମୁଖ୍ୟ ଉପଦେଷ୍ଟା ସୁଶାନ୍ତ କୁମାର ନାୟକ ଓ ଅଭ୍ୟର୍ଥନା କମିଟିର ଅଧ୍ୟକ୍ଷ ପ୍ରାଧ୍ୟାପକ ଅଜୟ କୁମାର ଓଝା, ଉପଦେଷ୍ଟା ପ୍ରାଧ୍ୟାପକ ସୁବୋଧ କୁମାର ନାୟକ ଓ ଶିକ୍ଷୟତ୍ରୀ ତଥା ଉପଦେଷ୍ଟା ଟିକିଲତା ବେହେରା ଯୋଗଦେଇଥିଲେ। ଅବବାହିକାର ୯ଟି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରୁ ଯୁକ୍ତ ଦୁଇ କଳା, ବିଜ୍ଞାନ ଓ ବାଣିଜ୍ୟରେ



୭୫ ପ୍ରତିଶତରୁ ଅଧିକ ନମ୍ବର ରଖିଥିବା ୭୦ ଜଣ ଛାତ୍ରଛାତ୍ରୀଙ୍କୁ ମେଳା କମିଟି ତରଫରୁ 'ଖରସ୍ରୋତା ଛାତ୍ର ପ୍ରତିଭା ସମ୍ମାନ' ପ୍ରଦାନ କରାଯଇଥିଲା। ଏଥିରେ ଉପଦେଷ୍ଟା ରବିନାରାୟଣ ସାମଲ, ସର୍ବେଶ୍ୱର ଧଳ, ଶିକ୍ଷାବିତ୍ ଶରତ ଚନ୍ଦ୍ର ସାହୁ, ରମାକାନ୍ତ ନାୟକ, ଦଶରଥ ସାହୁ, ଅମ୍ବିକା ପ୍ରସାଦ ସାମଲ ସମ୍ବର୍ଦ୍ଧିତ କରିଥିଲେ। ସହ ସମ୍ପାଦକ ପ୍ରତିଜ୍ଞା ସାହୁ ପ୍ରାରମ୍ଭିକ ସଙ୍ଗୀତ, ସାଙ୍ଗଠନିକ ସମ୍ପାଦକ ଶିକ୍ଷାବିତ୍ ନାରାୟଣ ଚନ୍ଦ୍ର ଦାସ, କୋଷାଧ୍ୟକ୍ଷ ରତ୍ନାକର ସାହୁ, କାର୍ଯ୍ୟକାରୀ ସଭାପତି ସୁବାସ ଚନ୍ଦ୍ର ପ୍ରଧାନ, ସାଧାରଣ ସମ୍ପାଦକ ଜିତେନ୍ଦ୍ର କୁମାର ବେହେରା, ଅନ୍ୟତମ ଉପଦେଷ୍ଟା ପ୍ରମୋଦ ସାମଲ, ସନ୍ତୋଷ କୁମାର ବେଉରିଆ, ଭାରତ ଭୂଷଣ ମଲ୍ଲିକ, ଶରତ ନାୟକ, ଅକ୍ଷୟ କୁମାର ସେଠୀ, ଦେବ ସାମଲ, ସୁଧୀର ଆଚାର୍ଯ୍ୟ, ପ୍ରଦୀପ କୁମାର ଜେନା, ଭବ ମହାନ୍ତି, କୃଷ୍ଣଚନ୍ଦ୍ର ଥାଟୋଇ, ଦେବେନ୍ଦ୍ର କୁମାର ସାମଲ, ବିଷ୍ଣୁ ଚରଣ ସାମଲ, ରବୀନ୍ଦ୍ର ଦାସ ଓ ଖଗେଶ୍ୱର ସାହୁ ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

## ସ୍ୱେଚ୍ଛାକୃତ ରକ୍ତଦାନ ଶିବିର

ବ୍ରହ୍ମବରଦା, ୨୨।୬(ସମିସ): ରସୁଲପୁର ବ୍ଲକ ବଡ଼ଡିହ ପଞ୍ଚାୟତ ବନ୍ଧଡିହ ଶ୍ରୀରାମ ମନ୍ଦିର ପ୍ରାଙ୍ଗଣରେ ବିଷ୍ଣୁପ୍ରିୟା ଚାରିଟେବୁଲ ଓ ମାରୁତିକୃପା ଚାରିଟେବୁଲ ଟ୍ରଷ୍ଟର ମିଳିତ ସହଯୋଗରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରକୁ ପୂର୍ବତନ ବିଧାୟିକା ସୁନନ୍ଦା ଦାସ ଉଦ୍‌ଘାଟନ କରିଥିଲେ। ଏଥିରେ ମୋଟ ୬୧ ୟୁନିଟ୍ ରକ୍ତ ସଂଗୃହିତ ହୋଇଥିଲା। କଟକ ସେଣ୍ଟ୍ରାଲ ରେଡକ୍ରସ ତରଫରୁ ଡ. ବିନୟ ପୃଷ୍ଟି, ତାପସ କୁମାର ମହନ୍ତ, ରାମପ୍ରଶାସ




ରାୟ, ବିଜୟ କୁମାର ସ୍ୱାଇଁ ରକ୍ତ ସଂଗ୍ରହ କରିଥିବା ବେଳେ ବିଜେପି ନେତା ଦେବେନ୍ଦ୍ର ଦାସ, ଯୁବ ସଂଗଠକ ଚିତ୍ତରଞ୍ଜନ ମହାନ୍ତି, ସନ୍ତୋଷ ସାହୁ, ସୁଶାନ୍ତ ଜେନା, ସୁଦାମ ଚରଣ ଓଝା, ରଞ୍ଜନ ବେହେରା, ସୁବ୍ରତ ସାହୁ, ଗଣେଶ୍ୱର ବେହେରା, ଦୁଃଶାସନ ପୃଷ୍ଟି, ଦିଲ୍ଲିପ ଦାସ, ମମତା ରାଉତ, ଅନିଲ ରାଉତ, ସଞ୍ଜୟ ବେହେରା, ପ୍ରଶାନ୍ତ ରାଉତ ରକ୍ତଦାନ କରିବା ସହିତ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

● ଚାଷୀଙ୍କ ନାଁରେ ଏନ୍‌ଜିଓ ଲୁଟୁଛି

## ଇଣ୍ଟିଗ୍ରେଟେଡ୍ ଫାର୍ମିଂ ପ୍ରୋଜେକ୍ଟ ଦିଗହରା

କୁହିକା, ୨୨।୬(ସମିସ): ଇଣ୍ଟିଗ୍ରେଟେଡ୍ ଫାର୍ମିଂ ପ୍ରୋଜେକ୍ଟ ନାଁରେ କୃଷି ବିଭାଗ ଦ୍ୱାରା ନିୟୋଜିତ ହୋଇଥିବା ଏନ୍‌ଜିଓ ଆଇଡିଓଏଲ ସଂସ୍ଥା ଚାଷୀଙ୍କୁ ଲୁଟ କରୁଥିବା ଅଭିଯୋଗ ହୋଇଛି। ଯାଜପୁର ଜିଲ୍ଲା ସୁକିନ୍ଦା ବ୍ଲକ କୃଷି ସୂଚନା ପରାମର୍ଶ କେନ୍ଦ୍ର ତତ୍ତ୍ୱାବଧାନରେ ଆଇଡିଆଲ ନାମକ ଏକ ଏନ୍‌ଜିଓକୁ ଚୁକ୍ତିଭିତ୍ତିରେ ନିୟୋଜିତ କରାଯାଇଛି। ବର୍ଷା ପରେ ରବି ଫସଲ ସହ ବିଭିନ୍ନ ପ୍ରକାର ଚାଷକୁ ପ୍ରୋତ୍ସାହନ ଦେବାକୁ ସରକାର ଲକ୍ଷ ଲକ୍ଷ ଟଙ୍କା ବ୍ୟୟବରାଦ କରି ସୁକିନ୍ଦା ବ୍ଲକରେ ଏହି ଏ ନ୍ ଜି ଓ କୁ ଦାୟିତ୍ୱ ଅର୍ପଣ କରିଛି। ସୁକିନ୍ଦା




ବ୍ଲକର କୁହିକା, ପିମ୍ପୁଡିଆ, ଦୁଧୁଯୋରି, କାଙ୍କଡ଼ପାଳ, ହାତିବାରୀ, ହରିପୁର ଠାରୁ ସାତ ଆଠଟି ପଞ୍ଚାୟତର ଚାଷୀଙ୍କୁ ଚୟନ କରି ସେମାନଙ୍କୁ ସ୍ୱାବଲମ୍ବୀ କରିବାକୁ ସରକାର ଲକ୍ଷ୍ୟ ରଖି ଲକ୍ଷ ଲକ୍ଷ ଟଙ୍କା ବ୍ୟୟ ବରାଦ କରିଛନ୍ତି। ଉକ୍ତ ଏନ୍‌ଜିଓ ଚାଷୀଙ୍କ ଡକ୍ୟୁମେଣ୍ଟ ନେବା ସମୟରେ ପ୍ରତି ଚାଷୀଙ୍କ ଠାରୁ ଦୁଇଶହ ଟଙ୍କା ଲେଖାଁଏ ଆଦାୟ କରିଛି। ଚାଷୀଙ୍କ ଡକ୍ୟୁମେଣ୍ଟ ନେଇ ବିନା ଚାଷରେ କିଛି ଚାଷୀଙ୍କୁ ସରକାରୀ ସହାୟତା ରାଶି ପ୍ରଦାନ କରାଯାଇଛି। କିଛି ଚାଷୀଙ୍କ ଡକ୍ୟୁମେଣ୍ଟରେ ଲକ୍ଷ ଲକ୍ଷ ଟଙ୍କା ଉଠାଣ କରାଯାଇଛି। ଏଥିରେ ଉକ୍ତ ଏନ୍‌ଜିଓ ସହ କୃଷି ସୂଚନା ଓ ପରାମର୍ଶ କେନ୍ଦ୍ରର କିଛି ଅଧିକାରୀ ସାମିଲ ହୋଇଛନ୍ତି। ଏ ସମ୍ପର୍କରେ ଉକ୍ତ ଏନଜିଓର ଚନ୍ଦ୍ରକାନ୍ତି ବରାଳଙ୍କୁ ପଚାରିବାରୁ ସେ ଏ ନେଇ କିଛି କହିନଥିଲେ। ବରଂ ତାଙ୍କ ଘର ମୁଖ୍ୟମନ୍ତ୍ରୀଙ୍କ ଘର ପାଖରେ ବୋଲି ପରୋକ୍ଷରେ ଇଙ୍ଗିତ କରିଥିଲେ। ପ୍ରଶାସନ ତୁରନ୍ତ ଏହାର ତଦନ୍ତ କରିବାକୁ ଦାବି ହୋଇଛି।

## ଆଇନ ସେବା ପ୍ରାଧିକରଣରେ ଯୋଗ ଦିବସ

ଯାଜପୁର, ୨୨।୬(ସମିସ): ଯାଜପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ଆନୁକୂଲ୍ୟରେ ଯାଜପୁର ସିଭିଲ କୋର୍ଟ ପ୍ରାଗଣରେ ଏକ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧ୍ୟକ୍ଷ ତଥା ଜିଲ୍ଲା ଜଜ ଅମୃତ ରଞ୍ଜନ ନନ୍ଦ ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣ କାର୍ଯ୍ୟକାରୀ ସମ୍ପାଦିକା ଲିପା ମହାନ୍ତି ଏହାକୁ ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ପରିବାର ଅଦାଲତ ଜଜ୍ ଗୁଣ୍ଡିଚା ସାମନ୍ତସିଂହାର, ଅତିରିକ୍ତ ଜିଲ୍ଲାଜଜ୍ ବିଶ୍ୱେଶ୍ୱର ବିଶ୍ୱପ୍ରକାଶ ରାୟ, ଅତିରିକ୍ତ ଜିଲ୍ଲାଜଜ୍ ପୋକ୍‌ସୋ କୋର୍ଟ ଅଭିଜିତ ପଲେଇ, ଅତିରିକ୍ତ ଜିଲ୍ଲା ଜଜ୍ ଆଡହକ ଶରତ କୁମାର ଦେହୁରୀ, ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ସର୍ବେଶ୍ୱର ସାହୁ, ବରିଷ୍ଠ ଦେୱାନୀ ବିଚାରପତି ସତ୍ୟପ୍ରକାଶ ରାୟ ଚୌଧୁରୀ, ରେଜିଷ୍ଟ୍ରାର ମାନସ ରଞ୍ଜନ ସାମନ୍ତରାୟ, ଦେୱାନୀ ବିଚାରପତି ସୁନିତା ବିଶ୍ୱାଳ, ଜେଏମ୍‌ଏସି ମିସ୍ ନିଷ୍ଠା, ଜେଏମ୍‌ଏସି ମିସ୍ ବୀଣାପାଣି ତାଣ୍ଡି ଓ ଅନ୍ୟାନ୍ୟ ବିଚାରପତି, ଓକିଲ ତଥା କୋର୍ଟ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ। ଯୋଗ ଶିକ୍ଷକ ଯୋଗୀ ବିକାଶ ଚନ୍ଦ୍ର ସାହୁ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ସେହିପରି ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ପାଲଟପୁର ଗ୍ରାମପଞ୍ଚାୟତଠାରେ ଓ ଜିଲ୍ଲା କରାଗାରଠାରେ ମଧ୍ୟ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। କାରାଗାରର ଅନ୍ତେବାସୀମାନେ ଯୋଗ ଶିକ୍ଷକଙ୍କ ଦ୍ୱାରା ଯୋଗ ଶିକ୍ଷା ଲାଭ କରିଥିଲେ। ଏହି କାର୍ଯ୍ୟକ୍ରମରେ କାରାଗାରର ସୁପରିଣ୍ଟେଡେଣ୍ଟ ସମୀର ରଞ୍ଜନ ସାହୁ ଓ ଅନ୍ୟ କର୍ମଚାରୀଗଣ ତଥା ପାରାଲିଗାଲ ସ୍ୱେଚ୍ଛାସେବୀମାନେ ଅଂଶଗ୍ରହଣ କରିଥିଲେ।

## ଦାନଗଦିରେ ବିଶ୍ୱ ଯୋଗ ଦିବସ

ଦାନଗଦି, ୨୨।୬(ସମିସ): ଦାନଗଦି ବ୍ଲକ ପ୍ରଶାସନ ତରଫରୁ ଦାନଗଦି ଭବନ ଠାରେ ଯୋଗଦିବସ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ବିଡିଓ ପ୍ରଦୀପ କୁମାର ସେଠୀ ଯୋଗ ଦେଇଥିବା ବେଳେ ଏବିଡିଓ ଦିବ୍ୟକାନ୍ତି ମିଶ୍ର ଯୋଗଦେଇଥିଲେ। ଯୋଗ ଓ କ୍ରୀଡା ଶିକ୍ଷକ ରବିନାରାୟଣ ସାହୁ ଉପସ୍ଥିତ ଛାତ୍ରଛାତ୍ରୀ ଓ ସମସ୍ତ ମହିଳା, ପୁରୁଷମାନଙ୍କୁ ବିଭିନ୍ନ ଯୋଗ ଶିକ୍ଷା ପ୍ରଦାନ କରିଥିଲେ। ଦାନଗଦିର ଗୋପବନ୍ଧୁ ସ୍ୱୟଂସେବକ ସଙ୍ଘର ଯୋଗ ଦିବସ ପାଳନ ହୋଇଥିଲା। ଏଥିରେ ସଙ୍ଘର ପରିଚାଳକ ଓ ସମାଜସେବୀ ଗୋପୀନାଥ ରାଉତ ଯୋଗ ଦିବସ ସମ୍ବନ୍ଧରେ ମାର୍ଗଦର୍ଶନ ଦେବା ସହ ଉପସ୍ଥିତ ଭାଇମାନଙ୍କୁ ଯୋଗ, ପ୍ରାଣାୟାମ ଓ ଶାରୀରିକ ଶିକ୍ଷା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆଡଭୋକେଟ ରମାକାନ୍ତ ନନ୍ଦ, ଶ୍ରୀକାନ୍ତ ମହାପାତ୍ର, କୁମର ଚରଣ ମୁଦୁଲି, ଇନ୍ଦ୍ରଜିତ ବେହେରା, ଅନିରୁଦ୍ଧ ମିଶ୍ର, ବାଙ୍କ ବିହାରୀ ଦାସ, ମାୟାଧର ସେଠୀ, ଅଜୟ କୁମାର ଦାସଙ୍କ ସମେତ ଏକାଧିକ ସ୍ୱୟଂସେବକ ଉପସ୍ଥିତ ଥିଲେ।

## ବିଷ୍ଣୁ ସାମନ୍ତରାୟ କଲେଜରେ ଯୋଗ ଦିବସ

ବଡଚଣା, ୨୨।୬(ସମିସ): ବଡ଼ଚଣା ବ୍ଲକ ନୂଆହାଟ ବିଷ୍ଣୁ ସାମନ୍ତରାୟ ମହାବିଦ୍ୟାଳୟ ପରିସରରେ କ୍ରୀଡ଼ା ବିଭାଗ ଓ ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ସାମୂହିକ ଯୋଗାଭ୍ୟାସ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ପ୍ରଫେସର ପବିତ୍ର ମୋହନ ମାହାଲା ଏହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। କ୍ରୀଡା ସଂସଦର ସମ୍ପାଦକ ଶମ୍ଭୁନାଥ ହେମ୍ବ୍ରମ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିବା ବେଳେ କ୍ରୀଡ଼ା ଶିକ୍ଷକ ଅଶୋକ କୁମାର ଖୁଣ୍ଟିଆ ଯୋଗାଭ୍ୟାସର ବିଭିନ୍ନ ଆସନ ପ୍ରଦର୍ଶନ କରିଥିଲେ। ଏହି ଅବସରରେ ବୃକ୍ଷରୋପଣ କରାଯାଇଥିଲା। ଜାତୀୟ ସେବା ଯୋଜନାର ସଂଯୋଜକ ଅଧ୍ୟାପକ କିଶୋର କୁମାର ସାହୁ, ସଂଯୋଜିକା ଅଧ୍ୟାପିକା ଗୀତାଞ୍ଜଳି ମହାନ୍ତି ଏହାକୁ ସହଯୋଗ କରିଥିଲେ। ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟାପକ ନାରାୟଣ ଚନ୍ଦ୍ର ମୁଦୁଲି, ପ୍ରଦୀପ କୁମାର ବରାଳ, ଭାଗ୍ୟଧର ନାୟକ, ସଞ୍ଜିତ୍ କୁମାର ମହାନ୍ତି, ଡ. ସାମୁଏଲ ଲିମା, ଅଶୋକକୁମାର ସାହୁ, ହରି ନାରାୟଣ ସାହୁ, ଦୀପକ କୁମାର ମିଶ୍ର, ଦୀପକ କୁମାର ଦାସ, ଗିରିଶ୍ କୁମାର ରାଉଳ, ସନ୍ତୋଷ କୁମାର ପୃଷ୍ଟି, ସତ୍ୟ ପ୍ରକାଶ ନାୟକ, ପ୍ରୀତମ୍ ମିଶ୍ର, ପୂର୍ଣ୍ଣଚନ୍ଦ୍ର ସାହୁ, ଅଧ୍ୟାପିକା ସରିତା ସେଠୀ, ନିରୁପମା ସ୍ୱାଇଁ, ଶୁଭଶ୍ରୀ ସାହୁ, ସସ୍ମିତା ପରିଡ଼ା, ହେମଲତା ସାହୁ, ପ୍ରସନ୍ନଜିତ୍ ସାମଲ, ଗିରିଧାରୀ ନାୟକ, ବିଶ୍ୱଜିତ୍ ମହାନ୍ତି, ସୁଷମା ବେହେରା, ବଗୁଲି ବାରିକ ଏହି କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

## ଦୁଇ ଜିଲ୍ଲା ସୀମାରେ ଚୋରା ବାଲି ମାଫିଆ ସକ୍ରିୟ


କୁନ୍ଦଲ, ୨୨।୬(ସମିସ): ଯାଜପୁର ଓ କେନ୍ଦ୍ରାପଡ଼ା ଜିଲ୍ଲାର ସୀମାରେ ବାଲିମାଫିଆ ସକ୍ରିୟ। ପ୍ରଶାସନ ଓ ସ୍ଥାନୀୟ ଗ୍ରାମବାସୀଙ୍କୁ ନାଲି ଆଖି ଦେଖାଇ ଦୈନିକ ଶହ ଶହ ଟ୍ରିପ୍ ବାଲି ପ୍ରୋକ୍ଲିନ ମେସନରେ ଖୋଳି ଟ୍ରାକ୍ଟର ଓ ହାଇୱା ଗାଡ଼ିରେ ବିଭିନ୍ନ ସ୍ଥାନକୁ ଚୋରା ଚାଲାଣ କରୁଛନ୍ତି। ଏହା ଫଳରେ ସରକାରଙ୍କର ବ୍ୟାପକ ରାଜସ୍ୱ ହରାଉଛନ୍ତି।

ଯାଜପୁର ଜିଲ୍ଲା ବରୀ ଥାନା ଅଧୀନ କମ୍ପଗଡ଼ ଓ କେନ୍ଦ୍ରାପଡ଼ା ଜିଲ୍ଲା ନିକିରେଇ ଥାନା ଅଧୀନ ବେଣିପୁର ଘାଟ। ଚୋରା ବାଲିମାଫିଆ ଏଠାରୁ ଦୈନିକ ରାତି ୧୦ଟାରୁ ସକାଳ ୬ଟା ପର୍ଯ୍ୟନ୍ତ ନିର୍ଭୟରେ ଶହ ଶହ ଟ୍ରିପ୍ ବାଲି ନଦୀ ଶଯ୍ୟାକୁ ଖୋଳି ବିଭିନ୍ନ ଅଞ୍ଚଳକୁ ଚୋରାଚାଲାଣ କରୁଛନ୍ତି। ବାଲି ଚୋରା ଚାଲାଣ କରୁଥିବା ବେଳେ ରାତିରେ ବିଭିନ୍ନ ପ୍ରକାର ମାରଣାସ୍ତ୍ର ଧରି ସ୍ଥାନୀୟ ଲୋକଙ୍କୁ ଧମକାଇ ବାଲି ଘାଟରୁ ବାଲି ଚାଲାଣ କରୁଛନ୍ତି। ସ୍ଥାନୀୟ ଅଞ୍ଚଳବାସୀ ଯେତେ ବିରୋଧ କଲେ ମଧ୍ୟ ଗ୍ରାମବାସୀଙ୍କୁ ଚୋରା ବାଲି ମାଫିଆ ମାନେ ବିଭିନ୍ନ ପ୍ରକାର ଧମକ ଚମକ ଦେଉଛନ୍ତି। ଏହି ଚୋରା ବାଲି କାରବାର ଦୁଇ ଜିଲ୍ଲାର ଖଣି ବିଭାଗ, ରାଜସ୍ୱ ବିଭାଗ ଏ ବିଷୟରେ ଅବଗତ ଥିଲେ ମଧ୍ୟ ସ୍ଥାନୀୟ ପୁଲିସ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। ଚୋରା ଚାଲାଣ କରୁଥିବା ଗାଡ଼ି ଦ୍ୱାରା ପୋଲ ଉପରେ ୩ ଫୁଟର ବାଲିପଡ଼ି ଥିବାରୁ ଜନସାଧାରଣ ଯାତାୟାତ କରୁଥିବା ସମୟରେ ବହୁ ଅସୁବିଧାର ସମ୍ମୁଖିନ ହେଉଛନ୍ତି ଏବଂ ବାଇକ ଆରୋହି ମାନେ ଖଣ୍ଡିଆଖୋପରା ହେଉଛନ୍ତି। ଏହି ରାସ୍ତାଟି ବୌଦ୍ଧ ପୀଠ ଉଦୟଗିରି ଓ ରତ୍ନଗିରିକୁ ପର୍ଯ୍ୟଟକ ମାନେ ଏହି ରାସ୍ତାଦେଇ ଗଲା ବେଳେ ରାସ୍ତାରେ ବାଲିମୟ



ହେଉଥିବାରୁ ପର୍ଯ୍ୟଟକ ମାନେ ଦୁର୍ଘଟଣାର ଶୀକାର ହେଉଥିବା ଦେଖିବାକୁ ମିଳୁଛି। ତେଣୁ ଦୁଇ ଜିଲ୍ଲାର ଖଣି ବିଭାଗ ଓ ରାଜସ୍ୱ ବିଭାଗ ପୋଲିସ ପକ୍ଷରୁ ଚୋରା ମାଫିଆଙ୍କ ବିରୋଧରେ କାହିଁକି କାର୍ଯ୍ୟାନୁଷ୍ଠାନ ନେବାକୁ ପଛଘୁଞ୍ଚା ଦେଉଛନ୍ତି ତାହା ସ୍ଥାନୀୟ ଜନସାଧାରଣଙ୍କୁ ଆଶ୍ଚର୍ଯ୍ୟ ଲାଗୁଛି। ବିଶେଷ କରି ବେଣିପୁର, କମ୍ପଗଡ଼ ଓ ବାଲିକୁଦା ନଦୀ ପୋଲ ଏହି ଚୋରା ବାଲି ଚାଲାଣ ପାଇଁ ଖନନ ଦ୍ୱାରା ପୋଲର ସ୍ଥାୟୀତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହେଉଛି କାରଣ ପୋଲର ଖୁବ ନିକଟରୁ ବାଲି ତାଡ଼ିବା ଦ୍ୱାରା ପୋଲର ପିଲର ଗୁଡ଼ିକ ଦୁର୍ବଳ ହେବା ସହ ଭବିଷ୍ୟତରେ ଏହା ନ ଭୁଶୁଡ଼ି ପଡ଼ିବ ସେ କଥା କିଏ କହିବ। ଖଣି ବିଭାଗ ଓ ଚୋରା ବାଲି ମାଫିଆଙ୍କ ସହିତ ଭିତିରି ସମ୍ପର୍କ ରହିଛି ବୋଲି ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚା ହେଉଛି। ତୁରନ୍ତ ଏହି ଚୋରା ବାଲି ମାଫିଆଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲା ପ୍ରଶାସନଙ୍କ ପାଖରେ ସ୍ଥାନୀୟ ଜନସାଧାରଣ ଦାବି କରିଛନ୍ତି।

## ପିଏଚ୍‌ଡି ଲାଭ



ଶ୍ରୀ ଶ୍ରୀଧର ରଞ୍ଜନ ଦାସ Biju Patnaik University of Technology (BPUT), Rourkela ରୁ ଫାର୍ମାସି ବିଭାଗରେ କୃତିତ୍ୱ ସହ (Ph.D) ଉପାଧି ଲାଭ କରିଛନ୍ତି। Einstein College of Pharmacy, Khurda ର Prof. (Dr.) Bibhuti Bhusana Panigrahi ଏବଂ I.G.I.P.S, Bhubaneswar ର Prof. (Dr.) Manoj Kumar Paniଙ୍କ ତତ୍ତ୍ୱାବଧାନରେ "Formulation and Evaluation of Novel Bilayer Floating Tablet By Using Selective Drugs as GRDDS" ଉପରେ ଗବେଷଣା କରିଥିବା ସନ୍ଦର୍ଭଟି Examiner, Prof. (Dr.) Satyabrata Bhanja, RITEE college of Pharmacy, Raipur ଏବଂ Dr. Rakesh Gupta, Vaish institute of pharmaceutical education, Rohtak, Haryana ଙ୍କ ଦ୍ୱାରା ମୂଲ୍ୟାୟନ ଏବଂ ଉଚ୍ଚ ପ୍ରଶଂସିତ ହୋଇଛି। ଡ. ଶ୍ରୀଧର ରଞ୍ଜନ ଦାସ ବର୍ତ୍ତମାନ S.I.P.E.R, Cuttack ଠାରେ Associate Professor ଭାବେ କାର୍ଯ୍ୟରତ ଥିବା ସହ ତାଙ୍କର ଗବେଷଣାତ୍ମକ କାର୍ଯ୍ୟ ପାଇଁ ବିଦେଶର ଅନେକ ଗବେଷଣା ସଂସ୍ଥା ଦ୍ୱାରା ପ୍ରଶଂସିତ ହେବାରେ ସୌଭାଗ୍ୟ ଲାଭ କରିଛନ୍ତି। ସେ ଅନେକ ବହୁ ପ୍ରତିଷ୍ଠିତ ଗବେଷଣାତ୍ମକ ପତ୍ରିକା ପ୍ରକାଶକ ସଂସ୍ଥା ରେ ସମୀକ୍ଷକ ଭାବେ କାର୍ଯ୍ୟ କରି ଦେଶ ଏବଂ ବିଦେଶ ରେ ପ୍ରତିଷ୍ଠା ଲାଭ କରିଛନ୍ତି। ଡ. ଶ୍ରୀଧର ରଞ୍ଜନ ଦାସ କଟକ ଜିଲ୍ଲାର ଯଶପଡା ନିବାସୀ, ଭାରତୀୟ ଖାଦ୍ୟ ନିଗମର ଅବସରପ୍ରାପ୍ତ କର୍ମଚାରୀ ଶ୍ରୀଯୁକ୍ତ ସୁଦାମ ଚରଣ ଦାସ ଏବଂ ଶ୍ରୀମତୀ ବାସନ୍ତୀ ଦାସଙ୍କ ମଧ୍ୟମ ପୁତ୍ର ଅଟନ୍ତି। ସେ କୁନି ବେହେରାଙ୍କ ଏକମାତ୍ର ଜାମାତା ଅଟନ୍ତି। ସେ ଏହି କାର୍ଯ୍ୟର ସଫଳତାର ଶ୍ରେୟ ପ୍ରଭୁ ଶ୍ରୀ ଜଗନ୍ନାଥ, ଝଙ୍କଡ ବାସିନୀ ମା ଶାରଳା, ପିତାମାତା, ପରିବାର, ବନ୍ଧୁ, ପରିଜନ ତଥା ଗବେଷଣା ପାଇଁ ଉତ୍ସାହିତ କରିଥିବା ବ୍ୟକ୍ତି ବିଶେଷଙ୍କୁ ପ୍ରଦାନ କରିଛନ୍ତି।

# ଧର୍ମଶାଳାରେ କେନ୍ଦ୍ରୀୟ ଟିମ୍‌ର ସ୍ଥିତି ସମୀକ୍ଷା



**ଧର୍ମଶାଳା, ୨୨।୬(ସମିସ)**

ଧର୍ମଶାଳା ବ୍ଲକରେ ଝାଡ଼ାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ଧିରେ ଧିରେ କମୁଥିବା ନେଇ ସାଧାରଣରେ ଆଶ୍ୱସ୍ତ ପ୍ରକାଶ ପାଇଛି। କେନ୍ଦ୍ରୀୟ ଟିମ ଆଜି ଧର୍ମଶାଳା ଡାକ୍ତରଖାନାକୁ ଆସି ସ୍ଥିତି ପରଖିବା ସହ ଆକ୍ରାନ୍ତଙ୍କ ସଂଖ୍ୟା କମୁଥିବା ନେଇ ଖୁସି ଜାହିର କରିଛନ୍ତି। ତେବେ ଚଳିତ ମାସ ୧୧ ତାରିଖରୁ ପ୍ରଥମେ ଧର୍ମଶାଳା ବ୍ଲକ ଅଞ୍ଚଳରୁ ଝାଡାବାନ୍ତି ସଂକ୍ରମିତ ଡାକ୍ତରଖାନାରେ ଚିକିତ୍ସା ପାଇଁ ଭର୍ତ୍ତୀ ହୋଇଥିଲେ। ପରବର୍ତ୍ତୀ ସମୟରେ ଏହି ସଂକ୍ରମଣ ବ୍ଲକର ବିଭିନ୍ନ ପଞ୍ଚାୟତରେ ଦେଖାଦେଇଥିଲା। ଧର୍ମଶାଳା ଡାକ୍ତରଖାନାରେ ଆକ୍ରାନ୍ତଙ୍କ ସଂଖ୍ୟା ବଢ଼ିବା ଫଳରେ ବେଡ ନପାଇ ରୋଗୀମାନେ ତଳେ ପଡ଼ିରହି ଚିକିତ୍ସିତ ହେଉଥିବା ଦେଖିବାକୁ ମିଳିଥିଲା। ଝାଡାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ବଢ଼ିବା ଫଳରେ ପ୍ରଶାସନ ପାଇଁ ଏକ ଚିନ୍ତାର ବିଷୟ ପାଲଟିଥିଲା। ପରବର୍ତ୍ତୀ ସମୟରେ ଯାଜପୁର ଜିଲ୍ଲାପାଳ ଓ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଧର୍ମଶାଳା ଡାକ୍ତରଖାନାରେ ବେଡ ସଂଖ୍ୟା ବଢ଼ାଇ ଦିଆଯାଇଥିଲା। ଏହି ରୋଗର କାରଣ ଜାଣିବା ଲାଗି ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଘନ ଘନ ଗସ୍ତ କରାଯାଇଥିଲା। ଏପରିକି ରାଜ୍ୟ ସ୍ୱାସ୍ଥ୍ୟ ସଚିବ ୨ ଥର ଜିଲ୍ଲା ଗସ୍ତ କରିଥିବା ବେଳେ ସ୍ୱାସ୍ଥ୍ୟମନ୍ତ୍ରୀ ଡାକ୍ତରଖାନାକୁ ଆସି ସ୍ଥିତି ପରଖିଥିଲେ। ତେଣେ ଲ୍ୟାବକୁ ପରୀକ୍ଷା ଲାଗି ଯାଇଥିବା ନମୁନାରେ କେତେକ କଲେରା ପଜେଟିଭ ବାହାରିବା ଫଳରେ ରାଜ୍ୟ ସରକାରଙ୍କ ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଥିଲା। ଏହାକୁ ନେଇ ଏକ ୧୨ ଜଣିଆ କେନ୍ଦ୍ରୀୟ ଟିମ୍ ଆସି ଯାଜପୁରରେ ରହିବା ସହିତ ସ୍ଥିତି ଅନୁଧ୍ୟାନ କରିଥିଲେ। ତେବେ ପାଣିରୁ ଏହି ରୋଗ ବ୍ୟାପୁଥିବା ଜଣାପଡ଼ିବା ପରେ ବିଭିନ୍ନ ଗ୍ରାମକୁ ସ୍ୱାସ୍ଥ୍ୟ କର୍ମୀମାନେ ଯାଇ ଜଳଉତ୍ସ ଗୁଡିକୁ ବିଶୋଧନ କରିବା ସହିତ ଫୁଟାପାଣି ପିଇବାକୁ ପରାମର୍ଶ ଦେଇଥିଲେ। ପ୍ରଶାସନ ପକ୍ଷରୁ ବିଭିନ୍ନ ଢାବା ହୋଟେଲ, ଗୁପଚୁପ ଚାର୍ଟ, ମାଛ ଓ ମାଂସ ଦୋକାନକୁ ୨ସପ୍ତାହ ଲାଗି ବନ୍ଦ କରିଦିଆଯାଇଛି। ଏବେ ଏହି ରୋଗ ନିୟନ୍ତ୍ରଣକୁ ଆସିଥିବା ନେଇ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ସୂଚନା ଦେଇଛନ୍ତି। ତେବେ ଯାଜପୁରରେ ରହି ସ୍ଥିତି ଉପରେ ନଜର ରଖିଥିବା କେନ୍ଦ୍ରୀୟ ଟିମ୍‌ର ଅଜି ୩ ଜଣ ସଦସ୍ୟ ଧର୍ମଶାଳା ଡାକ୍ତରଖାନାକୁ ଆସି ସ୍ଥିତି ପରଖିବା ସହ ଆକ୍ରାନ୍ତଙ୍କ ସଂଖ୍ୟା କମୁଥିବା ନେଇ ଖୁସି ବ୍ୟକ୍ତ କରିଛନ୍ତି। ଗତକାଲି ଧର୍ମଶାଳା ଡାକ୍ତରଖାନାରେ ୩୨ ଜଣ ଆକ୍ରାନ୍ତ ଚିକିତ୍ସିତ ହୋଇଥିବା ବେଳେ ଆଜି ସଂଧ୍ୟା ସୁଦ୍ଧା ଡାକ୍ତରଖାନାରେ ୧୮ ଜଣ ଆକ୍ରାନ୍ତ ଚିକିତ୍ସିତ ହେଉଥିବା ଜଣାଯାଇଛି।

## ଏବେ ବି ୧୩୭ ଜଣ ଡାକ୍ତରଖାନାରେ ଚିକିତ୍ସିତ

**ଯାଜପୁର:** ଧିରେ ଧିରେ ଯାଜପୁର ଜିଲ୍ଲାରେ ଝାଡାବାନ୍ତି ପରିସ୍ଥିତିରେ ସୁଧାର ଆସିବାରେ ଲାଗିଛି। ଆଜି ସନ୍ଧ୍ୟା ସୁଦ୍ଧା ମିଳିଥିବା ତଥ୍ୟ ଅନୁଯାୟୀ ଜିଲ୍ଲାରେ ୧୦୯ ଜଣ ନୂଆ ରୋଗୀ ଆଡମିଟ୍ ହୋଇଥିବାବେଳେ ୯୩ ଜଣ ସ୍ୱଳ୍ପ ପତଳା ଝାଡା ଏବଂ ୧୬ ଜଣ ଅତ୍ୟଧିକ ପତଳା ଝାଡା ହେଉଥିବା ରୋଗୀ ଆଡମିଟ ହୋଇଛନ୍ତି। ୧୭ ଜଣ ରୋଗୀଙ୍କୁ ରେଫେର କରାଯାଇଛି ଏବଂ ୯୦ ଜଣଙ୍କୁ ଡିସଚାର୍ଜ କରାଯାଇଛି। ବର୍ତ୍ତମାନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସହ ଅନ୍ୟାନ୍ୟ ଚିକିତ୍ସାଳୟ ରେ ମୋଟ ୧୩୭ ଜଣ ରୋଗୀ ଚିକିତ୍ସିତ ହେଉଛନ୍ତି। ଯେଉଁଥିରେ ୧୩୫ ଜଣ ସ୍ୱଳ୍ପ ପତଳା ଝାଡା ଏବଂ ୨ ଜଣ ଅତ୍ୟଧିକ ପତଳା ଝାଡା ହେଉଥିବାର ସୂଚନା ମିଳିଛି। ପ୍ରତ୍ୟେକ ଘରେ ସାବୁନ ବଣ୍ଟନ ଚାଲୁରହିଛି ଏବଂ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରତିଦିନ ଏହାର ତଦାରଖ କରାଯାଉଛି।

# ଯାଜପୁର ରୋଡ୍‌ରେ ପିସିସି ଅନୁଧ୍ୟାନ କମିଟି



**ବ୍ୟାସନଗର, ୨୨।୬(ସମିସ):** ଯାଜପୁର ରୋଡ଼ ଏବଂ ଯାଜପୁର ଜିଲ୍ଲାରେ ଡାଇରିଆ ବ୍ୟାପକ ଭାବେ ବ୍ୟାପିବାର କାରଣ ଜାଣିବା ନିମନ୍ତେ ପିସିସିତରଫରୁ ଗଠିତ ଏକ ତଥ୍ୟ ଅନୁସନ୍ଧାନ କମିଟି ରବିବାର ଯାଜପୁର ରୋଡ୍ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଏବଂ କୋରେଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରିଛନ୍ତି। କମିଟି ଅଧ୍ୟକ୍ଷ ତଥା ରାଜଗାଙ୍ଗପୁର ବିଧାୟକ ଡା. ସିଏସ୍ ରାଜନ ଏକ୍କା ନେତୃତ୍ୱରେ ଏକ ଟିମ୍ ପୂର୍ବତନ ରାଜ୍ୟସଭା ସଦସ୍ୟ ରାମଚନ୍ଦ୍ର ଖୁଣ୍ଟିଆ, ରାଜ୍ୟ ଯୁବ କଂଗ୍ରେସର କାର୍ଯ୍ୟକାରୀ ସଭାପତି କୃଷ୍ଣଚନ୍ଦ୍ର ମହାନ୍ତି, ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସେବା ଦଳ ଅଧ୍ୟକ୍ଷ ଶୁଭେନ୍ଦୁ ମହାନ୍ତି ବ୍ୟାସନଗରରେ ପହଞ୍ଚିବା ପରେ ସିଧାସଳଖ ଯାଜପୁର ରୋଡ୍ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚିଥିଲେ। ମେଡିକାଲରେ ଡାଇରିଆ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଥିବା ରୋଗୀଙ୍କଠାରୁ ବିଭିନ୍ନ ବିଷୟରେ ଅବଗତ ହେବା ପରେ ଡା. ଦେବାଶିଷ ସାହୁଙ୍କ ସହିତ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ବିଭିନ୍ନ ସମସ୍ୟା ବିଷୟରେ ଆଲୋଚନା କରିଥିଲେ। ପରେ କୋରେଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଭିମୁଖେ ଯାତ୍ରା କରିଥିଲେ। ଏହି କାର୍ଯ୍ୟକ୍ରମରେ ତଥ୍ୟ ଅନୁସନ୍ଧାନ କମିଟି ବା ଫ୍ୟାକ୍ଟ ଫାଇଣ୍ଡିଙ୍ଗ୍ କମିଟି ସହିତ ସଭ୍ୟ ଅଶୋକ ସ୍ୱାଇଁ, ବ୍ୟାସନଗର କଂଗ୍ରେସ କମିଟି ସଭାପତି ଦିଲିପ୍ କୁମାର ମଲିକ, କୋରାଇ ବ୍ଲକ କଂଗ୍ରେସ କମିଟି ସଭାପତି ଅକ୍ଷୟ କୁମାର ଜେନା, ଆଇଏନଟିୟୁସି ରାଜ୍ୟ ସଭାପତି ବିଦ୍ୟାଧର ମହାନ୍ତି, ବରିଷ୍ଠ କଂଗ୍ରେସ ନେତା ସୁଧାନିଧି ମହାପାତ୍ର, ହୃଦାନନ୍ଦ ସାମଲ, ତପନ କୁମାର ନାୟକ, ପଦ୍ମନାଭ ସ୍ୱାଇଁ, ପଦ୍ମନାଭ ନାୟକ, ଆରତି ସ୍ୱାଇଁ, ଜ୍ୟୋତିସ୍ମିତା ରାଉତ, ନାରାୟଣ ଚନ୍ଦ୍ର ନାୟକ, ରାଜକିଶୋର ପ୍ରଧାନ, ଅନୁପ ନାୟକ, ଦୁଃଶାସନ ଦାସ, ନିରଞ୍ଜନ ପରିଡ଼ା, ବିଜୟ ବୋଇତେଇ, ନିରଞ୍ଜନ ନାୟକ, ରାକେଶ କୁମାର ସାହୁ, ଅମିତ୍ କୁମାର ଜେନା, ରବି ପ୍ରକାଶ ନାୟକ, ଶ୍ୟାମସୁନ୍ଦର ଜେନା, ବିଧୁଭୂଷଣ ମଲିକ, ଅନାଦି ବେହେରା, ସୂର୍ଯ୍ୟମଣି ମଲିକ, ପିତାମ୍ବର ପୃଷ୍ଟି, ସତ୍ୟପ୍ରକାଶ କୁଅଁର, ଗଜେନ୍ଦ୍ର କୁମାର ଜେନା ପ୍ରମୁଖ ଉପସ୍ଥିତ ରହିଥିଲେ।

# ଘର ତାଲା ଭାଙ୍ଗି କଳାକନା ବୁଲାଇଲେ ଦୁର୍ବୃତ୍ତ

**ଦଶରଥପୁର, ୨୨।୬(ସମିସ):** ପୁଲିସକୁ ଚକମା ଦେଖାଇ ମଙ୍ଗଳପୁର ଥାନା ଅଞ୍ଚଳରେ ଦୁର୍ବୃତ୍ତମାନେ ଜଣକ ପରେ ଜଣକୁ ସର୍ବସ୍ୱାନ୍ତ କରି ଚାଲିଛନ୍ତି। କିଛି ଘଟଣାରେ ପୁଲିସ ସେମାନଙ୍କୁ ଧରି ଜେଲ ପଠାଉଛି। ମାତ୍ର ଦୁର୍ବୃତ୍ତ ଯୋଜନାରେ ସମ୍ପୂର୍ଣ୍ଣ ବ୍ରେକ ଲାଗିପାରୁନି। ମଙ୍ଗଳପୁର ବଜାର ନିକଟସ୍ଥ ଥିବା ଗାୟତ୍ରୀ କଲୋନୀ ଠାରେ ବସବାସ କରୁଥିବା ନିମାଇଁ ଚରଣ ଦାଶ ଏବଂ ତାଙ୍କ ପତ୍ନୀ ଗତ ୧୯ ତାରିଖରେ ୨ ମହଲା କୋଠା ଘରେ ରଖିଥିବା ପାଳିତ ପକ୍ଷୀଙ୍କ ସ୍ୱତନ୍ତ୍ର କୋଠରିକୁ ଛାଡି ଅନ୍ୟ ସମସ୍ତ କୋଠରିରେ ତାଲା ପକାଇ ଭୁବନେଶ୍ୱରେ ରହୁଥିବା ପୁଅ ବୋହୂଙ୍କ ନିକଟକୁ ଯାଇଥିଲେ। ଭୁବନେଶ୍ୱର ଯିବା ବେଳେ ପକ୍ଷୀମାନଙ୍କୁ ଖାଦ୍ୟ ଦେବା ଉଦ୍ଦେଶ୍ୟରେ ନିକଟସ୍ଥ ଜଣେ ପଡୋଶୀଙ୍କୁ କହିଯାଇଥିଲେ। ଆଜି ସମ୍ପୃକ୍ତ ପଡୋଶୀ ପକ୍ଷୀଙ୍କୁ ଖାଦ୍ୟ ଦେବା ପାଇଁ ନିମାଇଁଙ୍କ ଘର ନିକଟକୁ ଯାଇ ଘର ସମ୍ମୁଖ କୋଠରିରେ ପଡ଼ିଥିବା ତାଲା ଭଙ୍ଗା ଯାଇଥିବା ଦେଖି ଅନ୍ୟ ପଡୋଶୀଙ୍କୁ ଜଣାଇବା ସହ କେରୁଣା ଅଞ୍ଚଳରେ ରହୁଥିବା ତାଙ୍କ ସାନ ଭାଇ ମନୋରଞ୍ଜନ ଦାସଙ୍କୁ ସୂଚନା ଦେଇଥିଲେ। ନିମାଇଁଙ୍କ ସାନ ଭାଇ ମନୋରଞ୍ଜନ ସେଠାରେ ପହଞ୍ଚିବା ପରେ ସମସ୍ତେ ଘର ଭିତରକୁ ଯିବାରୁ ଘରର ସମସ୍ତ କୋଠରି ତାଲା ଏବଂ ଘର ଭିତରେ ଥିବା ଆଲମିରା, ଡ୍ରେସିଂ ଟେବୁଲ, ୱାଲ ସେଡକୁ ଭାଙ୍ଗି ସେଥିରେ ଥିବା ସୁନା, ରୁପା ଅଳଙ୍କାର, ଟଙ୍କା ସମେତ ବହୁ ମୂଲ୍ୟବାନ ସାମଗ୍ରୀ ଲୁଟି ନେଇଥିବା ଦେଖିଥିଲେ। ଏ ସମ୍ପର୍କରେ ମନୋରଞ୍ଜନ ମଙ୍ଗଳପୁର ଥାନାରେ ଲିଖିତ ଅଭିଯୋଗ କରିବା ପରେ ମଙ୍ଗଳପୁର ଥାନା ପୁଲିସ ଅଭିଯୋଗ ଆଧାରରେ ଘଟଣାସ୍ଥଳରେ ପହଞ୍ଚି ଛାନଭିନ କରିଥଲେ ମଧ୍ୟ ଚୋରି ଘଟଣାର କୌଣସି ସୁରାକ ପାଇବାରେ ସକ୍ଷମ ହୋଇନଥିବା ବେଳେ ବାରମ୍ବାର ଚୋରୀକୁ ନେଇ ସ୍ଥାନୀୟ ବାସିନ୍ଦା ଭୟଭୀତ ହୋଇପଡ଼ିଛନ୍ତି।



# ମଣ୍ଡି ଅବ୍ୟବସ୍ଥା ବିରୋଧରେ କୃଷକ ସମାବେଶ

**ଦଶରଥପୁର, ୨୨।୬(ସମିସ):** ଦଶରଥପୁର ବ୍ଲକ ଅନ୍ତର୍ଗତ ଗରଡିହ ଠାରେ ଅଲ୍ ଇଣ୍ଡିଆ କିଷାନ କ୍ଷେତ୍ର ମଜଦୂର ସଂଗଠନ (ଏଆଇକେକେଏମ୍ଏସ୍) ଆଞ୍ଚଳିକ ଶାଖା ପକ୍ଷରୁ ଶହ ଶହ ଚାଷୀ-ମୂଲିଆ ଓ ଭାଗଚାଷୀଙ୍କୁ ନେଇ ଏକ ବିଶାଳ ଜନସଭା ଓ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି ସଭାରେ ଆଞ୍ଚଳିକ ଜନସ୍ୱାର୍ଥ ସୁରକ୍ଷା କମିଟିର ଆବାହକ ନୃସିଂହ ଚରଣ ପଣ୍ଡା ସଭାପତିତ୍ୱ କରି ତାଙ୍କ ଅଭିଭାଷଣରେ ଚଳିତ ବର୍ଷ ରବି ଋତୁରେ ଚାଷୀ ମାନଙ୍କର ଧାନ ବିକ୍ରି କ୍ଷେତ୍ରରେ ସୃଷ୍ଟି ହୋଇଥିବା ଦୟନୀୟ ଅବସ୍ଥା ଉପରେ ବକ୍ତବ୍ୟ ପ୍ରଦାନ କରି ଚଳିତ ରବି ଋତୁରେ ଚାଷୀ ଯେତେ ପରିମାଣର ଧାନ ଅମଳ କରିଛନ୍ତି ସେହି ଅନୁଯାୟୀ ସେମାନଙ୍କୁ ଧାନ ବିକ୍ରି ପାଇଁ ଟୋକନ ମିଳିନାହିଁ। ଏମିତିକି ଆଦୌ ଚାଷ କରିନଥିବା ବ୍ୟକ୍ତିଙ୍କୁ ସେମାନେ ଧାନ ବିକ୍ରି ପାଇଁ ଟୋକନ ମିଳିଛି ବୋଲି ଅଭିଯୋଗ କରିଥିଲେ। ଏଆଇକେକେଏମ୍ଏସ୍ ଓଡ଼ିଶା ରାଜ୍ୟ କମିଟିର ସମ୍ପାଦକ ରଘୁନାଥ ଦାସ ବକ୍ତବ୍ୟ ରଖିବା ପରେ ଉପସ୍ଥିତ ଚାଷୀ ଓ ଭାଗଚାଷୀମାନଙ୍କ ସର୍ବସମ୍ମତି କ୍ରମେ ଏକ ୩୫ ଜଣିଆ କାର୍ଯ୍ୟକାରୀ କମିଟି ଗଠନ କରାଯାଇଥିଲା। କମିଟିର ସଭାପତି ନୃସିଂହ ଚରଣ ପଣ୍ଡାଙ୍କୁ ଚୟନ କରାଯାଇଥିଲା, ନିରାକାର ଦାସ ସମ୍ପାଦକ ଓ ଜଳଧର ଦାସ ସହ ସମ୍ପାଦକ ଭାବେ ମନୋନୀତ ହୋଇଥିଲେ। ଆସନ୍ତା ୨ଦିନ ମଧ୍ୟରେ ଶହ ଶହ ଚାଷୀ ମୂଲିଆ ଓ ଭାଗଚାଷୀଙ୍କୁ ନେଇ ଯାଜପୁର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଏକ ବିଶାଳ ଗଣ ଆନ୍ଦୋଳନ ପାଇଁ ସର୍ବସମ୍ମତି ପ୍ରସ୍ତାବ ଗ୍ରହଣ କରାଯାଇଥିଲା।

# ଶ୍ରୀ ବିରଜା ସେବା ସମିତିର ବାର୍ଷିକ ଅଧିବେଶନ

**ଯାଜପୁର, ୨୨।୬(ସମିସ):** ଶ୍ରୀବିରଜା ସେବା ସମିତିର ୨୪ତମ ବାର୍ଷିକ ଅଧିବେଶନ ମା’ବିରଜାଙ୍କ ମନ୍ଦିର ପରିସରରେ ସଭାପତି ବିଶ୍ୱମ୍ଭର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ କ୍ଷୀରୋଦ ଚନ୍ଦ୍ର ପାଠୀ ପୂର୍ବ ଆର୍ଥିକ ବର୍ଷର ବିବରଣୀ ପାଠ କରିଥିଲେ ଓ ୨୦୨୪-୨୫ ଆର୍ଥିକ ବର୍ଷର ବିବରଣୀ ପୁସ୍ତିକା ସଭ୍ୟମାନଙ୍କ ମଧ୍ୟରେ ବଣ୍ଟନ କରାଯାଇଥିଲା। କୋଷାଧ୍ୟକ୍ଷ ହରିହର ବେହେରା ଓ ହିସାବ ନିରୀକ୍ଷକ ରମେଶ ଚନ୍ଦ୍ର ରାଉତ ଗତ ଆର୍ଥିକ ବର୍ଷର ଜମା ଖର୍ଚ୍ଚ, ଆୟ, ବ୍ୟୟ ଓ ଦେୟ ପ୍ରାପ୍ୟର ବିବରଣୀ ସଭାକୁ ବୁଝାଇଥିଲେ ଏବଂ ଏହା ସର୍ବସମ୍ମତିକ୍ରମେ ଗୃହୀତ ହୋଇଥିଲା। ଉପ-ସଭାପତି ପ୍ରମୋଦ କୁମାର ଦ୍ୱିବେଦୀ ଆର୍ଥିକ ଅନଗ୍ରସର ବ୍ରାହ୍ମଣ ପିଲାଙ୍କର ବ୍ରତୋପନୟ ଆସନ୍ତା ବର୍ଷ ମାନଙ୍କରେ ହେବକି ନାହିଁ ସଭାରେ ଉପସ୍ଥାପନ କରିଥିଲେ। ବରିଷ୍ଠ ପୂଜକ ସୁବାସ ଚନ୍ଦ୍ର ପାଣିଙ୍କ ଆଶୁ ଆରୋଗ୍ୟ କାମନା କରାଯାଇଥିଲା। ଓଡ଼ିଶାରେ ମହାମାରୀ ନିର୍ମୂଳ ହେଉ ବୋଲି ମା’ବିରଜାଙ୍କ ନିକଟରେ ପ୍ରାର୍ଥନା କରାଯାଇଥିଲା। ଏଥିରେ ସଭ୍ୟ ନୃସିଂହ ଚରଣ ମହାପାତ୍ର, ଗଦାଧର ମହାପାତ୍ର, ବ୍ରହ୍ମାନନ୍ଦ ସ୍ୱାଇଁ, ମଧୁସୂଦନ ମହାନ୍ତି, ଧୀରେନ୍ଦ୍ର କୁମାର ପରିଡ଼ା, ନିରୂପମା ମହାନ୍ତି, ଯୁଗ୍ମ ସମ୍ପାଦକ ବୃନ୍ଦାବନ ମିଶ୍ର ଓ ସୁବାସ ଚନ୍ଦ୍ର ମହାପାତ୍ର, ଆନନ୍ଦ ଚନ୍ଦ୍ର ସାହୁ, ଅତିସ୍ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ବରିଷ୍ଠ ସଭ୍ୟ କହ୍ନାଇ ଚରଣ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

# କ୍ଷେତ ପୋଖରି ଖନନରେ ଲକ୍ଷ ଲକ୍ଷ ଚଳୁ

**କୁହିକା, ୨୨।୬(ସମିସ):** କ୍ଷେତ ପୋଖରି ଖନନ ନାଁ ରେ ଲକ୍ଷ ଲକ୍ଷ ଟଙ୍କା ଚଳୁ କରାଯାଇଛି। ସେହିପରି ଜଙ୍ଗଲ ଜମି ଉପରେ ପ୍ରକଳ୍ପ ପାଇଁ କୌଣସି ଅନୁମତି ନ ନେଇ, ଜଙ୍ଗଲ ଜମି ଉପରେ ଖନନ କରାଯାଇଥିଲେ ମଧ୍ୟ ଜଳ ବିଭାଜିକା ବିଭାଗ ଚୁପ ବସିବା ଘଟଣାକୁ ନେଇ ନାନା ସନ୍ଦେହ ଉପୁଜିଛି। ସୁକିନ୍ଦା ବ୍ଲକ ଲେମ୍ବୋ ପଞ୍ଚାୟତ ସାନ୍ତାରାପୁର ହଡ଼ାବାହାଳିର ଦୈତାରୀ ମହାନ୍ତ ନାମକ ଜଣେ ବ୍ୟକ୍ତିଙ୍କୁ ପ୍ରକଳ୍ପ ନିର୍ଦ୍ଦେଶକ ଜଳ ବିଭାଜିକା ଯାଜପୁର ପକ୍ଷରୁ କ୍ଷେତ ପୋଖରି ଖନନ କରିବା ନିମନ୍ତେ କାର୍ଯ୍ୟାଦେଶ ଦିଆଯାଇ ପୋଖରି ଖନନ କାର୍ଯ୍ୟ ଇତି ମଧ୍ୟରେ ଶେଷ ହୋଇଛି। ପୋଖରି ଖନନ ହୋଇଥିବା ଜାଗାଟି ସମ୍ପୂର୍ଣ୍ଣ ଜଙ୍ଗଲ ଜମି ରହିଛି। ଜଙ୍ଗଲ ଅଧିକାର ଆଇନ ଅନୁଯାୟୀ ଜଙ୍ଗଲ ଜମି ଉପରେ କୌଣସି ପ୍ରକଳ୍ପ କରିବାକୁ ହେଲେ ପ୍ରଥମେ ଜଙ୍ଗଲ ବିଭାଗର ଅନୁମତିର ଆବଶ୍ୟକତା ରହିଛି। କିନ୍ତୁ ଉକ୍ତ ଆଇନକୁ ଖୋଲା ଉଲ୍ଲଘଂନ କରି ଜଳ ବିଭାଜିକା ଯାଜପୁର ପକ୍ଷରୁ କାର୍ଯ୍ୟାଦେଶ ପ୍ରଦାନ କରାଯାଇଛି। ଉକ୍ତ କାର୍ଯ୍ୟର ସୂଚନା ଫଳକ କହୁଛି ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ କର୍ମ ନିଯୁକ୍ତି ଯୋଜନାରେ କ୍ଷେତ ପୋଖରି ଖନନ ପାଇଁ ପ୍ରକଳ୍ପ ନିର୍ଦ୍ଦେଶକ ଜଳ ବିଭାଜିକା ଯାଜପୁରଙ୍କ ପକ୍ଷରୁ କାର୍ଯ୍ୟ କୋଡ଼ ୨୪୨୧୭/ଡବ୍ଲୁ ସି/ଆଇ ଏଫ/୧୧୨୯୬୧୬୭ରେ ମୋଟ ଶ୍ରମିକ ଅଂଶ ୮୬୨ ଦିନର କାର୍ଯ୍ୟ କରିଥିବା ନେଇ ସୂଚନା ଫଳକ କହୁଛି। ଏପଟେ କ୍ଷେତ ପୋଖରି ନାଁରେ କୁହିକା ଠାରୁ ପିଙ୍ଗଲ, ଲେମ୍ବୋ ପଞ୍ଚାୟତରେ କ୍ଷେତ ପୋଖରି ଖନନ ନ କରି ବିଭାଗୀୟ ଜେଇ ସୁଶାନ୍ତ କୁମାର ଦାସ ଲକ୍ଷ ଲକ୍ଷ ଟଙ୍କା ଚଳୁ କରିଥିବା ଅଭିଯୋଗ ହେଉଛି। ଲେମ୍ବୋ ପଞ୍ଚାୟତର ଏକାଧିକ ସ୍ଥାନରେ ଏକାଧିକ ବ୍ୟକ୍ତିଙ୍କୁ ଆୟୁଧ କରି ବିନା ପୋଖରି ଖନନରେ ଲକ୍ଷ ଲକ୍ଷ ଲୁଟ କରିଥିବା ଅଭିଯୋଗ ହେଉଛି। କ୍ଷେତ ପୋଖରି ଖନନ ନାଁ ରେ ବିଭାଗୀୟ ଜେଇ, ଜଳ ବିଭାଜିକା ବିଭାଗୀୟ ଅଧିକାରୀ ମାନେ ମାଲାମାଲ ହେଉଥ?ବା ଅଭିଯୋଗ ହେଉଛି। ଏ ସମ୍ପର୍କରେ ସୁକିନ୍ଦା ବିଡିଓ, ଯାଜପୁର ଏଡିଏମ, ଯାଜପୁର ଜିଲ୍ଲାପାଳ, ଜଙ୍ଗଲ ବିଭାଗ, ମୁଖ୍ୟ ଶାସନ ସଚିବ ଅବିଳମ୍ବେ ଘଟଣାର ତଦନ୍ତ କରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଦାବୀ କରାଯାଇଛି।

# ପେନ୍‌ସନ ମାରଣ ନୀତି ବିରୋଧରେ ପ୍ରତିବାଦ

**ଧର୍ମଶାଳା, ୨୨।୬(ସମିସ):** ଓଡ଼ିଶା ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ମହାସଂଘର ଆହ୍ୱାନ କ୍ରମେ କେନ୍ଦ୍ର ଅନୁରୂପ ଚିକିତ୍ସା ଭତ୍ତା ଓ ରାଜ୍ୟ ପେନସନର ମାନେ ପୋଷ୍ଟକାର୍ଡ ଅଭିଯାନରେ ସାମିଲ ହୋଇ ମହାସଂଘର ୧୧୨ଟି ଶାଖା ସଙ୍ଘ ପକ୍ଷରୁ ଏହାର ସମାଧାନ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଚଳିତ ବର୍ଷ ମାର୍ଚ୍ଚ ୨୫ତାରିଖରେ ପାର୍ଲ୍ୟାମେଣ୍ଟରେ ଅର୍ଥ ଆଇନ - ୨୦୨୫ର ଚତୁର୍ଥ ପରିଚ୍ଛେଦକୁ ସଂଶୋଧନ କରି କେନ୍ଦ୍ର ଓ ରାଜ୍ୟ ପେନସନରମାନଙ୍କ ନିମନ୍ତେ ଥିବା ପେନସନ ଅଭିବୃଦ୍ଧିକୁ ବନ୍ଦ କରାଯାଇଛି। ଅବିଳମ୍ବେ ଏହାର ବିହିତ ପଦକ୍ଷେପ ଗ୍ରହଣ କରାନଗଲେ ଅଖିଳ ଭାରତ ରାଜ୍ୟ ସରକାରୀ ପେନସନର ମହାସଂଘ ଆହ୍ୱାନ ଓ ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ମହାସଂଘର ନିଷ୍ପତି ଅନୁସାରେ ଆସନ୍ତା ଜୁଲାଇ ୨୫ ତାରିଖରେ ଦେଶବ୍ୟାପି ପ୍ରତିବାଦ ଦିବସ ଓଡ଼ିଶାର ପେନସନରମାନେ ସାମିଲ ହେବେ ବୋଲି ମହାସଂଘ ଚେତାବନୀ ଦେଇଛି। ମହାସଂଘ ଧର୍ମଶାଳା ଶାଖା ପକ୍ଷରୁ ପ୍ରଧାନମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କୁ ଭିଡିଓ ଓ ଜିଲ୍ଲାପାଳଙ୍କ ମାଧ୍ୟମରେ ସ୍ମାରକପତ୍ର ପ୍ରଦାନ କରାଯିବା ନେଇ ପେନସନରମାନେ ସାମିଲ ହେବା ପାଇଁ ସଙ୍ଘର ସଭାପତି ଆଶାତରୁ ନାୟକ, ସମ୍ପାଦକ ପ୍ରଫୁଲ୍ଲ କୁମାର ସ୍ୱାଇଁ, କୋଷାଧ୍ୟକ୍ଷ ଭିକାରୀ ଚରଣ ମଲିକ ଓ ବଟକୃଷ୍ଣ ସାହୁ ନିବେଦନ କରିଛନ୍ତି।

## ଲକ୍ଷାଧିକ ଟଙ୍କାର ବିଦ୍ୟୁତ୍ ତାର ଚୋରି

**ସୁକିନ୍ଦା, ୨୨।୬(ସମିସ):** ସୁକିନ୍ଦା ଥାନା ଅଞ୍ଚଳରୁ ଲକ୍ଷାଧିକ ଟଙ୍କାର ବିଦ୍ୟୁତ୍ ତାର ଚୋରି ହୋଇଥିବା ଅଭିଯୋଗ ହୋଇଛି। ଏହି ଥାନା ଅନ୍ତର୍ଗତ ସଂସାଇଲୋ ପଞ୍ଚାୟତ ଅଧୀନ ଡୁବିଖାଲ ଗ୍ରାମ ନିକଟବର୍ତ୍ତୀ ଅଞ୍ଚଳକୁ ଯାଇଥିବା ୧୧କେଭି ବିଦ୍ୟୁତ୍ ତାର ଚୋରୀ ହୋଇଛି। ଡୁବିଖାଲ ଗ୍ରାମ ନିକଟରେ ଥିବା ଏକ ଏଭି ସ୍ୱିଚ ଅଫ କରି ବିଦ୍ୟୁତ୍ ବିଚ୍ଛିନ୍ନ କରି ୧୮ଟି ଖୁଣ୍ଟରୁ ବିଦ୍ୟୁତ୍ ତାର ଚୋରୀ ହୋଇଛି। କିଛି ଅଭିଜ୍ଞ ଚୋରା ଅତି ଚତୁରତାର ସହ ଏହି ଚୋରୀ କରିଥିବା କୁହାଯାଉଛି। ସମ୍ପୃକ୍ତ ଅଞ୍ଚଳରେ ଏବେ ବିଦ୍ୟୁତ ସରବରାହ ବନ୍ଦ ରହିଛି। ବିଦ୍ୟୁତ ବିଭାଗର କନିଷ୍ଠ ଯନ୍ତ୍ରୀ ଗୋବିନ୍ଦ ଚରଣ ଦାସ ଶନିବାର ଦିନ ସୁକିନ୍ଦା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ସୂଚନା ପାଇ ପୋଲିସ ଶନିବାର ଦିନ ଘଟଣାସ୍ଥଳକୁ ଯାଇ ତଦନ୍ତ ଆରମ୍ଭ କରିଛି।

### ବାଡ଼ିରେ ପଶି ଗଛ ହାଣିଲେ

# ଅଭିଯୋଗ ପରେ ମାମଲା କରିନି ପୁଲିସ



**ପ୍ରୀତିପୁର, ୨୨।୬(ସମିସ):** ଜନୈକ ବ୍ୟକ୍ତିଙ୍କ ବାଡିରେ ପଶି ଗଛ ହାଣିନେଲେ।। ଅଭିଯୋଗର ୩୦ ଦିନ ବିତିବା ପରେ ମାମଲା କରିନି ପୁଲିସ। ପ୍ରକାଶ ଯେ ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ଉତ୍ତରକୂଳ ପଞ୍ଚାୟତ ତଥା ଗ୍ରାମର ବିରଞ୍ଚିନାରାୟଣ ଆଚାର୍ଯ୍ୟଙ୍କ ବାଡିରେ ଥିବା ଏକ ବିଶାଳ ତେନ୍ତୁଳି ଗଛକୁ ତାଙ୍କର ପଡୋଶୀ ଦୁର୍ଗାଚରଣ ଆଚାର୍ଯ୍ୟ କିଛି ଅସାମାଜିକ ଲୋକଙ୍କୁ ହାତକରି ମେସିନ କଟର ଦ୍ୱାରା ଜୋର ଜବରଦସ୍ତ ବିରଞ୍ଚିନାରାୟଣ ଆଚାର୍ଯ୍ୟଙ୍କ ବାଡିରେ ପଶି କାଟି ପକାଇଥିଲେ। ଘଟଣା ସମ୍ପର୍କରେ ବିରଞ୍ଚିନାରାୟଣ ଅଳକୁଣ୍ଡ ଥାନାରେ ମେ’ ୨୨ତାରିଖରେ ଲିଖିତ ଅଭିଯୋଗ କରିଥିଲେ। ଅଳକୁଣ୍ଡ ପୁଲିସ ଘଟଣାର ତଦନ୍ତ କରିବା ପାଇଁ ଘଟଣାସ୍ଥଳରେ ପହଞ୍ଚିଥିଲା। କଟାଯାଇଥିବା କାଠ, ଗଛର ଫଟୋ ଉଠାଇଥିଲା। ମାସଟିଏ ବିତିଯାଇଥିଲେ ମଧ୍ୟ ମାମଲାକୁ ନେଇ କେସ ରୁଜୁ ହୋଇନାହିଁ। ଅଭିଯୋଗକାରୀ ବିରଞ୍ଚିନାରାୟଣ ଆଚାର୍ଯ୍ୟ ଏତାଲା କପି ପାଇଁ ବାରମ୍ବାର ଅଳକୁଣ୍ଡ ଥାନାକୁ ଦୌଡି ଦୌଡି ନୟାନ୍ତ ହେବା ପରେ ସାମ୍ବାଦିକ ମାନଙ୍କୁ ଭେଟିଥିଲେ। ଏହି ଖବର ପାଇବା ପରେ ଅଭିଯୋଗରେ ସମ୍ପୃକ୍ତ କିଛି ଯୁବକ ବିରଞ୍ଚିଙ୍କ ଘରେ ପହଞ୍ଚି ତାଙ୍କୁ ଧମକ ଚମକ ଦେଇ ଥାନାକୁ ନେଇ ମାମଲାର ରଫାଦଫା କରିବା ପାଇଁ ଜୋର ଜବରଦସ୍ତ କରିବା କଥା ବିରଞ୍ଚି କହିଛନ୍ତି।

# ଗାଡ଼ି ଧକ୍କାରେ ଜଣେ ମୃତ; ଜଣେ ଆହତ

**ଦାନଗଦି, ୨୨।୬(ସମିସ):** ଯାଜପୁର କଳିଙ୍ଗନଗର ଥାନା ଅନ୍ତର୍ଗତ ରାମଠେଙ୍ଗା ନିକଟରେ ବାଇକ୍‌କୁ ଏକ ଅଜଣା ଗାଡ଼ି ପଛପଟୁ ଧକ୍କା ଦେବା ଫଳରେ ବାଇକରେ ବସିଥିବା ଦୁଇ ସାଙ୍ଗଙ୍କ ଭିତରୁ ପଦନ ମହାନ୍ତ (୨୦) ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ଜଣେ ସାଙ୍ଗ ଟୁନା ମହାନ୍ତ ଗୁରୁତର ହୋଇଥିଲେ। ଉଭୟଙ୍କ ଘର ରଙ୍ଗାହୁଡ଼ି ବୋଲି ଜଣା ପଡ଼ିଛି। ଖବର ପାଇ କଳିଙ୍ଗନଗର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଆହତ ଟୁନା ମହାନ୍ତଙ୍କୁ ସୁକିନ୍ଦା ମେଡିକାଲରେ ଚିକିତ୍ସା ନିମନ୍ତେ ଭର୍ତ୍ତି କରିଥିଲେ। ମୃତ ପଦନଙ୍କୁ ଦାନଗଦି ସ୍ୱାସ୍ଥ୍ୟକେନ୍ଦ୍ରକୁ ଶବ ବ୍ୟବଚ୍ଛେଦ ନିମନ୍ତେ ପଠାଇଥିଲେ।

# ବିନା ଅନୁମତିରେ ଗଛ କାଟିନେଲେ ଠିକାଦାର

**କବାଟବନ୍ଧ, ୨୨।୬(ସମିସ)**

ଧର୍ମଶାଳା ବ୍ଲକ ଅନ୍ତର୍ଗତ ଜେନାପୁର ଥାନା କବାଟବନ୍ଧ ଏବଂ ମର୍ଜିତାପୁର ନିକଟରେ ନଦୀ ବନ୍ଧ ରାସ୍ତା କଡ଼ରୁ ବେଆଇନ ଭାବେ ବହୁ ପରିମାଣର ଗଛ କାଟି ଦିଆଯାଇଛି। ଯାହାକୁ ନେଇ ସ୍ଥାନୀୟ ଅଞ୍ଚଳରେ ବୁଦ୍ଧିଜୀବୀ ମହଲରେ କ୍ଷୋଭ ପ୍ରକାଶ ପାଇଛି। ତେବେ ଘଟଣାସ୍ଥଳରେ ବନ ବିଭାଗ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ସୂଚନା ଅନୁସାରେ ଧର୍ମଶାଳା ତହସିଲ ଜେନାପୁର ଥାନା ଅନ୍ତର୍ଗତ ବଳରାମପୁର ରାଜସ୍ୱ ନିରୀକ୍ଷକ କାର୍ଯ୍ୟାଳୟ-୧ ଅଧୀନ ମର୍ଜିତାପୁର ନିକଟରେ ରହିଥିବା ପଳାସ ଜଙ୍ଗଲରୁ ଗତ ମାସରେ ପ୍ରାୟ ୫୦ରୁ ଉର୍ଦ୍ଧ୍ୱ ଗଛ କାଟି ଦିଆଯାଇଥିଲା। ଓପିଟିସିଏଲ (ଓଡ଼ିଶା ପାୱାର ଟ୍ରାନ୍ସମିଶନ କର୍ପୋରେସନ ଲିମିଟେଡ଼)ର ଦ୍ୱାରା ଉଚ୍ଚ କ୍ଷମତା ସମ୍ପନ୍ନ ବିଦ୍ୟୁତ ଟାୱାର ନିର୍ମାଣ ପାଇଁ ବ୍ରାହ୍ମଣୀ ନଦୀ ଭିତରେ ଏହି ଟାୱାର ନିର୍ମାଣ କରାଯିବ। ଏଥିପାଇଁ ଆବଶ୍ୟକୀୟ ଭିତ୍ତିଭୂମି ତଥା ବିଭିନ୍ନ ମେସିନ ଉପକରଣ, ନିର୍ମାଣ ସାମଗ୍ରୀ ଆଦି ପରିବହନ ଓ ଯିବା ଆସିବା ପାଇଁ ଏହି ରାସ୍ତା ନିର୍ମାଣ କରାଯାଉଛି। ଏଥିପାଇଁ ନିୟୋଜିତ ଠିକାଦାର ବେଆଇନ ଭାବେ ବହୁ ପରିମାଣର ପଳାସ ଗଛ କାଟି ଦେଇଛନ୍ତି। ସ୍ଥାନୀୟ ଲୋକମାନେ ଠିକାଦାରଙ୍କୁ ପଚାରିଥିଲେ ମଧ୍ୟ ଠିକାଦାର ଗଛ କାଟିବା ପାଇଁ ଅନୁମତି ପାଇଥିବା କହିଥିଲେ। ଯାହାକି ସମ୍ପୂର୍ଣ୍ଣ ମିଛ କଥା। ପୁନର୍ବାର ରବିବାର ଠିକାଦାର ବିନା କୌଣସି କାରଣରେ ରାସ୍ତା ନିର୍ମାଣ କରିବା ପାଇଁ ୨୦ରୁ ଉର୍ଦ୍ଧ୍ୱ ଗଛ କାଟି ଦେଇଥିଲେ। ସ୍ଥାନୀୟ ଲୋକମାନେ ଠିକାଦାରଙ୍କୁ ପଚାରିଥିଲେ ମଧ୍ୟ ତହସିଲଦାର ଅନୁମତି ଦେଇଛନ୍ତି ବୋଲି କହି ଫାଙ୍କି ଥିଲେ। ଏହି ଘଟଣା ସମ୍ପର୍କରେ ବନ ବିଭାଗ ଖବର ପାଇ ରବିବାର ସନ୍ଧ୍ୟାରେ ଉକ୍ତ ସ୍ଥାନରେ ପହଞ୍ଚି ପ୍ରାରମ୍ଭିକ ତଦନ୍ତ ଆରମ୍ଭ କରିଥିବା ଦେଖିବାକୁ ମିଳିଛି। ତଦନ୍ତ ସମୟରେ ବହୁ ଗଛ କଟାଯାଇଥିବା ବନ କର୍ମଚାରୀ ଦେଖିବାକୁ ପାଇଛନ୍ତି ଏବଂ ଠିକାଦାରଙ୍କୁ ପଚରାଉଚରା କରିଛନ୍ତି। ମାତ୍ର ଠିକାଦାର ମଧ୍ୟ ସମାନ ଢଙ୍ଗରେ ମିଛ କଥା ତହସିଲଦାର ଅନୁମତି ଦେଇଥିବା କହି ଖସି ଯିବାକୁ ଚେଷ୍ଟା କରିଥିଲେ ମଧ୍ୟ ସମ୍ଭବ ହୋଇନାହିଁ। ବନ ବିଭାଗ ପକ୍ଷରୁ ଅନୁମତିପତ୍ର ମଗାଯାଇଥିଲେ ମଧ୍ୟ ଗଛ କାଟିବା ପାଇଁ ଠିକାଦାରଙ୍କ ପାଖରେ କୌଣସି ଅନୁମତି ନାହିଁ ବୋଲି କହିଥିଲେ। ତହସିଲ ପକ୍ଷରୁ ତାଙ୍କୁ ମୌଖିକ ଭାବେ ଅନୁମତି ଦିଆଯାଇଥିବା କହିଥିଲେ। ଯାହାକି



ସକାଳ
THE SAKALA

# ସମ୍ପାଦକୀୟ

ଉପଯୁକ୍ତ ବୌଦ୍ଧିକ ଓ ଆର୍ଥିକ ସହାୟତା ମିଳିଲେ କୃଷି କ୍ଷେତ୍ର ନିଯୁକ୍ତିଭିତ୍ତିକ ଅର୍ଥନୈତିକ ପ୍ରଗତିରେ ଉଲ୍ଲେଖନୀୟ ଯୋଗଦାନ ଦେଇପାରିବ।
-ଏମ୍ ଏସ୍ ସ୍ୱାମୀନାଥନ୍

## ଶ୍ରମିକ ମାରଣ ନୀତି

ଦେଶରେ ବେରୋଜଗାରୀ ହାର ଗତ ମେ' ମାସରେ ପୂର୍ବ ମାସ ତୁଳନାରେ ୦.୫ ପ୍ରତିଶତ ବୃଦ୍ଧି ପାଇଛି। ୧୪୫ କୋଟି ଜନସଂଖ୍ୟା ବିଶିଷ୍ଟ ଏକ ଦେଶ ପାଇଁ ଏହି ପରିସଂଖ୍ୟାନ କେତେ ଉଦ୍‌ବେଗଜନକ ତାହା ବୁଝାଇ କହିବା ଆବଶ୍ୟକ ନାହିଁ। ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳକୁ ମିଶାଇ ଏହି ପରିସଂଖ୍ୟାନ ପ୍ରକାଶ ପାଇଥିବା ବେଳେ ଅମଳ ପରେ କୃଷି ଶ୍ରମିକମାନଙ୍କ ହାତରେ ଆଉ କାମ ନଥିବାରୁ ତାହାର ପ୍ରଭାବ ସାମଗ୍ରିକ ଭାବେ ଦେଶର ବେରୋଜଗାରୀ ସୂଚକାଙ୍କ ଉପରେ ପଡ଼ିଛି ବୋଲି ସରକାରୀ ଭାବେ କୁହାଯାଇଛି। ଅଥଚ କେନ୍ଦ୍ର ସରକାର ରୋଜଗାରର ନିଶ୍ଚିତ ଓ ନିର୍ଭରଯୋଗ୍ୟ ପନ୍ଥା 'ଏମ୍‌ନରେଗା'ର ପାଣ୍ଠି ପ୍ରଦାନକୁ ସାମୟିକ ସ୍ଥଗିତ କରିଦେଇଛନ୍ତି। ଏହି ଦୁଇ ବିପରୀତଧର୍ମୀ ତଥ୍ୟକୁ ମିଶାଇ ଦେଖିଲେ ଯୋଜନା ପ୍ରଣୟନ ଓ ରୂପାୟନ ମଧ୍ୟରେ ଯେ ତ୍ରୁଟି ରହିଛି ତାହା ଅସ୍ୱୀକାର କରାଯାଇପାରିବ ନାହିଁ।

ଗ୍ରାମୀଣ ଭାରତରେ ଶ୍ରମଜୀବୀଙ୍କ ହାତକୁ ଅଧିକରୁ ଅଧିକ କାମ ଦେଇ ବେରୋଜଗାରୀ ସମସ୍ୟାର ସମାଧାନ ଲକ୍ଷ୍ୟରେ ଯୁଗାନ୍ତକାରୀ 'ମହାତ୍ମାଗାନ୍ଧୀ ଜାତୀୟ ଗ୍ରାମୀଣ କର୍ମନିଯୁକ୍ତି ନିଶ୍ଚିତ ଯୋଜନା(ଏମ୍‌ନରେଗା)' ଆରମ୍ଭ କରାଯାଇଥିଲା। ବିଶେଷକରି ବେଉଷଣ ଓ ଅମଳ ପରବର୍ତ୍ତୀ ସମୟରେ ଶ୍ରମଜୀବୀଙ୍କ ପାଖରେ ଆଉ ବିଶେଷ କାମ ରହୁ ନଥିବାରୁ ସେମାନଙ୍କ ରୋଜଗାରର ପନ୍ଥା ସଂକୁଚିତ ହୋଇଯାଏ। ତେଣୁ ସେହି ସମୟରେ ଭିତ୍ତିଭୂମି ବିକାଶ ଓ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଶ୍ରମଜୀବୀଙ୍କୁ ଅନ୍ତତଃ ପରବର୍ତ୍ତୀ ଚାଷବାସ ପର୍ଯ୍ୟନ୍ତ ଶହେ ଦିନର କାମ ଯୋଗାଇ ଦେବାର ପ୍ରତିଶ୍ରୁତି ଏହି ଯୋଜନାରେ ରହିଛି। ଉପା ସରକାର ଅମଳରେ ଆରମ୍ଭ ହୋଇଥିବା ଏହି ଯୋଜନା ପ୍ରତି ଏନ୍‌ଡିଏ ସରକାର ସମୟୋପଯୋଗୀ ଗୁରୁତ୍ୱ ଦେଉ ନଥିବା ଅଭିଯୋଗ ହୋଇଆସୁଛି। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟାକୁ ଦୃଷ୍ଟିରେ ରଖି କାର୍ଯ୍ୟଦିବସ ଓ ବଜେଟ୍ ବ୍ୟୟବରାଦ ବୃଦ୍ଧି ପାଇବା ବଦଳରେ ଦୀର୍ଘବର୍ଷ ଧରି ଏହା ଅପରିବର୍ତ୍ତିତ ରହିବା ଦ୍ୱାରା ସ୍ୱାଭାବିକ ଭାବେ କେନ୍ଦ୍ର ସରକାରଙ୍କ ଶ୍ରମିକ ରୋଜଗାର ପ୍ରସଙ୍ଗରେ ଥିବା ଆନ୍ତରିକତା ଓ ଅଙ୍ଗୀକାରବଦ୍ଧତା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ଆହୁରି ମଧ୍ୟ ଯନ୍ତ୍ରଚାଳିତ କାମ ଉପରେ ଅଧୁନା ଅଧିକ ଗୁରୁତ୍ୱ ଦିଆଯାଉଥିବାରୁ ଶ୍ରମଜୀବୀମାନଙ୍କ ହାତକୁ ଆଉ ସେପରି ଆଖିଦୃଶିଆ କାମ ଆସୁନି। ଏହି ପୃଷ୍ଠଭୂମିରେ କେନ୍ଦ୍ର ସରକାର ଚଳିତ ଆର୍ଥିକ ବର୍ଷର ପ୍ରଥମ ଛଅ ମାସ ପାଇଁ ଏମ୍‌ନରେଗା ବାବଦ ମୋଟ ବ୍ୟୟବରାଦର କେବଳ ୬୦% ଅର୍ଥ ମଞ୍ଜୁର କରିବାକୁ କଟକଣା ଜାରି କରିଛନ୍ତି। ଏମ୍‌ନରେଗାରେ ପ୍ରଥମ ଥର ପାଇଁ ଏଭଳି କଟକଣା ଜାରି ହେବା ପଛରେ ନିର୍ଦ୍ଦିଷ୍ଟ ଯୁକ୍ତିଯୁକ୍ତତା ମଧ୍ୟ ନାହିଁ।

ସମସ୍ତ ଯୋଜନା, ପ୍ରକଳ୍ପର ବ୍ୟୟମଞ୍ଜୁରୀକୁ ମାସିକ ଓ ତ୍ରୈମାସିକ ଭିତ୍ତିକ କରିବା ଲାଗି ୨୦୧୭ ମସିହାରେ କେନ୍ଦ୍ର ସରକାର ଏମ୍‌ଇପି ଓ କ୍ୟୁଏପି ନାମକ ସରକାରୀ ବ୍ୟବସ୍ଥା ଆରମ୍ଭ କରିଥିଲେ। ଏମ୍‌ନରେଗାକୁ ଏହି ବ୍ୟବସ୍ଥାରୁ ବାଦ୍ ଦିଆଯାଇଥିବା ବେଳେ ଚଳିତ ଆର୍ଥିକ ବର୍ଷରେ ସାମିଲ୍ କରାଯାଇଛି। ନିର୍ଦ୍ଦିଷ୍ଟ ସମୟ ସୀମା ଭିତରେ ବିଭିନ୍ନ ଯୋଜନା ଓ ପ୍ରକଳ୍ପର ବ୍ୟୟବରାଦ ଅର୍ଥ ଖର୍ଚ୍ଚ ନ ହୋଇପାରି ପଡ଼ି ରହୁଥିବାରୁ ତାହା ଅତିରିକ୍ତ ବଜେଟ୍ ଓ ପରବର୍ତ୍ତୀ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତ କରିବା ବେଳେ ସମସ୍ୟା ସୃଷ୍ଟି କରୁଛି। ଏଥିରେ ସମାନୁପାତିତା ଆଣିବା ପାଇଁ ଉପରୋକ୍ତ ଏମ୍‌ଇପି ଓ କ୍ୟୁଏପି ବଜେଟ୍ ପରିଚାଳନାର ଏକ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ହୋଇପାରେ। କିନ୍ତୁ ଏହା ଅଧୀନକୁ ଗ୍ରାମୀଣ ଗରିବ ଲୋକଙ୍କ ପେଟପାଟଣା ସହିତ ଜଡ଼ିତ ଜନକଲ୍ୟାଣ ଯୋଜନାଗୁଡ଼ିକୁ ଆଣିବା ଠିକ୍ ନୁହେଁ ବୋଲି ମତ ପ୍ରକାଶ ପାଇଛି। ଏମ୍‌ନରେଗାରେ କାର୍ଯ୍ୟ ଚାହିଦା ଏପ୍ରିଲ୍‌ରୁ ଜୁନ୍ ମାସରେ ସର୍ବାଧିକ ହୋଇଥିବା ବେଳେ ସେହି ସମୟରେ ହିଁ ବଜେଟ୍ କଟକଣା ଲାଗୁ ହେବାରୁ ବିଭିନ୍ନ ମହଲରୁ ସମାଲୋଚନା ଆରମ୍ଭ ହୋଇଛି।

ଏମ୍‌ନରେଗାରେ କାର୍ଯ୍ୟଦିବସ ବଣ୍ଟନ ସରକାରଙ୍କ ଏକ ବୈଧାନିକ ଦାୟିତ୍ୱ। ଏଥିରୁ ହିତାଧିକାରୀଙ୍କୁ ବଞ୍ଚିତ କରିବା ସମ୍ବିଧାନର ଧାରା ୨୧ର ଉଲ୍ଲଙ୍ଘନ ବୋଲି ଧରାଯିବ। ଅତୀତରେ ଦେଶର ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ସ୍ପଷ୍ଟ କରିଛନ୍ତି ଯେ ସରକାର ପାଣ୍ଠି ଅଭାବ କିମ୍ବା ଅନ୍ୟ କୌଣସି ଆର୍ଥିକ ଦୁରବସ୍ଥା ଆଳରେ ଲୋକମାନଙ୍କ ରୋଜଗାର ଉତ୍ସକୁ ବନ୍ଦ କରିପାରିବେ ନାହିଁ। ଏମ୍‌ନରେଗାର ଧାରା ୩ ଅନୁଯାୟୀ ହିତାଧିକାରୀମାନେ କାମ ମାଗିବାର ୧୫ ଦିନ ଭିତରେ ସରକାର ସେମାନଙ୍କୁ କାମ ଦେବାକୁ ବାଧ୍ୟ ଏବଂ କାମ ସରିବାର ୧୫ ଦିନ ମଧ୍ୟରେ ସେମାନେ ନିଜର ପାଉଣା ବା ପାରିଶ୍ରମିକ ପାଇବାକୁ ହକ୍‌ଦାର। ଏବେ କେନ୍ଦ୍ର ସରକାର ଏହା ଉପରେ କଟକଣା ଜାରି କରିଥିବାରୁ ରାଜ୍ୟମାନେ ଅସୁବିଧା ଓ ଆଇନଗତ ଆହ୍ୱାନର ସମ୍ମୁଖୀନ ହୋଇପାରନ୍ତି। ଏମ୍‌ନରେଗାରେ ଦାବି କରିବା ସତ୍ତ୍ୱେ ଧାର୍ଯ୍ୟ ସମୟରେ କାମ ନ ମିଳିଲେ ହିତାଧିକାରୀମାନଙ୍କୁ ରାଜ୍ୟ ସରକାରମାନେ ବେକାରୀ ଭତ୍ତା ଦେବାକୁ ବାଧ୍ୟ ହେବେ ଏବଂ ପାରିଶ୍ରମିକ ବାବଦ ପାଉଣା ଦେବାରେ ବିଳମ୍ବ ହେଲେ ସୁଧ ବୋଝ ମଧ୍ୟ ରାଜ୍ୟ ରାଜକୋଷମାନଙ୍କ ଉପରେ ବଢ଼ି ଚାଲିବ।

କେନ୍ଦ୍ର ସରକାରଙ୍କ ନୀତି ନିର୍ଦ୍ଧାରକ ଓ ନିଷ୍ପତ୍ତି ନେଉଥିବା ଅଧିକାରୀମାନେ ଯେ ଏ ବିଷୟରେ ଅଜ୍ଞ ଥିବେ ତାହା ନୁହେଁ। ତଥାପି ଏମ୍‌ଇପି ଓ କ୍ୟୁଏପି ପ୍ରକ୍ରିୟାରେ ଏମ୍‌ନରେଗାକୁ ଅନ୍ତର୍ଭୁକ୍ତ କରିବା ପଛର କାରଣ ସେମାନେ ହିଁ କହିପାରିବେ। କିନ୍ତୁ ଯାହା ଆଖିକୁ ଦେଖାଯାଉଛି ତାହା ସାଧାରଣ ଭାଷାରେ ଶ୍ରମିକ ମାରଣ ନୀତି ଭାବରେ ଅଭିହିତ କରାଗଲେ ଭୁଲ୍ ହେବ ନାହିଁ। କେନ୍ଦ୍ର ସରକାର କେବଳ ମାଗଣା ରାସନ୍ ଯୋଗାଣର ଦ୍ୱାହି ଦେଇ ଏ କ୍ଷେତ୍ରରେ ନିଜ ଦାୟିତ୍ୱରୁ ଓହରି ଯାଇପାରିବେ ନାହିଁ। କାରଣ ମାଗଣା ରାସନ୍ ଯୋଜନାରେ ଯେତିକି ଚାଉଳ ଓ ଗହମ ମିଳୁଛି ସେଥିରେ ଖାଦ୍ୟ ସୁରକ୍ଷା ସମ୍ପୂର୍ଣ୍ଣ ନିଶ୍ଚିତ କରିହେବ ନାହିଁ, ତାହାକୁ କେବଳ ଏକ ସହାୟକ ରୂପେ ଗ୍ରହଣ କରାଯାଇପାରିବ। ଅଧିକନ୍ତୁ ବର୍ତ୍ତମାନ ବଜାରରେ ଖାଦ୍ୟ ଶସ୍ୟର ଦରଦାମ ଯେଭଳି ବଢ଼ି ଚାଲିଛି ସେଥିରେ କେବଳ ମାଗଣା ରାସନ୍ ଲୋକଙ୍କ ଜୀବନକୁ ଧାରଣଯୋଗ୍ୟ କରିବାରେ ସକ୍ଷମ ହେବ ନାହିଁ।

ଶୀତତାପ ନିୟନ୍ତ୍ରିତ କୋଠରିରେ ବସି ନିଆଯାଉଥିବା ନିଷ୍ପତ୍ତି ଏବଂ ତୃଣମୂଳସ୍ତରର ବାସ୍ତବତା ଭିତରେ ଆକାଶପାତାଳ ଫରକ ଅଛି। ତେଣୁ ସରକାର ବାସ୍ତବତାକୁ ହୃଦୟଙ୍ଗମ କରନ୍ତୁ। ନୀତି ନିର୍ଦ୍ଧାରକମାନେ କ୍ଷେତ୍ର ପରିଦର୍ଶନ କରନ୍ତୁ। ଖୋଦ୍ ସରକାରଙ୍କ ବେରୋଜଗାରୀ ପରିସଂଖ୍ୟାନକୁ ଆଧାର ଭାବେ ଗ୍ରହଣ କରି ନୀତି ନିର୍ଦ୍ଧାରକମାନେ ଏଭଳି ଶ୍ରମିକ ମାରଣ ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ।

# ଜିଜ୍ଞାସା ପ୍ରେରିତ ବନାମ ବଜାର ପରିଚାଳିତ ବିଜ୍ଞାନ

ଡକ୍ଟର ଚିତ୍ତରଞ୍ଜନ ମିଶ୍ର

୧୮୭୬ରେ କୋଲକାତାରେ ପ୍ରତିଷ୍ଠିତ 'ଦି ଇଣ୍ଡିଆନ ଆସୋସିଏସନ୍ ଫର ଦି କଲ୍‌ଟିଭେସନ ଅଫ ସାଇନ୍ସ'ରେ ଗବେଷଣା କରି ସାର୍ ଚନ୍ଦ୍ରଶେଖର ଭେଙ୍କଟ ରମଣ ଭାରତବର୍ଷ ଏବଂ ଏସିଆ ମହାଦେଶର ପ୍ରଥମ ନୋବେଲ ପୁରସ୍କାର ବିଜେତା ଭାବେ ଅଦ୍ୱିତୀୟ ଗୌରବର ଅଧିକାରୀ ହୋଇଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ରମଣଙ୍କ ମୂଳ ଲକ୍ଷ୍ୟ କ'ଣ ଥିଲା? ସେ କ'ଣ ତାତ୍କାଳିକ ସାମାଜିକ ସମସ୍ୟା ସମାଧାନର ସମ୍ଭାବନା ଦ୍ୱାରା ଅଭିପ୍ରେରିତ ହୋଇଥିଲେ ନା ବିଜ୍ଞାନ ପଛରେ ଅଣନିଃଶ୍ୱାସୀ ହୋଇ ଅନୁଧାବନ କରିବାର ଅଦମ୍ୟ ନିଶା ତାଙ୍କୁ ଘାରିଥିଲା ? ନା ପଦାର୍ଥ ବିଜ୍ଞାନ କ୍ଷେତ୍ରରେ ଗଭୀର ଅନୁଧ୍ୟାନ ଓ ଅନୁସନ୍ଧାନ ପାଇଁ ସେ ଅମଡ଼ାବାଟର ପଥିକଟିଏ ହେବା ପାଇଁ ଅଧିକ ପସନ୍ଦ ମଣିଥିଲେ?

ରମଣଙ୍କ ଉଦ୍‌ଭାବନ କୌଣସି ବାଣିଜ୍ୟିକ ଲାଭ କିମ୍ବା ତୁରନ୍ତ ବ୍ୟବହାର ଲକ୍ଷ୍ୟରେ ପରିଚାଳିତ ହୋଇନଥିଲା। ଏହା ଜନ୍ମ ନେଇଥିଲା ମାନବୀୟ ଜିଜ୍ଞାସା ଓ କଳ୍ପନାର ଗର୍ଭାଶୟରୁ। କିନ୍ତୁ ଆଜି ବୈଜ୍ଞାନିକ ଅନ୍ୱେଷଣର ଧର୍ମ ଅର୍ଥନୈତିକ ଓ ବଜାର ସମ୍ବନ୍ଧୀୟ ଚିନ୍ତାଧାରା ଦ୍ୱାରା ବହୁଳ ପ୍ରଭାବିତ ହେଉଥିବା ଲକ୍ଷ୍ୟ କରାଯାଉଛି। ଭାରତ ସମେତ ସମଗ୍ର ବିଶ୍ୱରେ ଗବେଷଣା ପ୍ରକଳ୍ପ ପାଇଁ ପାଣ୍ଠି ସହାୟତା ପ୍ରଦାନ କରୁଥିବା ସଂସ୍ଥାମାନେ ବ୍ୟାବସାୟିକ ରୂପରେ ସଂଚାଳିତ ଅନୁସନ୍ଧାନକୁ ପ୍ରାଥମିକତା ଦେଉଛନ୍ତି। ଫଳତଃ ଗବେଷଣାର ଫଳାଫଳ ପେଟେଣ୍ଟ, ଉଦ୍ୟମଶୀଳତା, ବାଣିଜ୍ୟିକ ଉପକ୍ରମ, ଷ୍ଟାର୍ଟଅପ୍ ଏବଂ କନ୍‌ସଲ୍‌ଟ୍ୟାନ୍ସି, ଇଣ୍ଡଷ୍ଟ୍ରି ପାର୍ଟନରସିପ୍ ଆଧାରରେ ଦ୍ରୁତଗତିରେ ମୂଲ୍ୟାଙ୍କନ କରାଯାଉଛି। 'ଆପ୍ଲାଏଡ ରିସର୍ଚ୍ଚ' ବା ବ୍ୟାବହାରିକ ଗବେଷଣା ସଂପ୍ରତି ପ୍ରମୁଖ ପ୍ରତିମାନ ପାଲଟିଯାଇଛି।

ଥରେ ବିଶ୍ୱ ପ୍ରସିଦ୍ଧ ପ୍ରାୟୋଗିକ ବୈଜ୍ଞାନିକ ମାଇକେଲ ଫାରାଡେ ଜଣେ ଉଚ୍ଚ ପଦସ୍ଥ ବ୍ରିଟିଶ ଅଧିକାରୀଙ୍କୁ ଇଲେକ୍‌ଟ୍ରୋ- ମ୍ୟାଗ୍ନେଟିଜିମ୍ ଉପରେ ତାଙ୍କ ଆବିଷ୍କାରକୁ ପ୍ରଦର୍ଶିତ କରାଉଥିଲେ। ଏକ କୁଣ୍ଡଳିତ ସ୍ପ୍ରିଙ୍ଗ୍ ମଧ୍ୟରେ ଏକ ଚୁମ୍ବକକୁ ଘୂରାଇଲେ କିଭଳି ଭାବେ ତାହା ବିଦ୍ୟୁତ ତରଙ୍ଗ ସୃଷ୍ଟି କରୁଛି ତାହା ସେ ପରୀକ୍ଷା କରି ବୁଝାଉଥିଲେ। ବରିଷ୍ଠ ବ୍ରିଟିଶ ଅଧିକାରୀଜଣକ ଏହି ପରୀକ୍ଷା ନିରୀକ୍ଷା ଦ୍ୱାରା ପ୍ରଭାବିତ ନହୋଇ ମାଇକେଲ୍ ଫାରେଡଙ୍କୁ ପଚାରିଲେ- ଇଲେକ୍‌ଟ୍ରିସିଟି ଉତ୍ପାଦନରେ ତୁମର ଏ ପରୀକ୍ଷା ନିରୀକ୍ଷା ରାଷ୍ଟ୍ରକୁ କ'ଣ ବ୍ୟାବହାରିକ ଲାଭ ପହଞ୍ଚାଇବ? ଉତ୍ତରରେ ଫାରାଡ଼େ କହିଥିଲେ - ସାର୍, ମୁଁ ଜାଣିନାହିଁ। ହେଲେ ମୁଁ ଏତିକି ଜାଣିଛି ଯେ ଦିନେ ଆପଣଙ୍କ ସରକାର ଏହା ଉପରେ ଟିକସ ଲଗାଇପାରନ୍ତି।

ଯଦିଓ ବିଜ୍ଞାନର ବ୍ୟାବହାରିକ ଉପଯୋଗ ନିଃସନ୍ଦେହରେ ମହତ୍ତ୍ୱପୂର୍ଣ୍ଣ, କିନ୍ତୁ ଏହି ଉପଯୋଗିତାବାଦୀ ଦୃଷ୍ଟିକୋଣ ବୈଜ୍ଞାନିକ ଅନୁସନ୍ଧାନର ପ୍ରକୃତ ଧର୍ମର ଅବକ୍ଷୟ ହେବାର ଆଶଙ୍କା ସୃଷ୍ଟି କରିଥାଏ। ଅନ୍ୟ ଅର୍ଥରେ କହିଲେ ବୈଜ୍ଞାନିକ ଗବେଷଣା ବଜାର ଶକ୍ତି ଦ୍ୱାରା ନିର୍ଦ୍ଧାରିତ, ପ୍ରଭାବିତ ଓ ପରିଚାଳିତ ହେଲେ ମୁକ୍ତ ଅନ୍ୱେଷଣ ବହୁଳ ବାଧାପ୍ରାପ୍ତ ହେବା ସହ ଉଦ୍‌ଭାବନ ଅଧୋଗତିର ସମ୍ମୁଖୀନ ହେବ। ବୈଜ୍ଞାନିକ ପ୍ରଗତିକୁ କେବଳ ମାତ୍ର ପ୍ରୌଦ୍ୟୋଗିକୀ ନବାଚାର ସହ ସମୀକୃତ କରିବା ଦ୍ୱାରା ବିଜ୍ଞାନର ଗଭୀର ବୌଦ୍ଧିକ ଓ ଅନ୍ୱେଷଣାତ୍ମକ ଅନୁସନ୍ଧାନ ଉପେକ୍ଷିତ ହୋଇଯାଏ। ଗତ ଦୁଇ ଦଶନ୍ଧିରୁ ଉର୍ଦ୍ଧ୍ୱ ସମୟ ମଧ୍ୟରେ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା ଅଭୂତପୂର୍ବ ସଫଳତା ହାସଲ କରିପାରିଛି ଏବଂ କୃତ୍ରିମ ବୁଦ୍ଧିମତ୍ତା ବିପ୍ଳବ ଅସାଧାରଣ ଗତିରେ ତା'ର ରୂପ ଲାବଣ୍ୟ ଆମ ସମ୍ମୁଖରେ ଉନ୍ମୋଚନ କରିଚାଲିଛି। ସ୍ୱାସ୍ଥ୍ୟ ସେବାଠୁଁ ଆରମ୍ଭ କରି ଅଣପାରମ୍ପରିକ ଶକ୍ତି ଉତ୍ସର ବିକାଶ ପର୍ଯ୍ୟନ୍ତ ଏକାଧିକ ଆହ୍ୱାନର ମୁକାବିଲା କରିବା କ୍ଷେତ୍ରରେ ବିଜ୍ଞାନ ପ୍ରମୁଖ ଭୂମିକା ସୁଚାରୁରୂପେ ସଂପାଦିତ ହୋଇଚାଲିଛି। ଯଦିଓ ଏହି ସବୁ ନବଉନ୍ମେଷର ବାସ୍ତବିକ ମୂଲ୍ୟ ରହିଛି ତଥାପି ଆମ ମନରେ ଏକ ମହତ୍ତ୍ୱପୂର୍ଣ୍ଣ ପ୍ରଶ୍ନ ଉତ୍ଥାପନ ହୋଇଥାଏ ଯେ ବିଜ୍ଞାନକୁ କ'ଣ ବାସ୍ତବିକ ସମସ୍ୟାର ସମାଧାନ ଓ ପୋଷଣୀୟ ବିକାଶ ପାଇଁ ପରିଚାଳିତ କରାଯାଇଥାଏ? ଜିଜ୍ଞାସା, ଗଭୀର ଅନୁଧ୍ୟାନ, ଅନୁସନ୍ଧାନ ଓ ଅନ୍ୱେଷଣ ମାଧ୍ୟମରେ ଜ୍ଞାନର ଦିଗ୍‌ବଳୟକୁ ସଂପ୍ରସାରଣ କରିବା ମଧ୍ୟ ଏକ ମହତ୍ତର କାର୍ଯ୍ୟ, ଯାହାକୁ ବିଜ୍ଞାନ ସମ୍ପାଦିତ କରିଥାଏ।

ସଂଗୀତ, ସାହିତ୍ୟ, କଳା ପରି ବିଜ୍ଞାନ ମଧ୍ୟ ଏକ ରଚନାତ୍ମକ ପ୍ରୟାସ। ଏହା ସଦାସର୍ବଦା ବାସ୍ତବତା ସମ୍ବନ୍ଧୀୟ ମୌଳିକ ପ୍ରଶ୍ନକୁ ନେଇ ଅନ୍ୱେଷଣ କରିବା ପାଇଁ ଇଚ୍ଛା ପ୍ରକଟ କରିଥାଏ। ଆଇନଷ୍ଟାଇନଙ୍କ ଆପେକ୍ଷିତ ତତ୍ତ୍ୱ ହେଉ କିମ୍ବା ରମଣଙ୍କ ଆଲୋକର ବିଚ୍ଛୁରଣକୁ ନେଇ ହେଉ, ବିଜ୍ଞାନ କ୍ଷେତ୍ରରେ ଏକାଧିକ ସର୍ବଶ୍ରେଷ୍ଠ ଆବିଷ୍କାର ତାହା ବ୍ୟାବହାରିକ ସମାଧାନର ଦାବି ଦ୍ୱାରା ନୁହେଁ, ବରଂ ଭୌତିକ ବ୍ରହ୍ମାଣ୍ଡ ବିଷୟରେ ଅନିର୍ବଚନୀୟ ଜିଜ୍ଞାସା ବା ଅତୃପ୍ତ ଜିଜ୍ଞାସା ଦ୍ୱାରା ସଂଚାଳିତ ହୋଇଥାଏ। ଏକାଧିକ କ୍ଷେତ୍ରରେ ଏ ସମସ୍ତ ଆବିଷ୍କାର ବର୍ଷ ବର୍ଷ ପରେ କିମ୍ବା ଦଶନ୍ଧି ଦଶନ୍ଧି ପରେ ତାହାର ବ୍ୟାବହାରିକ ଉପଯୋଗକୁ ଖୋଜି ପାଇଥିଲା। କ୍ୱାଣ୍ଟମ୍ ମେକାନିକ୍ସର କାହାଣୀ,ଯାହାକି ଏବେ ଆଧୁନିକ ଇଲେକ୍‌ଟ୍ରୋନିକ୍ସ ଓ କମ୍ପ୍ୟୁଟିଂ କ୍ଷେତ୍ରକୁ ସମୃଦ୍ଧ କରିଛି କିମ୍ବା ସାଧାରଣ ଆପେକ୍ଷିକ ତତ୍ତ୍ୱର ସିଦ୍ଧାନ୍ତ ଯାହାକି ସଠିକ ଜି.ପି.ଏସ୍ ନାଭିଗେସନ୍ ବା ମାର୍ଗଦର୍ଶନକୁ ସକ୍ଷମ କରିଛି, ତାହା ବିଳମ୍ବରେ ହେଲେ ମଧ୍ୟ ମୌଳିକ ବିଜ୍ଞାନର ଗଭୀର ପ୍ରଭାବ ସଂପର୍କରେ ଅନନ୍ୟ ଉଦାହରଣ ସୃଷ୍ଟି କରିଛି।

ଯେଉଁ ମନଟି ସଦାସର୍ବଦା ଲାଭ କ୍ଷତିର ହିସାବ ନିକାଶ କରୁଥାଏ ତାହା ଆବଶ୍ୟକତାର ସଂକୀର୍ଣ୍ଣ ଗଳିରେ ଛନ୍ଦି ହୋଇ ପଡ଼ିଯାଇଥାଏ। ରଚନାତ୍ମକ ବା ସୃଜନଶୀଳ ମନଟି ହିଁ ସଦାସର୍ବଦା ମାନବତାକୁ ଆଡ଼କୁ ବାଟ କଢ଼େଇ ନେଇଥାଏ। ଯେଉଁ ମୁହୂର୍ତ୍ତରେ ଆମେ ଆମର ଅସ୍ତିତ୍ୱକୁ କ୍ରିୟାଶୀଳ କରିବାର ପ୍ରକ୍ରିୟା ପ୍ରତି ଉଦାସୀନ ହୋଇପଡୁ, ସେତେବେଳେ ଆମେ ନିଜକୁ ଏକ ଯନ୍ତ୍ରରେ ପରିଣତ କରିଦେଇଥାଉ। ବିସ୍ତୀର୍ଣ୍ଣ ଆକାଶର ଛାତି ଉପରେ ଏକ ଇନ୍ଦ୍ରଧନୁ ତା'ର ରୂପ ଲାବଣ୍ୟର ଅମୂଲ୍ୟ ପସରା ମେଲେଇ ଦେଇଥିଲେ ବି ତାହା ବ୍ୟସ୍ତବହୁଳ ଜୀବନ ବିତାଉଥିବା ସହରୀ ମଣିଷ ପାଇଁ କୌଣସି ବ୍ୟାବାହାରିକ ମୂଲ୍ୟ ରଖିନଥାଏ, ପରନ୍ତୁ ଜଣେ କୋମଳମତି ପିଲା ଓ ଜଣେ କବି ସେହି ଇନ୍ଦ୍ରଧନୁର ଅପରୂପ ସୌନ୍ଦର୍ଯ୍ୟରେ ବିମୁଗ୍ଧ ହୋଇ ତା'ର ବିଦଗ୍ଧ ମନକୁ ଶୀତଳ କରିଥାଏ।

ଜ୍ୟୋତିର୍ବିଜ୍ଞାନ ବିନା ଏକ ବିଶ୍ୱର ଚିନ୍ତା କରନ୍ତୁ, ଯେଉଁଠାରେ କି ମଣିଷମାନେ କେବେ ବି ଥରେ ନିଜ ମୁଣ୍ଡ ଟେକି ଉପରକୁ ଚାହିଁ ନଥିବେ। କେବେ କୌଣସି ପ୍ରଶ୍ନ ପଚାରି ନଥିବେ ବା କେବେ କୌଣସି ସ୍ୱପ୍ନ ବି ଦେଖି ନ ଥିବେ। ନକ୍ଷତ୍ରମାନଙ୍କ ଅବସ୍ଥିତି ବାସ୍ତବତା ବା ଉପଯୋଗିତା ଦୃଷ୍ଟିକୋଣରୁ ଯାହା ଖଗୋଳ ବିଜ୍ଞାନୀଙ୍କ ପାଇଁ ତାହା ଜ୍ୟୋତିଷକାରଙ୍କ ପାଇଁ ନୁହେଁ। ଆମେ କିଏ? ଆମେ କେଉଁଠୁ ଆସିଲୁ? ଏହି ବିଶ୍ୱ ବ୍ରହ୍ମାଣ୍ଡରେ ଆମର ସ୍ଥାନ କେଉଁଠି? ଏହା ସେହି ପ୍ରଶ୍ନ ନୁହେଁ, ଯାହାର ଉତ୍ତର ଗୋଟେ ହିସାବ ଖାତା ଦେଇପାରିବ। ଏହା ହେଉଛି ସେହି ପ୍ରଶ୍ନ, ଯାହାକି ଆମେ ଜଣେ ଜଣେ ମଣିଷ ବୋଲି ଆମକୁ ପରିଭାଷିତ କରିଥାଏ, ନିର୍ଦ୍ଧାରିତ କରିଥାଏ, ନିରୂପଣ କରିଥାଏ। ଆମେ ସତ୍ୟ, ଶିବ ଓ ସୁନ୍ଦରର ପୂଜାରୀ, ଅନ୍ୱେଷକ ଓ ଜିଜ୍ଞାସୁ ବୋଲି ଆମକୁ ପରିଚିତ କରାଇଥାଏ। କବିଟିଏ, ଚିତ୍ରକରଟିଏ, ସଂଗୀତଜ୍ଞଟିଏ, ରହସ୍ୟବାଦୀଟିଏ ଯେ କି ଈଶ୍ୱରଙ୍କର ସାକ୍ଷାତ ଦର୍ଶନର ଅଭିଳାଷୀଟିଏ, ଆଧ୍ୟାତ୍ମିକବାଦୀଟିଏ କିମ୍ବା ଜଣେ ବୈଜ୍ଞାନିକଟିଏ ଏମାନେ ସମସ୍ତେ ଅନନ୍ତ, ଅସୀମିତ ଓ ଅପରିମିତର ଜଣେ ଜଣେ ସନ୍ଧାନୀ। ଏହା ସାଂସାରିକତାର ବହୁ ଉର୍ଦ୍ଧ୍ୱରେ ଅନନ୍ତ ଅସୀମର ଉପଲବ୍ଧି ପାଇଁ ସଦା ଉନ୍ମୁକ୍ତ ହୋଇଥିବା ଏକ ଦ୍ୱାରଦେଶ।

(ଯୁଗ୍ମ ମ୍ୟାନେଜିଂ ଟ୍ରଷ୍ଟି, କଳିଙ୍ଗ ଫାଉଣ୍ଡେସନ ଟ୍ରଷ୍ଟ)
ଭୁବନେଶ୍ୱର, ମୋ: ୯୩୩୮୨୦୪୯୯୩

# ଅବିଶ୍ରାନ୍ତ ସବୁଜ ଅଭିଯାନର ନାୟିକା

ମିନାକ୍ଷୀ ଦ୍ୱିବେଦୀ

ପୃଥିବୀର ମଙ୍ଗଳ ପାଇଁ ବୃକ୍ଷ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ବିଶ୍ୱ ତାପମାନ ବୃଦ୍ଧି ନିୟନ୍ତ୍ରଣରେ ଗଛଗୁଡ଼ିକ ପ୍ରକୃତିର ସୈନିକ। ସେମାନେ ପ୍ରାକୃତିକ ବାୟୁ ବିଶୋଧକ ଭାବରେ କାର୍ଯ୍ୟ କରନ୍ତି; ଅଙ୍ଗାରକାମ୍ଳ ଶୋଷଣ କରି ଅମ୍ଳଜାନ ତ୍ୟାଗ କରନ୍ତି। ଏହା ସହିତ ସେମାନେ ମୃତ୍ତିକା ସ୍ୱାସ୍ଥ୍ୟ ଓ ମୃତ୍ତିକା ସଂରକ୍ଷଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରନ୍ତି। ଏହାବ୍ୟତୀତ, ବୃକ୍ଷଗୁଡ଼ିକ ଅଗଣିତ ପ୍ରଜାତି ପାଇଁ ବାସସ୍ଥାନ ଓ ସମ୍ପଦ ପ୍ରଦାନ କରନ୍ତି, ଜୈବ ବିବିଧତା ଏବଂ ପରିବେଶ ସନ୍ତୁଳନରେ ଅବଦାନ ରଖନ୍ତି।

ପରିବେଶ ସୁରକ୍ଷାରେ ବୃକ୍ଷଲତାଙ୍କ ଏହି ଗୁରୁତ୍ୱପୂର୍ଣ୍ଣ ଭୂମିକା ଓ ମହତ୍ତ୍ୱକୁ ଉପଲବ୍ଧି କରିଥିବା 'ମଦର ଅଫ୍ ଟ୍ରି' ବା 'ଗଛର ମାଆ' ଭାବେ ପରିଚିତ ସାଲୁମାରାଦା ଥିମ୍ମାକା ସମଗ୍ର ବିଶ୍ୱ ପାଇଁ ଏକ ଆଦର୍ଶ। କର୍ଣ୍ଣାଟକର ଗ୍ରାମୀଣ ଜିଲ୍ଲାର ମାଗାଡ଼ି ତାଲୁକ ଅନ୍ତର୍ଗତ ହୁଲିକାଲ ନାମକ ଏକ ଗ୍ରାମରେ ସାଧାରଣ ପରିବାରରେ ଜନ୍ମଗ୍ରହଣ କରିଥିବା ଏହି ଅସାଧାରଣ ମହିଳା ପରିବେଶ ସୁରକ୍ଷା ନିମନ୍ତେ ଅତ୍ୟନ୍ତ ମୂଲ୍ୟବାନ ଅଂଶଦାନ କରିଛନ୍ତି। ସେ କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ। ବାଲ୍ୟକାଳରୁ ଘର ପାଖରେ ଏକ ପଥର ଖଣିରେ ଶ୍ରମିକ ଭାବରେ କାମ କରୁଥିଲେ। ତାଙ୍କର ବିବାହ ହୁଲିକାଲ ଗାଁର ଶ୍ରୀବିକ୍କାଲା ଚିକ୍କାୟାଙ୍କ ସହିତ ହୋଇଥିଲା। ବିବାହର ୨୫ ବର୍ଷ ପରେ ମଧ୍ୟ ସନ୍ତାନସନ୍ତତି ଜନ୍ମ ନ ହେବାରୁ ଦିନ କାଟିବା ପାଇଁ ଦମ୍ପତି ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ। ନିଃସନ୍ତାନ ଦମ୍ପତିଙ୍କ ଦୁଃଖ ଓ ନିଃସଙ୍ଗତା ଦୂର ଲକ୍ଷ୍ୟରୁ ଅରମ୍ଭ ହୋଇଥିବା ଏହି ପ୍ରୟାସ ପରବର୍ତ୍ତୀ ସମୟରେ ଏକ ଅସାଧାରଣ ଅଭିଯାନର ରୂପ ନେଇଥିଲା।

ଥିମ୍ମାକ୍କା ଓ ତାଙ୍କ ସ୍ୱାମୀ ରାସ୍ତା ପାର୍ଶ୍ୱରେ ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ ଏବଂ ପରବର୍ତ୍ତୀ ସମୟରେ ବୃକ୍ଷଶୂନ୍ୟ ଗ୍ରାମ କୁଦୁରକୁ ବାଛିଥିଲେ। ସେମାନେ ବର ଗଛରୁ ଚାରା କଲମୀ କରିବା ଆରମ୍ଭ କରିଥିଲେ। ପ୍ରଥମ ବର୍ଷ ୧୦ଟି ଚାରା କଲମୀ କରି ରାସ୍ତାରେ ୪ କିଲୋମିଟର ପର୍ଯ୍ୟନ୍ତ ରୋପଣ କରିଥିଲେ। ଦ୍ୱିତୀୟ ବର୍ଷରେ ୧୫ଟି ଏବଂ ତୃତୀୟ ବର୍ଷରେ ୨୦ଟି ଗଛ ଲଗାଇଥିଲେ। ଏହିକ୍ରମରେ ପ୍ରତି ବର୍ଷ ଚାରାରୋପଣ ସଂଖ୍ୟା ବୃଦ୍ଧି କରିଚାଲିଲେ। ସେମାନେ ଚାରା ଲଗାଇବା ସହିତ ସନ୍ତାନସନ୍ତତିଙ୍କ ପରି ସେଗୁଡ଼ିକର ଯତ୍ନ ମଧ୍ୟ ନେଲେ। ଚାରାଗୁଡ଼ିକ ବଡ଼ ଗଛରେ ପରିଣତ ହେବା ପରେ ସେମାନଙ୍କର ଅକ୍ଳାନ୍ତ ପରିଶ୍ରମ ଫଳ ଦେବା ଆରମ୍ଭ କରିଥିଲା। ଏହି ଦମ୍ପତି ପ୍ରାୟତଃ ବର୍ଷା ଋତୁରେ ଚାରା ରୋପଣ କରୁଥିଲେ। ଥିମ୍ମାକ୍କା ତାଙ୍କ ସ୍ୱାମୀଙ୍କ ସହିତ ମିଶି ୮,୦୦୦ ରୁ ଅଧିକ ଗଛ ଲଗାଇ ଯତ୍ନ ନେବା ଫଳରେ ଏକ ବୃକ୍ଷଶୂନ୍ୟ ଜମି ସବୁଜ ପ୍ରାନ୍ତରେ ପରିଣତ ହୋଇଗଲା।



୧୯୯୧ ମସିହାରେ ସ୍ୱାମୀଙ୍କ ଦେହାନ୍ତ ପରେ ଥିମ୍ମାକ୍କା ଏକାକୀ ନିରନ୍ତର ଭାବରେ ତାଙ୍କର ଅଭିଯାନ ଜାରିଲେ। ସେ ଆଲା ମାରାଦା ଥିମ୍ମାକ୍କା ନାମରେ ମଧ୍ୟ ପରିଚିତ ଥିଲେ। ୩୮୫ ବର ଗଛ ସମେତ ୮୦୦୦ରୁ ଅଧିକ ଗଛ ଲଗାଇ ଯତ୍ନ ନେବାର ଉଲ୍ଲେଖନୀୟ ଅବଦାନ ପାଇଁ ତାଙ୍କୁ 'ସାଲୁମାର୍ଦା ଥିମ୍ମାକ୍କା' କୁହାଯାଉଥିଲା। କନ୍ନଡ ଭାଷାରେ 'ସାଲୁମାର୍ଦା' ଅର୍ଥ ଗଛର ଧାଡ଼ି। ରାସ୍ତାରେ ସେ ଓ ତାଙ୍କ ସ୍ୱାମୀଙ୍କୁ ସମ୍ମୁଖୀନ ହେବାକୁ ପଡ଼ିଥିବା ଅନେକ କଷ୍ଟ ସତ୍ତ୍ୱେ ଚାରା ରୋପଣ ଏବଂ ପରିବେଶ ସଂରକ୍ଷଣ ପ୍ରତି ତାଙ୍କର ଉତ୍ସର୍ଗକୁ ସମ୍ମାନ ଜଣାଇବା ପାଇଁ ତାଙ୍କୁ ଏହି ନାମ ଦିଆଯାଇଥିଲା।

ସାଲୁମାର୍ଦା ଥିମ୍ମାକ୍କା କେବଳ ଗଛ ଲଗାଇ ନଥିଲେ। ସେ ତାଙ୍କ ଗ୍ରାମର ବାର୍ଷିକ ମେଳା ପାଇଁ ବର୍ଷା ଜଳ ସଂରକ୍ଷଣ କରିବା ପାଇଁ ଏକ ଟାଙ୍କି ନିର୍ମାଣ ଭଳି ବିଭିନ୍ନ ସାମାଜିକ କାର୍ଯ୍ୟକଳାପରେ ସାମିଲ ହୋଇଥିଲେ। ତାଙ୍କର ଜୀବନର ସରଳ ଦର୍ଶନ ହେଉଛି ଯେ ଏହି ପୃଥିବୀର ପ୍ରତ୍ୟେକ ବ୍ୟକ୍ତି ମାନବତା ପାଇଁ କିଛି ସମ୍ପତ୍ତି ଛାଡ଼ିଯିବା ଉଚିତ। ତାଙ୍କର ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ନଥିଲା। ବିଭିନ୍ନ ପୁରସ୍କାର ଓ ଅତ୍ୟଳ୍ପ ମାସିକ ପେନସନରୁ କୌଣସି ପ୍ରକାରେ ଜୀବିକା ନିର୍ବାହ କରୁଥିଲେ। କିନ୍ତୁ ଆର୍ଥିକ ଦୁରବସ୍ଥା କେବେବି ମାନବଜାତି ପାଇଁ ଭଲ କାମ କରିବାରେ ତାଙ୍କ ଆଗ୍ରହକୁ ଭାଙ୍ଗି ପାରି ନାହିଁ। ସାଲୁମାର୍ଦା ଥିମ୍ମାକ୍କା ଆଜି ପ୍ରତ୍ୟେକ ପରିବେଶବିତଙ୍କ ଆଦର୍ଶ। ସେ ବିଶ୍ୱକୁ ଦେଖାଇଛନ୍ତି ଯେ ଜଣେ ନିରକ୍ଷର ମହିଳା ତାଙ୍କ କଠିନ ପରିଶ୍ରମ ଏବଂ ଧୈର୍ଯ୍ୟ ବଳରେ ସମାଜରେ ଏକ ବିରାଟ ପରିବର୍ତ୍ତନ ଆଣିପାରନ୍ତି।

ଯଦିଓ ଥିମ୍ମାକ୍କା କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ, ତାଙ୍କ କାର୍ଯ୍ୟକୁ ଭାରତର ଜାତୀୟ ନାଗରିକ ପୁରସ୍କାରରେ ସମ୍ମାନିତ କରାଯାଇଛି। ଭାରତ ସରକାରଙ୍କ ଦ୍ୱାରା ସ୍ୱୀକୃତି ଦିଆଯାଇଛି ଏବଂ ତାଙ୍କୁ ୨୦୧୯ରେ 'ପଦ୍ମଶ୍ରୀ'ରେ ସମ୍ମାନିତ କରାଯାଇଛି। ଆମେରିକାରେ ତାଙ୍କ ନାମରେ 'ଥିମ୍ମାକ୍କାର ରିସୋର୍ସ ଫର୍ ଏନଭାର୍ନାମେଣ୍ଟାଲ୍ ଏଜୁକେସନ୍' ନାମରେ ଏକ ପରିବେଶ ସଂଗଠନ ମଧ୍ୟ ଅଛି। ସେ ମଧ୍ୟ ବନମିତ୍ର, ନିସର୍ଗରତ୍ନ, ବୃକ୍ଷପ୍ରେମୀ ଓ ବୃକ୍ଷଶ୍ରୀ ଭଳି ଉପାଧିରେ ସମ୍ମାନିତ ହୋଇଛନ୍ତି। ପରିବେଶ ରକ୍ଷା ଦିଗରେ ତାଙ୍କର ଅବିଶ୍ରାନ୍ତ ପ୍ରୟାସ ପାଇଁ ତାଙ୍କୁ ଅନେକ ପୁରସ୍କାର ଏବଂ ପ୍ରଶଂସାପତ୍ରରେ ସମ୍ମାନିତ କରାଯାଇଛି।

୧୧୩ ବର୍ଷ ବୟସରେ ଆଜି ମଧ୍ୟ ସେ ଅଧିକ ଗଛ ଲଗାଇବାର ସ୍ୱପ୍ନକୁ ଦେଖି ତାହାକୁ ବାସ୍ତବତାରେ ରୂପାୟନ କରୁଛନ୍ତି। ଯୁଗରେ ଦ୍ରୁତଜଙ୍ଗଲ କ୍ଷୟ ଏବଂ ଜଳବାୟୁ ପରିବର୍ତ୍ତନ ପାଇଁ ଥିମ୍ମାକାଙ୍କ ବାର୍ତ୍ତା ଆଜି ବହୁ ଅଧିକ ପ୍ରାସଙ୍ଗିକ। ତାଙ୍କ କାହାଣୀ ଆମକୁ ଶିଖାଏ 'ଗୋଟିଏ ମଣିଷ ମଧ୍ୟ ପରିବର୍ତ୍ତନ ଆଣିପାରେ। ଆଜି ଗଛ ଲଗାଇଲେ, ଆସନ୍ତା କାଲି ଉଜ୍ଜ୍ୱଳ ହେବ। ସମୁଦାୟ ଉଦ୍‌ଯୋଗ ଭୂଦୃଶ୍ୟର ପରିବର୍ତ୍ତନ କରିପାରେ।'

ଆମେ ଯଦି ସମସ୍ତେ ତାଙ୍କ ଉଦାହରଣକୁ ଅନୁସରଣ କରିବା ଆମ ଜଗତ ସତରେ କେତେ ସବୁଜ, ସୁନ୍ଦର, ଶ୍ୟାମଳ ହୋଇ ଗଢ଼ି ଉଠିବ। ପ୍ରକୃତି ସଂରକ୍ଷଣ ହେଉଛି ଆମର କର୍ତ୍ତବ୍ୟ। ଗଛ ଲଗାନ୍ତୁ, ପରିବେଶ ସୁରକ୍ଷିତ ରଖନ୍ତୁ। ଏକ ସବୁଜ ଓ ସୁସ୍ଥ ଭବିଷ୍ୟତ ପାଇଁ ଆଜିଠାରୁ ପଦକ୍ଷେପ ନିଅନ୍ତୁ। ସବୁଜ ଥିଲେ ସ୍ୱାସ୍ଥ୍ୟ ମିଳିବ, ପରିବେଶ ସୁନ୍ଦର ରହିବ। ଏକ ଗଛ ଏକ ପ୍ରାଣ, ଗଛ ବଞ୍ଚାଏ ଜୀବନ। ପ୍ରତି ଘରେ ଗଛ ହେଉ, ପୃଥିବୀ ସବୁଜ ହେଉ।

ଗୁରୁଗ୍ରାମ, ମୋ: ୭୯୭୮୦୮୨୮୩୪

# ଆମ ବୃକ୍ଷଲତା ଆମ ଜୀବନ

## ଅଗ୍ନିଶିଖା

**ପ୍ରକୃତି-ପରିବେଶ**

ସୌଭାଗ୍ୟସୁନ୍ଦର

ଅଗ୍ନିଶିଖାକୁ ଓଡ଼ିଶାରେ ସାଧାରଣତଃ ଲଙ୍ଗଲଙ୍ଗଳିଆ, ଟାଙ୍ଗି ଫୁଲ, ଦଶହରା ଫୁଲ, ଶିବଲିଙ୍ଗି, ପାଞ୍ଚ ଆଙ୍ଗୁଳିଆ, ଗର୍ଭ ଘଟନ, ଖଣ୍ଡାଫୁଲ, ଡାଙ୍ଗଗହଣା ଭାବରେ ଜଣାଯାଏ। ଭାରତୀୟ ଉପମହାଦେଶ ଓ ଦକ୍ଷିଣପୂର୍ବ ଏସିଆର ମୂଳଜାତ ଏହି ସୁନ୍ଦର ତୃଣଜାତୀୟ ଆରୋହୀ ଉଦ୍ଭିଦ ଦକ୍ଷିଣ-କେନ୍ଦ୍ରୀୟ ଚୀନ୍ ଓ ଆଫ୍ରିକାର ଅଧିକାଂଶ ସ୍ଥାନ, ପୂର୍ବ ଅଷ୍ଟ୍ରେଲିଆ, ଆମେରିକାର ଆଲାବାମା, ସୁରିନାମ, କାରିବିଆନର କିଛି ଅଂଶ ଏବଂ ବିଭିନ୍ନ ପ୍ରଶାନ୍ତ ମହାସାଗରୀୟ ଦ୍ୱୀପପୁଞ୍ଜରେ ଦେଖିବାକୁ ମିଳେ। ଏହା ତାମିଲନାଡୁର 'ରାଜ୍ୟ ଫୁଲ'। ଏହା ଜିମ୍ବାୱେର ମଧ୍ୟ ଜାତୀୟ ଫୁଲ। ୧୯୪୭ ମସିହାରେ ରାଣୀ ଏଲିଜାବେଥ(ଦ୍ୱିତୀୟ) ରୋଡେସିଆରେ (ବର୍ତ୍ତମାନ ଜିମ୍ବାୱେ) ଯାତ୍ରା କରିବା ସମୟରେ ତାଙ୍କର ଏକବିଂଶତମ ଜନ୍ମଦିନ ପାଳନ ପାଇଁ ଏହି ଫୁଲ ଆକୃତିର ଏକ ହୀରା ବ୍ରୁଚ୍ ତାଙ୍କୁ ଉପହାର ଦିଆଯାଇଥିଲା।

ପ୍ରାୟ ୬ ମିଟର ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବୃକ୍ଷର ପତ୍ରଗୁଡ଼ିକ ଡେମ୍ଫ ବିହୀନ, ପ୍ରତ୍ୟେକ ଗଣ୍ଠିରୁ ଗୋଟିଏ ଲେଖାଏଁ ପତ୍ର ବିପରୀତ ଭାବରେ ସଜାଯାଇଥାଏ, ପତ୍ର ଅଗ୍ରରୁ ସରୁ ତାର ଭଳି ଡଙ୍କ ସୃଷ୍ଟି ହୋଇଥାଏ, ଯାହା ସାହାଯ୍ୟରେ ଏହା ଅନ୍ୟାନ୍ୟ ଗଛଲତା ଉପରେ ଆରୋହଣ କରେ। ୫ ରୁ ୭ ସେମି ପର୍ଯ୍ୟନ୍ତ ଲମ୍ବା ଛଅଟି ପାଖୁଡ଼ା ବିଶିଷ୍ଟ ଫୁଲଗୁଡ଼ିକ ପ୍ରଥମେ ସବୁଜ, ପରେ ହଳଦିଆ ଏବଂ ଶେଷରେ ଲାଲ ରଙ୍ଗର ହୋଇଥାଏ। ୬ ରୁ ୧୨ ସେମି ପର୍ଯ୍ୟନ୍ତ ଲମ୍ବ ଫଳଟି ଏକ ମାଂସଳ କ୍ୟାପସୁଲ, ଯେଉଁଥିରେ ଅନେକ ଲାଲ ରଙ୍ଗର ବିହନ ଥାଏ। ଗଛରେ ସେପ୍ଟେମ୍ବର - ଅକ୍ଟୋବର ମାସରେ ଫୁଲ ଫୁଟେ।

ଆୟୁର୍ବେଦରେ ଅଗ୍ନିଶିଖା ବହୁଳ ବ୍ୟବହୃତ ଔଷଧି, ଯାହା ମାଂସପେଶୀ ଯନ୍ତ୍ରଣା, ଗଣ୍ଠିବାତ, ସନ୍ଧି ପ୍ରଦାହ, କାନ ଓ ଚର୍ମ ରୋଗ, କୋଲିକ୍, ଦୀର୍ଘକାଳୀନ ଅଲସର, ପାଇଲ୍ସ, ଗନୋରିଆ, ଶ୍ୱାସରୋଗ, ଉକୁଣୀ, କୁଷ୍ଠ, ଆଘାତ, ଅର୍ଶ, କୃମି, କର୍କଟ, ନପୁଂସକତା, ଯୌନ ସଂକ୍ରମିତ ରୋଗ ଉପଶମ ପାଇଁ ବ୍ୟବହାର କରାଯାଏ। ଏହାର ରାଇଜୋମଗୁଡ଼ିକୁ ଏକ ଟନିକ୍, ସାମୟିକ-ପ୍ରତିରୋଧୀ, କୃମି-ପ୍ରତିରୋଧୀ ଏବଂ ସାପ କାମୁଡ଼ା ଏବଂ ବିଛା ଦଂଶନ ଚିକିତ୍ସା, ପ୍ରସବ ଯନ୍ତ୍ରଣାକୁ ପ୍ରୋତ୍ସାହିତ କରିବା ସହିତ ଗର୍ଭପାତ ପାଇଁ ବ୍ୟବହାର କରାଯାଏ। ଉଦ୍ଭିଦର ଔଷଧୀୟ ଗୁଣ ମୁଖ୍ୟତଃ କୋଲଚିସିନ୍ ଓ ଗ୍ଲୋରିଓସିନ୍ ଆଲକାଲଏଡ୍ ଉପସ୍ଥିତି ଯୋଗୁଁ ହୋଇଥାଏ।

ବିହନରେ କୋଲଚିସିନ୍ ବ୍ୟତୀତ ଆଇସୋପରଲୋଲିରିନ୍ ଓ ସମ୍ପର୍କିତ ଟ୍ରୋପୋଲେନ୍ ଆଲକାଲଏଡ୍, ଶୃଙ୍ଖଳା ରାଇଜୋମ୍ରେ- ସିଟୋଷ୍ଟେରୋଲ୍, ଗ୍ଲୁକୋସାଇଡ୍, ୨-ହାଇଡ୍ରୋକ୍ସି, ୬-ମେଥୋକ୍ସି ବେଞ୍ଜୋଇକ୍ ଏସିଡ୍ ଥାଏ। ଉଦ୍ଭିଦର ପ୍ରତ୍ୟେକ ଅଂଶ ବିଷାକ୍ତ। କନ୍ଦକୁ ମିଠା ଆଳୁ କିମ୍ବା କନ୍ଦମୂଳ ଭାବି ଭୁଲ୍‌ବଶତଃ ଖାଇଲେ କିମ୍ବା ଏହା ପ୍ରତ୍ୟକ୍ଷ ପେଟକୁ ଗଲେ ମଣିଷ ଓ ପଶୁଙ୍କ ପ୍ରାଣହାନି ଘଟିପାରେ। ପାର୍ଶ୍ୱ ପ୍ରଭାବରେ ବାନ୍ତି, ପାଟି ଚାରିପାଖରେ ଝିମ୍ଝିମ୍, ଗଳାରେ ଜଳାପୋଡ଼ା, ପେଟ ଯନ୍ତ୍ରଣା ଏବଂ ରକ୍ତାକ୍ତ ଡାଇରିଆ, ଚର୍ମ ଛଡ଼ାଇ ଦେବା ଏବଂ ମହିଳାମାନଙ୍କ ଦୀର୍ଘକାଳୀନ ଯୋନି ରକ୍ତସ୍ରାବ ହୋଇପାରେ। ତେଣୁ ନାଇଜେରିଆରେ ତୀରରେ ବିଷ ଏବଂ ଭାରତରେ ସାପ ପାଇଁ ବିଷ ଦେବାରେ ଏହା ବ୍ୟବହାର କରାଯାଏ। ତେଣୁ ଆୟୁର୍ବେଦ ଶାସ୍ତ୍ର ଅନୁଯାୟୀ ଏହାର ଅନୁପାନ ବାଞ୍ଛନୀୟ।

ସାଧାରଣତଃ, ଏହି ଗଛ ଜଙ୍ଗଲରେ ପ୍ରାକୃତିକ ଭାବରେ ବଢ଼ିଥାଏ। ଔଷଧୀୟ ବ୍ୟବହାର ପାଇଁ ଏହାର ବହୁତ ଚାହିଦା ଅଛି। ତେଣୁ ଏହାକୁ ଭାରତରେ ଫାର୍ମଗୁଡ଼ିକରେ ଚାଷ କରାଯାଏ। କିନ୍ତୁ ଔଷଧ ବାଣିଜ୍ୟରେ ବିକ୍ରି ହେଉଥିବା ଅଧିକାଂଶ ଉଦ୍ଭିଦ ସାମଗ୍ରୀ ଜଙ୍ଗଲୀ ପରିସଂସ୍ଥାରୁ ଆସିଥାଏ। ଫୁଲଗୁଡ଼ିକ ଧାର୍ମିକ ରୀତିନୀତିର ଏକ ଅଂଶ। ଓଡ଼ିଶାରେ ଏହା ବିଲୁପ୍ତ ହେବାକୁ ଯାଉଛି ଏବଂ ଶ୍ରୀଲଙ୍କାରେ ଏହା ବିରଳ ହୋଇଯାଇଛି। ଅନ୍ୟପକ୍ଷରେ ଏହା ଅଷ୍ଟ୍ରେଲିଆ, ସିଙ୍ଗାପୁର ଏବଂ ଅନ୍ୟ କିଛି ଦେଶରେ ଏକ ଆକ୍ରମଣାତ୍ମକ ଜାତୀୟ ଲତା ବୋଲି କୁହାଯାଉଛି। ପ୍ରାକୃତିକ ସଂରକ୍ଷଣ ପାଇଁ ଆନ୍ତର୍ଜାତିକ ସଂଘ ଏହି ଲତାକୁ ଲାଲ୍ କିତାବରେ ସଙ୍କଟାପନ୍ନ ଉଦ୍ଭିଦ ବର୍ଗରେ ସ୍ଥାନିତ କରିଥିବା ଜଣାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## +୩ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା

# ନାମଲେଖା ପାଇଁ ୪୫,୫୦୨ ଚୟନ

■ ପ୍ରଥମ ରାଉଣ୍ଡରେ ଦୂରେଇ ରହିଲେ ୪୩,୮୪୪
■ ଖାଲି ପଡ଼ିବ ୫୪ ହଜାର ସିଟ୍

ଭୁବନେଶ୍ୱର,୨୨।୬(ସମିସ): ପ୍ରଥମ ପର୍ଯ୍ୟାୟ +୩ ନାମଲେଖା ପାଇଁ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା ରବିବାର ପ୍ରକାଶ ପାଇଛି। ସମୁଦାୟ ୪୫,୫୦୨ ପିଲା ନାମଲେଖା ପାଇଁ ଚୟନ ହୋଇଛନ୍ତି। ତନ୍ମଧ୍ୟରେ ୨୦,୦୩୧ ଛାତ୍ର ଥିବା ବେଳେ ୨୫,୪୬୮ ଛାତ୍ରୀ ଓ ୩ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି। ବଡ଼ କଥା ହେଲା, ୪୩,୮୪୪ଜଣ ଚୟନ ହୋଇଥିଲେ ମଧ୍ୟ ନାମଲେଖା ପ୍ରକ୍ରିୟାରେ ଆଦୌ ସାମିଲ ହୋଇନାହାନ୍ତି। ଫଳରେ ଅବଶିଷ୍ଟ ପ୍ରକ୍ରିୟାରୁ ସେମାନେ ବାଦ୍ ପଡ଼ିଛନ୍ତି। ପ୍ରଥମ ରାଉଣ୍ଡରେ ୭୯,୭୫୨ଜଣ ନାମ ଲେଖାଇଥିବା ବେଳେ ୫୨,୧୨୬ ଜଣ ସ୍ଲାଇଡ୍ ଅପସନ୍ ଦେଇଛନ୍ତି। ସମୁଦାୟ ୧,୭୫,୭୨୨ ଜଣଙ୍କୁ ନାମଲେଖା ପାଇଁ ଚୟନ କରାଯାଇଥିବାରୁ ପ୍ରାୟ ୪୪ ହଜାର ସିଟ୍ ଖାଲି ପଡ଼ିବା ସୁନିଶ୍ଚିତ ହୋଇଛି। ପ୍ରାୟ ୧୦ ହଜାର ପିଲା କମ୍ ଆବେଦନ କରିଥିବାରୁ ୫୪ ହଜାର ସିଟ୍ ଖାଲି ପଡ଼ିବ।

ଏହି ରାଉଣ୍ଡରେ ଚୟନ ହୋଇଥିବା ପିଲାମାନେ ୨୫ତାରିଖ ମଧ୍ୟରେ ନାମଲେଖାଇ ପାରିବେ। ଜୁଲାଇ ୧ରେ ତୃତୀୟ ରାଉଣ୍ଡ ମେଧା ତାଲିକା ପ୍ରକାଶ ପାଇବ ଓ ୪ ତାରିଖ ମଧ୍ୟରେ ନାମଲେଖା ହେବ। ଏହାପରେ ୱେଟିଂଲିଷ୍ଟ ରାଉଣ୍ଡ ପାଇଁ ଜୁଲାଇ ୭ରୁ ୧୦ତାରିଖ ମଧ୍ୟରେ ଆବେଦନ ହେବ। ୧୨ତାରିଖରେ ଇ-ସ୍ପେସ୍‌ରେ ଓ ୧୩ ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନର ନୋଟିସ୍ ବୋର୍ଡରେ ମେଧା ତାଲିକା ପ୍ରକାଶ ପାଇବ। ୧୫ ତାରିଖରେ ନାମଲେଖା ହେବ। +୨ ଇନ୍‌ଷ୍ଟାଣ୍ଟ ଓ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ବାହାରିବା ପରେ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ପାଇଁ ପ୍ରକ୍ରିୟା ଆରମ୍ଭ ହେବ।

ଅପରପକ୍ଷେ, ପୂର୍ବରୁ ଦିନ ୧୧ଟାରେ ମେଧା ତାଲିକା ପ୍ରକାଶ କରିବାକୁ ବିଜ୍ଞପ୍ତିରେ ଦର୍ଶାଯାଇଥିଲେ ମଧ୍ୟ ବିଭାଗ ବିଫଳ ହୋଇଛି। ସନ୍ଧ୍ୟା ୭ଟାରେ ମେଧା ତାଲିକା ପ୍ରକାଶ ପାଇଥିବାରୁ ନାମଲେଖା ପାଇଁ ପ୍ରକ୍ରିୟା ସାମାନ୍ୟ ବିଳମ୍ବ ହୋଇଛି। ବିଳମ୍ବର କାରଣ ସମ୍ପର୍କରେ ବୈଷୟିକ କାର୍ଯ୍ୟ କରୁଥିବା ଫାର୍ମର ଜଣେ କର୍ମଚାରୀ କହିଛନ୍ତି ଯେ ପୂର୍ବ ସୂଚୀରେ ପରିବର୍ତ୍ତନ କରି ନାମଲେଖା ପାଇଁ ଦୁଇଦିନ ଅତିରିକ୍ତ ସମୟ ଦିଆଯାଇଥିଲା। ଶନିବାର ଅପରାହ୍ନ ୩ଟାରେ ନାମଲେଖା ଅବଧି ସରିବା ପରେ ରାତିଦିନ କାମ କରିଛନ୍ତି। ଆଗକୁ ପ୍ରକ୍ରିୟା ମଝିରେ ପରିବର୍ତ୍ତନ କରାଗଲେ ବିଳମ୍ବ ହୋଇପାରେ ଏବଂ ସମ୍ପୂର୍ଣ୍ଣ ପ୍ରକ୍ରିୟା ନିର୍ଭୁଲ୍ ହେବା ନେଇ ମଧ୍ୟ ସେ ଆଶଙ୍କା ପ୍ରକାଶ କରିଛନ୍ତି।

## ବାହାରୁନି ଉଚ୍ଚଶିକ୍ଷା ବିଭାଗ ଏଚ୍‌ପିସି ପ୍ରୋସିଡିଂ

# ନୂତନ ଶିକ୍ଷାନୁଷ୍ଠାନ ଖୋଲିବାକୁ ଡିଲ୍!

ଭୁବନେଶ୍ୱର,୨୨।୬(ସମିସ): ଉଚ୍ଚଶିକ୍ଷା ବିଭାଗର ଉଚ୍ଚକ୍ଷମତା ସଂପନ୍ନ କମିଟି (ଏଚ୍‌ପିସି) ବୈଠକ ଗତ ୧୧ତାରିଖରେ ଅନୁଷ୍ଠିତ ହୋଇଛି। ନୂତନ ଉଚ୍ଚଶିକ୍ଷାନୁଷ୍ଠାନ ଖୋଲିବା ପାଇଁ ହୋଇଥିବା ସମସ୍ତ ଆବେଦନ ଉପରେ ଆଲୋଚନା ହୋଇଛି। ସାଧାରଣ ପାଠ୍ୟକ୍ରମ ସହ ଏମ୍‌ବିଏ, ଏମ୍‌ସିଏ ପାଠ୍ୟକ୍ରମ ପାଇଁ ଅନୁମତି ଦେବା ସମ୍ପର୍କରେ ବିଚାରବିମର୍ଷ ହୋଇଛି। ହେଲେ ବୈଠକକୁ ୧୨ଦିନ ଅତିକ୍ରମ କରିଥିଲେ ମଧ୍ୟ ଏହାର ଚୂଡ଼ାନ୍ତ ନିଷ୍ପତ୍ତି (ପ୍ରୋସିଡିଂସ୍) ବାହାରିନାହିଁ। ଚୂଡ଼ାନ୍ତ ନିଷ୍ପତ୍ତି ନ ବାହାରିବା ପଛରେ ଯେଉଁ କାରଣଟି କୁହାଯାଉଛି, ତାହା ଅତ୍ୟନ୍ତ ସାଂଘାତିକ। ଏବେ କିଛି ନିର୍ଦ୍ଦିଷ୍ଟ ଶିକ୍ଷାନୁଷ୍ଠାନ ନୂତନ ପାଠ୍ୟକ୍ରମ ଖୋଲିବା ପାଇଁ ଆଗ୍ରହୀ ଥିବାରୁ ଶିକ୍ଷା ବିଭାଗ ସହ ସେମାନଙ୍କର ଡ଼ିଲ୍ ଚୂଡ଼ାନ୍ତ ହୋଇ ପାରୁନାହିଁ। ଯାହା ଫଳରେ ସମସ୍ୟା ସୃଷ୍ଟି ହୋଇଛି ବୋଲି କୁହାଯାଉଛି।

ପୂର୍ବରୁ ଏଚ୍‌ପିସି ବୈଠକ ସରିବାର ଅଳ୍ପ ଦିନ ମଧ୍ୟରେ ନିଷ୍ପତ୍ତି ସମ୍ପର୍କରେ ପ୍ରୋସିଡିଂସ୍ ପ୍ରକାଶ ପାଇଥାଏ। ନୂତନ ଶିକ୍ଷାନୁଷ୍ଠାନ ପାଇଁ ହୋଇଥିବା ସମସ୍ତ ଆବେଦନକାରୀଙ୍କ ତଥ୍ୟ ସଦସ୍ୟମାନଙ୍କ ପାଖରେ ଥାଏ। ବିଭିନ୍ନ ଦିଗକୁ ଯାଞ୍ଚ କରିବା ପରେ ଅନୁମୋଦନ କିମ୍ବା ନାକଚ ସମ୍ପର୍କରେ ନିଷ୍ପତ୍ତି ହୋଇଥାଏ। ବୈଠକରେ ଅଧ୍ୟକ୍ଷତା କରୁଥିବା ଅଧିକାରୀଙ୍କ ଅନୁମୋଦନ ପରେ ବିଜ୍ଞପ୍ତି ପ୍ରକାଶ ପାଏ। କେବେ ପ୍ରୋସିଡିଂ ପ୍ରକାଶ କରାଯିବ ସେନେଇ ନିର୍ଦ୍ଦିଷ୍ଟ ନିୟମ ନ ଥିବାବେଳେ ଅତିବେଶୀରେ ସପ୍ତାହେ ମଧ୍ୟରେ ବାହାରିବା କଥା। ହେଲେ ଚଳିତଥର ୧୦ଦିନ ବିତିଥିଲେ ମଧ୍ୟ ପ୍ରୋସିଡିଂ ପ୍ରକାଶ ପାଇନଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଅପରପକ୍ଷରେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ଆବେଦନ କରିଥିବା ଜଣେ ଆବେଦନକାରୀ ନିଜ ନାମ ଗୋପନ ରଖିବା ସର୍ତ୍ତରେ କହିଛନ୍ତି ଯେ ସେମାନେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ସମସ୍ତ ପ୍ରକାର ମାନଦଣ୍ଡ ପୂରଣ କରୁଛନ୍ତି। ହେଲେ ଅନୁମତି ସୁନିଶ୍ଚିତ କରିବା ପାଇଁ ୟୁନିଟ୍-୬ ଅଞ୍ଚଳରେ ରହୁଥିବା ଜଣେ ନିର୍ଦ୍ଦିଷ୍ଟ ଅଧିକାରୀଙ୍କୁ ସାକ୍ଷାତ କରିବାକୁ କୁହାଯାଉଛି। ଉଚ୍ଚଶିକ୍ଷା ବିଭାଗର ବରିଷ୍ଠ ଅଧିକାରୀଜଣକ ଆବେଦନରେ ବିଭିନ୍ନ ତ୍ରୁଟି ରହିଥିବା ଦର୍ଶାଇବା ସହ ଅନୁମତି ପାଇଁ ପରୋକ୍ଷ ଭାବେ ଅର୍ଥ ଦାବି କରୁଛନ୍ତି। ଏପରିକି ସେ ଅଗ୍ରୀମ ମଧ୍ୟ ଦେଇସାରିଛନ୍ତି। ଏଚ୍‌ପିସି ନିଷ୍ପତ୍ତିକୁ ବିଳମ୍ବ କରି ଅର୍ଥ ଆଦାୟ କରିବାକୁ ଏହା ଏକ ନୂଆ ବ୍ୟବସ୍ଥା ବୋଲି ମଧ୍ୟ ସେ ଅଭିହିତ କରିଛନ୍ତି। ଅପରପକ୍ଷରେ ଆବେଦନକାରୀଙ୍କ ଡିପିଆର୍ ସମେତ ଭିତ୍ତିଭୂମି ଯାଞ୍ଚ କରିବାକୁ ଏକ ସବ୍-କମିଟି ଗଠନ କରାଯାଇଛି। ତାଙ୍କ ରିପୋର୍ଟ ଆଧାରରେ ନିଷ୍ପତ୍ତି ନିଆଯିବ। ଏଣୁ ପ୍ରୋସିଡିଂ ପ୍ରକାଶରେ ବିଳମ୍ବ ହେଉଥିବା ଜଣେ ବିଭାଗୀୟ ଅଧିକାରୀ କହିଛନ୍ତି।

# ବ୍ୟବସାୟୀଙ୍କୁ ଗୁଳିମାଡ଼ ଘଟଣା: ଡିଆଇଜିଙ୍କ ତନାଘନା

ଭଦ୍ରକ, ୨୨।୬(ସମିସ): ଭଦ୍ରକ ସହରର ଚରମ୍ପାଠାରେ ହୋଇଥିବା ଗୁଳିକାଣ୍ଡ ଘଟଣା ପରେ ପୁଲିସର ତନାଘନା ଆରମ୍ଭ ହୋଇଛି। ପୂର୍ବାଞ୍ଚଳ ଡିଆଇଜି ଓ ଏସ୍‌ପି ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ପ୍ରକ୍ରିୟା ଯାଞ୍ଚ କରିଛନ୍ତି। ଶନିବାର ଚରମ୍ପା ଛକ ନିକଟରୁ କିଛି ଦୂରରେ ବ୍ୟବସାୟୀ ବିଦ୍ୟାଧର ପାତ୍ରଙ୍କୁ କେତେକ ଦୁର୍ବୃତ୍ତ ଦୁଇରାଉଣ୍ଡ ଗୁଳି ଚଳାଇଥିଲେ। ପରେ ସ୍ଥାନୀୟ ଲୋକେ ବିଦ୍ୟାଧରଙ୍କୁ ଗୁରୁତର ଭାବେ ପ୍ରଥମେ ଭଦ୍ରକ ମେଡ଼ିକାଲ ଓ ପରେ କଟକ ମେଡ଼ିକାଲକୁ ସ୍ଥାନାନ୍ତର କରିଥିଲେ। ବିଦ୍ୟାଧରଙ୍କ ଦେହରୁ ଅପରେସନ ପରେ ଗୁଳି ବାହାର କରାଯାଇଛି ବୋଲି ସୂଚନା ମିଳିଛି। ତେବେ ଘଟଣା ପରେ ପୂର୍ବାଞ୍ଚଳ ଡିଆଇଜି ଡ. ସତ୍ୟଜିତ ନାୟକ, ଭଦ୍ରକ ଏସ୍‌ପି ମନୋଜ କୁମାର ରାଉତଙ୍କ ସହ ଅନ୍ୟ ଅଧିକାରୀମାନେ ଗୁଳିକାଣ୍ଡ ହୋଇଥିବା



ସ୍ଥାନକୁ ଯାଇ ତଦନ୍ତ କରିଛନ୍ତି। ବିଦ୍ୟାଧରଙ୍କ ପରିବାର ଲୋକଙ୍କ ସହ ଆଲୋଚନା କରିଛନ୍ତି ଡିଆଇଜି। ଏପର୍ଯ୍ୟନ୍ତ ଗୁଳିକାଣ୍ଡର କାରଣ ଅସ୍ପଷ୍ଟ ହୋଇଥିବା ବେଳେ ସିସିଟିଭି ଯାଞ୍ଚ ସହ ବିଭିନ୍ନ ସ୍ଥାନରେ ବ୍ଲକିଂ ଓ ଚଢ଼ଉ ଚାଲିଥିବା କହିଛନ୍ତି ଡିଆଇଜି। ଘଟଣା ପରେ ପୁଲିସ ତଦନ୍ତ ଆରମ୍ଭ କରିଥିବା ବେଳେ ଖୁବ୍‌ଶୀଘ୍ର ଅପରାଧୀଙ୍କୁ ପୁଲିସ ଧରିବ ବୋଲି କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଭଦ୍ରକ ସହରର ଚରମ୍ପା ଛକ ନିକଟରେ ବ୍ୟବସାୟୀଙ୍କୁ ଗୁଳିମାଡ ହୋଇଥିଲା। ଗୁଳିମାଡର ଶିକାର ହୋଇଥିଲେ ଭଦ୍ରକ ଗ୍ରାମାଞ୍ଚଳ ଥାନା ବେଳାମଳା ଗ୍ରାମର ବିଦ୍ୟାଧର ପାତ୍ର। ଚରମ୍ପା ସ୍ଥିତ ନିଜ ଦୋକାନ ବନ୍ଦ କରି ଘରକୁ ଯାଉଥିବା ସମୟରେ କେତେକ ଦୁର୍ବୃତ୍ତ ଆସି ଗୁଳି ଫୁଟାଇଥିଲେ। ଲୁଟ୍ ଉଦ୍ଦେଶ୍ୟରେ ବିଦ୍ୟାଧରଙ୍କୁ ଗୁଳି ମାଡ଼ କରାଯାଇଥିବା ସନ୍ଦେହ କରାଯାଉଥିଲା। ପରେ ଗୁଳି ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ି ଆସିଥିଲେ। ଦୁର୍ବୃତ୍ତମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପ୍ରତ୍ୟକ୍ଷଦର୍ଶୀଙ୍କ ଅନୁଯାୟୀ ଦୁଇ ରାଉଣ୍ଡ ଗୁଳି ଫୁଟିଥିଲା। ବାଇକରେ ଯାଉଥିବା ବିଦ୍ୟାଧର ରାସ୍ତାରେ ଟଳି ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ପରେ ଗୁରୁତର ଭାବେ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା।

# ଅନ୍‌ଲାଇନ୍ ଟ୍ରେଡିଂ ଆଳରେ ୧୯ ଲକ୍ଷର ଚୂନ

ବାରିପଦା, ୨୨।୬ (ସମିସ): ବାରିପଦା ମଧୁବନ ଅଞ୍ଚଳର ଜଣେ ଯୁବକଙ୍କୁ ସାଇବର୍ ଠକ ୧୯ ଲକ୍ଷ ଟଙ୍କାର ଚୂନ ମାରିଛନ୍ତି। ଠକେଇର ଶିକାର ହୋଇଥିବା ଯୁବକଜଣଙ୍କ ହେଲେ, ଶିବେନ୍ଦୁ ସୁରଜିତ ଜେନା। ଏ ସଂପର୍କରେ ସେ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ତାଙ୍କୁ ଏକ ଅଜଣା ନମ୍ବରରୁ ଫୋନ୍ ଆସିଥିଲା। ଘରେ ବସି ଅନ୍‌ଲାଇନ ଜରିଆରେ କାମ କରିବାକୁ ତାଙ୍କୁ ଠକମାନେ ପ୍ରବର୍ତ୍ତାଇଥିଲେ। ଏଥିପାଇଁ ମୋଟା ଅଙ୍କର ଟଙ୍କା ମିଳିବ ବୋଲି ପ୍ରଲୋଭନ ମଧ୍ୟ ଦେଖାଇଥିଲେ। ଅଧିକ ଅର୍ଥ ଉପାର୍ଜନ ଆଶାରେ ସୁରଜିତ୍ ସେମାନଙ୍କ କଥାରେ ରାଜି ହୋଇ କାମ ଆରମ୍ଭ କରିଥିଲେ। ତାଙ୍କ ବିଶ୍ୱାସ ଜିତିବା ପାଇଁ ଠକ ପ୍ରଥମେ ପ୍ରଥମେ ତାଙ୍କୁ ଟଙ୍କା ପ୍ରଦାନ କରିଥିଲେ। ପରେ ତାଙ୍କ ରୋଜଗାର ଟଙ୍କାକୁ ଅନ୍‌ଲାଇନ୍ ଟ୍ରେଡିଂରେ ବିନିଯୋଗ କରିବାକୁ ଠକ ପ୍ରବର୍ତ୍ତାଇଥିଲେ। ଠକଙ୍କ କହିବା ମୁତାବକ ସେ ଅନ୍‌ଲାଇନ୍ ଟ୍ରେଡିଂରେ ଟଙ୍କା ବିନିଯୋଗ କରିବା ଆରମ୍ଭ କରିଥିଲେ। ବିଭିନ୍ନ ପର୍ଯ୍ୟାୟରେ ସୁରଜିତ୍ ସମୁଦାୟ ୧୯,୯୭,୦୭୩ ଟଙ୍କା ବିନିଯୋଗ କରିବା ପରେ ଠକମାନେ ଆଉ ଧରାଛୁଆଁ ଦେଇନଥିଲେ। ସୁରଜିତ୍ ବାରମ୍ବାର ଯୋଗାଯୋଗ କରିଥିଲେ ହେଁ ସଫଳ ହୋଇନଥିଲେ। ତେଣୁ ଠକେଇର ଶିକାର ହୋଇଥିବା ଜାଣିବା ପରେ ଏନେଇ ସେ ଥାନାର ଦ୍ୱାରସ୍ଥ ହୋଇଥିଲେ।

# ଯୁବତୀଙ୍କ ଭିଡିଓ ଭାଇରାଲ

ବାରିପଦା,୨୨।୬(ସମିସ): ଜଣେ ଯୁବତୀଙ୍କ ଆପତ୍ତିଜନକ ଭିଡିଓ ଭାଇରାଲ କରିବାକୁ ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ପରିବାରଲୋକଙ୍କ ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନହେବାରୁ ପୁନଃ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ଜଣେ ଯୁବକ ତାଙ୍କ ଝିଅର ଭିଡିଓ ମୋବାଇଲରେ ଉତ୍ତୋଳନ କରି ସୋସିଆଲ ମିଡିଆରେ ଭାଇରାଲ କରିଛି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ ସୁଦ୍ଧା ଅଭିଯୁକ୍ତ ଗିରଫ ହୋଇନାହିଁ। ଫଳରେ ଯୁବତୀ ଓ ତାଙ୍କ ପରିବାରକୁ ନାନାଦି ଅପବାଦ ଶୁଣିବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି।

## ଗୋ-ଦାନ ପାଇଁ ଝିଅ ଘରକୁ ଯିବାବେଳେ ଆକ୍ରମଣ

# ଲଣ୍ଡା କରି ଘାସ ଖୁଆଇଲେ, ନର୍ଦ୍ଦମା ପାଣି ବି ପିଆଇଲେ

■ ଧରାକୋଟ, ୨୨।୬ (ସମିସ): ମୁଖ୍ୟମନ୍ତ୍ରୀଙ୍କ ଗଞ୍ଜାମ ଜିଲ୍ଲା ଗସ୍ତ ପୂର୍ବରୁ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ଗୋ-ଚାଲାଣ ସନ୍ଦେହରେ ୨ ଜଣଙ୍କୁ ଅଧାଲଣ୍ଡା କରି ଘାସ ଖୁଆଇବା ଏବଂ ଆଣ୍ଠେଇ ଆଣ୍ଠେଇ ଚଲେଇବା ସହ ନର୍ଦ୍ଦମା ପାଣି ପିଆଇବା ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଉପରକୁ ଅଙ୍ଗୁଳି ନିର୍ଦ୍ଦେଶ କରିଛି। ଝିଅକୁ ଦେବାପାଇଁ ଗାଇ ନେଇ ଯାଉଥିବା ଦୁଇ ଦଳିତ ବ୍ୟକ୍ତିଙ୍କୁ କଙ୍ଗାରୁ କୋର୍ଟ ବସାଇ ଅଧା ଲଣ୍ଡା କରି ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ପ୍ରାୟ ୨ କିଲୋମିଟର ନେବା ସହ ନର୍ଦ୍ଦମା ପାଣି ପିଆଇଛନ୍ତି ଲୋକେ। ଏମିତି ଏକ ଅମାନବୀୟ ଘଟଣା ଦେଖିବାକୁ ମିଳିଛି ଗଞ୍ଜାମ ଜିଲ୍ଲା ଧରାକୋଟ ଥାନା ଅନ୍ତର୍ଗତ ଖାରିଗୁମ୍ମା ଗ୍ରାମ ରାଜରାସ୍ତାରେ। ଏହି ଦୁଇ ବ୍ୟକ୍ତି ହେଲେ ଧରାକୋଟ ବ୍ଲକର ସିଙ୍ଗିପୁର ଗ୍ରାମର ବୁଲୁ ନାୟକ ଓ ବାବୁଲା ନାୟକ।

ସୂଚନା ଅନୁଯାୟୀ, ଝିଅକୁ ଯୌତୁକ ଦେବା ପାଇଁ ବୁଲୁ ଓ ବାବୁଲା ହରିପୁରରୁ ତିନୋଟି ଗାଇ ଧରି ସିଙ୍ଗିପୁର ଯିବାବେଳେ ଖାରିଗୁମ୍ମାଠାରେ ତାଙ୍କୁ କିଛି ଲୋକ ଅଟକାଇବା ସହ ଗୋ-ଚାଲାଣ କରୁଥିବା କହି ପଇସା ମାଗିଥିଲେ। ପଇସା ନ ଦେବାରୁ ସେମାନେ ଦୁହିଁଙ୍କୁ ମାଡ଼ ମାରିବା ସହ ସେଲୁନକୁ ଟେକିନେଇ ଅଧା ଲଣ୍ଡା କରି ଖାରିଗୁମ୍ମାଠାରୁ ଖାଲି ପାଦରେ ଚଲାଇ ଚଲାଇ ଜାହାଡା ଯାଏଁ ଆଣିଥିଲେ। ପାଖାପାଖି



ଦୁଇ କିଲୋମିଟର ଚଲାଇବା ପରେ ତାଙ୍କୁ ଜାହାଡା ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ଚଲାଇଥିଲେ। କେବଳ ଏତିକିରେ ନିର୍ଯାତନା ସରି ନ ଥିଲା। ଦୁଇ ଜଣଙ୍କୁ ଘାସ ଖାଇବାକୁ ମଧ୍ୟ ଦେବା ସହ ନର୍ଦ୍ଦମା ପାଣି ପିଇବାକୁ ବାଧ କରାଇଥିଲେ। ତେବେ କୌଶଳକ୍ରମେ ଦୁଇଜଣ ସେଠାରୁ ଖସି ଆସି ଧରାକୋଟ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

ଅଭିଯୁକ୍ତଙ୍କ ମୁଣ୍ଡ ଆଉ ପିଠିରେ ଆଘାତ ଲାଗିଥିବା ବେଳେ ଧରାକୋଟ ପୁଲିସ ତାଙ୍କୁ ମେଡ଼ିକାଲରେ ଭର୍ତ୍ତି କରି ଘଟଣାରେ ତଦନ୍ତ କରୁଛି। ଏହି ଘଟଣାରେ ୭ରୁ ୮ ଜଣଙ୍କ ସଂପୃକ୍ତି ଥିବା ଧରାକୋଟ ଥାନା ଅଧିକାରୀ ଚନ୍ଦ୍ରିକା ସ୍ୱାଇଁ ସୂଚନା ଦେଇଛନ୍ତି। ଏ ସଂକ୍ରାନ୍ତରେ ଜଣକୁ ଧରାକୋଟ ପୁଲିସ ଅଟକ ରଖି ତଦନ୍ତ କରୁଛି।

ମୁଖ୍ୟମନ୍ତ୍ରୀ ସୋମବାର ଆସିକା ଗସ୍ତ କରିବାର କାର୍ଯ୍ୟକ୍ରମ ରହିଥିବା ବେଳେ ତା' ପୂର୍ବରୁ ଏଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। ପୁଲିସ ପ୍ରଶାସନକୁ ଲୋକଙ୍କ ଖାତିର ରହୁ ନ ଥିବା ବେଳେ ପ୍ରତିଦିନ ଏଭଳି ହୃଦୟବିଦାରକ ଘଟଣା ଘଟୁଛି। ଫଳରେ ସରକାର ଓ ପୁଲିସ ପ୍ରତି ଲୋକଙ୍କ ବିଶ୍ୱାସ ତୁଟିବାରେ ଲାଗିଛି ଓ ଜିଲ୍ଲାବାସୀ ନିଜକୁ ନିରାପଦ ମଣୁନାହାନ୍ତି ବୋଲି ମତ ପ୍ରକାଶ ପାଇଛି।

# ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର ନିର୍ବାଚନ

ଭୁବନେଶ୍ୱର,୨୨।୬(ସମିସ): ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର କର୍ମକର୍ତ୍ତା ନିର୍ବାଚନ ରେଭେନ୍ସା ବିଶ୍ୱବିଦ୍ୟାଳୟ ସେଭେନ୍ ପିଲାର୍ସ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ରେଭେନ୍ସା ବିଶ୍ୱବିଦ୍ୟାଳୟର ପ୍ରଫେସର୍ ଧର୍ମବ୍ରତ ମହାପାତ୍ର ସଭାପତି ଭାବେ ନିର୍ବାଚିତ ହୋଇଥିବା ବେଳେ ପ୍ରଫେସର୍ ମଧୁସ୍ମିତା ପତି, ବିଶ୍ୱଜିତ ପ୍ରସାଦ ଛାଟୋଇ, ଏକାମ୍ବର କରେଇଲା, ପ୍ରସନ୍ନ କୁମାର ପାତ୍ର ଓ ଇଶ୍ୱର ଚନ୍ଦ୍ର ନାୟକ ଉପ-ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ସେହିପରି ସମ୍ପାଦକ ଭାବେ ମନୋରଞ୍ଜନ ମିଶ୍ର, ଯୁଗ୍ମ ସମ୍ପାଦକ ଭାବେ ସଂଯୁକ୍ତା ପାଢ଼ୀ ଓ ପ୍ରିୟଙ୍କା ଚକ୍ରବର୍ତ୍ତୀ ଏବଂ କୋଷାଧ୍ୟକ୍ଷ ଭାବେ ପରେଶ କୁମାର ଲେଙ୍କା ନିର୍ବାଚିତ ହୋଇଛନ୍ତି। ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ପ୍ରାୟ ଦୁଇଶହରୁ ଅଧିକ ଅଧ୍ୟାପକ/ଅଧ୍ୟାପିକା ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରିବା ସହ ଉଚ୍ଚଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଛନ୍ତି। ଏହାସହ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧିତ ଅଧିନିୟମ-୨୦୨୪ କାର୍ଯ୍ୟକାରୀ କରିବା, ବିଶ୍ୱବିଦ୍ୟାଳୟଗୁଡ଼ିକର ସ୍ୱାୟତ୍ତତା ଉପରେ ଆଲୋଚନା ହୋଇଥିଲା। ବିଶ୍ୱବିଦ୍ୟାଳୟରେ ଆରମ୍ଭ କରାଯାଇଥିବା ଶିକ୍ଷକ ପଦ ସଂଗତୀକରଣ (ସ୍କୁଲ୍ ଗଠନ)କୁ ବିରୋଧ କରିବା ସହ ତୁରନ୍ତ ବନ୍ଦ କରିବାକୁ ସଦସ୍ୟମାନେ ଦାବି କରିଛନ୍ତି।

## ପୁଲିସ ଇନ୍‌ଫର୍ମର ସନ୍ଦେହ

# ଦୁଇ ଗ୍ରାମବାସୀଙ୍କୁ ମାଓବାଦୀଙ୍କ ହତ୍ୟା

■ ମାଲକାନଗିରି, ୨୨।୬ (ସମିସ): ସୀମାନ୍ତରେ ପୁଣି ସକ୍ରିୟ ହୋଇଉଠିଛନ୍ତି ମାଓବାଦୀ। ସୂଚନାଦାତା ସନ୍ଦେହରେ ଦୁଇ ଗ୍ରାମବାସୀଙ୍କୁ ନିର୍ମମ ଭାବେ ହତ୍ୟା କରିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ରାଜ୍ୟ ବିଜାପୁର ଜିଲ୍ଲାରେ ମାଓବାଦୀମାନେ ଗତ କିଛି ଦିନ ହେଲା ନିରୀହ ଗ୍ରାମବାସୀଙ୍କୁ ଟାର୍ଗେଟ କରି ଚାଲିଛନ୍ତି। ଆଜି ସକାଳେ ମାଓବାଦୀମାନେ ଛତିଶଗଡ ରାଜ୍ୟ ବିଜାପୁର ଜିଲ୍ଲାର ପାମେଡ ଥାନା ଅନ୍ତର୍ଗତ ସେଣ୍ଡ୍ରାବୋର ଏବଂ ଏମ୍ପୁର ଗାଁରେ ଦୁଇଜଣ ଗ୍ରାମବାସୀଙ୍କୁ ନିର୍ମମ ଭାବରେ ହତ୍ୟା କରିଛନ୍ତି। ମୃତକଙ୍କ ମଧ୍ୟରେ ସେଣ୍ଡ୍ରାବୋର ଗାଁର ସମୟା ସୁନମ ରହିଛନ୍ତି। ସେ କିଛି ଦିନ ପୂର୍ବରୁ ମାଓ ସଂଗଠନ ଛାଡି ପୁଲିସ ନିକଟରେ ଆମ୍ ସମର୍ପଣ କରିଥିଲେ। ସେ ଆରପିସି ସଦସ୍ୟ ଭାବେ ମାଓବାଦୀ ସଂଗଠନରେ ସକ୍ରୀୟ ଥିଲେ। ସେହିପରି ଏମପୁର ଗାଁର ବେକୋ ଦେବାଙ୍କୁ ମାଓବାଦୀମାନେ ହତ୍ୟା କରିଛନ୍ତି। ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି। ଗ୍ରାମବାସୀଙ୍କୁ ବାରମ୍ବାର ହତ୍ୟା କରାଯିବା ଫଳରେ ଅଞ୍ଚଳରେ ଗ ଭୟର ବାତାବରଣ ଖେଳିଯାଇଛି। ପୁଲିସ ପକ୍ଷରୁ ତଲାସି ଅଭିଯାନକୁ ଜୋରଦାର କରାଯାଇଛି।


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
GADHWAL GROUP
Mob.: 9437015112



**AFFIDAVIT**

By virtue of an Affidavit No. 596 Dt: 12.06.2025 sworn before the Executive Magistrate, Lephripara, I Manash Ranjan Sahoo, S/o- Nityananda Sahoo R/o At/P.O./P.S.- Lephripara, Dist- Sundargarh - 770012 declare that my minor daughter SRUSTI KUMARI SAHOO changed her name to SONAKSHI SAHOO. Henceforth, she will be known as SONAKSHI SAHOO for all purposes.



**NOTICE**
(above 18 years of age)

By virtue of an affidavit sworn before Notary Public, Udala, Mayurbhanj, dated 21st June, 2025 I, Narayan Tudu, Address At- Badaolia, PO- Bholagadia, PS- Khunta, Dist- Mayurbhanj, PIN- 757104 declare that I have changed my name from Narayan Majhi to Narayan Tudu. Henceforth, I shall be known as Narayan Tudu for all purposes.

Narayan Tudu



**NOTICE**

ମୁଁ ଶ୍ରୀ ଜଳଧର ଟୁଡୁ ବୟସ ୪୮ ବର୍ଷ, ପିତା- ସ୍ୱର୍ଗତ ସବନ ଟୁଡୁ, ସା- ଉଦଳା ୱାର୍ଡ ନଂ.-୧୨, ଜ୍ୟୋତି ନଗର, ପୋ.ଅ./ଥା- ଉଦଳା, ଜି- ମୟୂରଭଞ୍ଜ। ଏତଦ୍ୱାରା ଘୋଷଣା କରୁଅଛି କି, ମୋର ଝିଅ କୁମାରୀ ଟି. କୌଶଲ୍ୟା କୁମାରୀଙ୍କ ପ୍ରକୃତ ଜନ୍ମ ତାରିଖ ୦୨.୦୮.୨୦୦୮ ଅଟେ। ଯାହାକି ତା'ର ବୋର୍ଡ ସାର୍ଟିଫିକେଟ୍ (BSE) ରେଜିଷ୍ଟ୍ରେସନ ନଂ. B123/17249/0031 ଲେଖାଅଛି। ମାତ୍ର ତା'ର ଆଧାର ନ.- 680347351865 ରେ ଭୁଲ କ୍ରମେ ତା. ୦୮.୦୨.୨୦୦୮ ଲେଖା ଅଛି। ଏଥିପାଇଁ ଆମେ ଶ୍ରୀଯୁକ୍ତ ଏକଜିକ୍ୟୁଟିଭ ମାଜିଷ୍ଟ୍ରେଟ୍ କପ୍ତିପଦା, ଉଦଳାଙ୍କ ଠାରେ ନଂ. 3833/21.6.25ମୁର ମୂଳେ ସତ୍ୟପାଠ କରିଅଛୁ।

ଜଳଧର ଟୁଡୁ



**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

CONTACT : 6371093914


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଯୁଦ୍ଧକୁ ଡେଇଁଲା...

ତିନିଟି ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଥିବା ଆମେରିକା ଦାବି କରିଛି। ୧୯୭୯ରେ ଇରାନ ବିପ୍ଳବ ପରେ ପ୍ରଥମ ଥର ଲାଗି ଇରାନ ଭିତରେ ଆକ୍ରମଣ କରିଛି ଆମେରିକା। ରାଷ୍ଟ୍ରପତି ଟ୍ରମ୍ପ ଏହି ଆକ୍ରମଣ ସଫଳ ହୋଇଛି ଏବଂ ଇରାନର ପରମାଣୁ କ୍ଷମତା ଶୂନ ହୋଇଯାଇଛି ବୋଲି କହିଛନ୍ତି। ଏବେ ମଧ୍ୟପ୍ରାଚ୍ୟ ଓ ଇସ୍ରାଏଲ ବିପଦମୁକ୍ତ ବୋଲି ସେ କହିଛନ୍ତି। ଇରାନ ତୁରନ୍ତ କଥାବାର୍ତ୍ତା କରୁ, ନହେଲେ ଆହୁରି ଭୟଙ୍କର ଆକ୍ରମଣ କରାଯିବ ବୋଲି ସେ ଧମକ ଦେଇଛନ୍ତି। ଆମେରିକାର ପ୍ରତିରକ୍ଷା ସଚିବ କହିଛନ୍ତି ଯେ 'ମିଡନାଇଟ୍ ହାମର' ନାମରେ ହୋଇଥିବା ଆକ୍ରମଣରେ ୧୨୫ଟି ଲଢୁଆ ବିମାନ ମଧ୍ୟ ସାମିଲ ହୋଇଥିଲେ। ଏହାସହିତ ଆମେରିକା ନୌସେନାର ସବମେରିନରୁ ୨୪ଟି ଟୋମହକ୍ କ୍ଷେପଣାସ୍ତ୍ର ମଧ୍ୟ ମାଡ଼ କରାଯାଇଛି।

ଏହି ଆକ୍ରମଣ ନେଇ ଇରାନ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି। ଇରାନର ବୈଦେଶିକ ମନ୍ତ୍ରୀ ଅଲ୍ଗାସ କହିଛନ୍ତି ଯେ ଇରାନ ଉପରେ ଆକ୍ରମଣ କରି ଆମେରିକା ସବୁ ସୀମା ଅତିକ୍ରମ କରିଛି। ଇରାନ ଏହାର ଦୃଢ଼ ଜବାବ ଦେବ। ଇରାନ ମଧ୍ୟ ମଧ୍ୟପ୍ରାଚ୍ୟରେ ଥିବା ଆମେରିକାର ସାମରିକ ପ୍ରତିଷ୍ଠାନକୁ ଟାର୍ଗେଟ କରିବ ବୋଲି ସେ କହିଛନ୍ତି। ଏସଂପର୍କରେ ଅଧିକ ବିଚାରବିମର୍ଶ ଲାଗି ଆଜି ସେ ମସ୍କୋ ଯାଉଛନ୍ତି। ସେଠାରେ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହିତ ଆଲୋଚନା କରିବେ। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ନିନ୍ଦା କରିବା ସହିତ ତୁରନ୍ତ ଯୁଦ୍ଧ ବନ୍ଦ କରିବାକୁ ପରାମର୍ଶ ଦେଇଛନ୍ତି। ରୁଷ ଏବଂ ଚୀନ ମଧ୍ୟ ଏହାର ନିନ୍ଦା କରି କହିଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟ ସ୍ଥିତି ଆହୁରି ବିଗିଡ଼ିଯିବ। ରୁଷ ରାଷ୍ଟ୍ରପତି ପୁଟିନଙ୍କ ବରିଷ୍ଠ ପରାମର୍ଶଦାତା ତଥା ପୂର୍ବତନ ରାଷ୍ଟ୍ରପତି ଡ଼ୁମିଟ୍ରି ମେଦଭେଦେଭ କହିଛନ୍ତି ଯେ ଆମେରିକାର ଆକ୍ରମଣ ସଫଳ ହୋଇନାହିଁ। ଏହା ଆମେରିକା ପାଇଁ ମହଙ୍ଗା ପଡ଼ିବ। ରୁଷ ସମେତ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି ବୋଲି ସେ କହିଛନ୍ତି। ଅନ୍ୟପକ୍ଷରେ ବ୍ରିଟେନ ଓ ଇସ୍ରାଏଲ ଏହି ଆକ୍ରମଣକୁ ସମର୍ଥନ କରିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଏସଂପର୍କରେ ଇରାନ ରାଷ୍ଟ୍ରପତିଙ୍କ ସହିତ ଫୋନରେ କଥା ହୋଇଛନ୍ତି। ମଧ୍ୟପ୍ରାଚ୍ୟ ସ୍ଥିତି ନେଇ ଉଦବେଗ ପ୍ରକାଶ କରିବା ସହିତ ତୁରନ୍ତ ଉତ୍ତେଜନା ଦୂର କରିବା ସପକ୍ଷରେ ମତ ରଖିଛନ୍ତି। ଦୁଇ ନେତାଙ୍କ ମଧ୍ୟରେ ୪୫ ମିନିଟ୍ ଧରି କଥାବାର୍ତ୍ତା ହୋଇଥିଲା।

ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାପାଇଁ ଅଭିଯାନ ଚଳାଇଥିବା ପାକିସ୍ତାନର ଆଜିର ଆମେରିକୀୟ କାର୍ଯ୍ୟାନୁଷ୍ଠାନକୁ ନିନ୍ଦା କରିଛି। ପାକିସ୍ତାନ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ ଇରାନ ଉପରେ ଆମେରିକା ଆକ୍ରମଣକୁ ନିନ୍ଦା କରି କହିଛନ୍ତି ଯେ ଏହା ମଧ୍ୟପ୍ରାଚ୍ୟରେ ଉଦବେଗଜନକ ପରିସ୍ଥିତି ସୃଷ୍ଟି କରିଛି।

ଆମେରିକା ଆକ୍ରମଣ ପରେ ଇରାନ ଓ ଇସ୍ରାଏଲ ମଧ୍ୟରେ ଯୁଦ୍ଧ ଆହୁରି ଭୟଙ୍କର ରୂପ ଧାରଣ କରିଛି। ଆମେରିକା ଆକ୍ରମଣର କିଛି ସମୟ ମଧ୍ୟରେ ଇସ୍ରାଏଲ ଉପରେ ପ୍ରଚଣ୍ଡ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲର ୪ଟି ସହରକୁ ଟାର୍ଗେଟ କରି ଇରାନ ଏହାର ସବୁଠାରୁ ଶକ୍ତିଶାଳୀ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲ ମଧ୍ୟ ଏହା ଯୁଦ୍ଧବିମାନ ଜରିଆରେ ଇରାନର ଅନେକ ସାମରିକ ପ୍ରତିଷ୍ଠାନ ଉପରେ ଆକ୍ରମଣ କରିଥିବା କହିଛି।

### ବଢ଼ିବ ତୈଳ...

ହୋଇଯାଏ ତେବେ ତାହାର ପ୍ରଭାବ ବିଶ୍ୱ ଅର୍ଥ ବ୍ୟବସ୍ଥା ଉପରେ ପଡ଼ିବ। ମଧ୍ୟ ପ୍ରାଚ୍ୟକୁ ସାମଗ୍ରୀ ଯୋଗାଣ ପାଇଁ ଏହି ମାର୍ଗ ଗୁରୁତ୍ୱପୂର୍ଣ୍ଣ। ଏହାର ପ୍ରଭାବରେ ଭାରତରେ ମଧ୍ୟ ତୈଳ ଦର ବୃଦ୍ଧି ପାଇପାରେ। ଭାରତର ପ୍ରାୟ ୫୦ ପ୍ରତିଶତ ତୈଳ ଏବଂ ଗ୍ୟାସ ହର୍ମୁଜ ଦେଇ ଆସୁଛି।

### କମୁଛି ବନ୍ୟା...

ପ୍ରଶାସନ ପକ୍ଷରୁ ଭୋଗରାଇ ବ୍ଲକ୍‌ର ମାତ୍ର ୮ଟି ଗ୍ରାମରେ ଚୁଡା ଗୁଡ଼, ପାଣି ବୋତଲ ବଣ୍ଟନ କରାଯାଇଛି। ଅପରପକ୍ଷେ, ବନ୍ୟା ପାଣି ସ୍ରୋତରେ ଗତକାଲି ଭାସି ଯାଇଥିବା କୁମ୍ଭୀରଗଡ଼ି ପଞ୍ଚାୟତର କୁହ୍ଲା ଗ୍ରାମର ନବକୃଷ୍ଣ ପିଳାଙ୍କ ପୁଅ ମହେଶ୍ୱର ପିଳାଙ୍କ ମୃତଦେହ ଆଜି ଉଦ୍ଧାର ହୋଇଛି। ସକାଳେ ସ୍ଥାନୀୟ ଲୋକେ ନଦୀରେ ଏକ ଶବ ଭାସୁଥିବା ଦେଖି ପ୍ରଶାସନକୁ ଖବର ଦେବା ପରେ ଓଡ୍ରାଫ ଟିମ ପହଁଚି ଶବକୁ ଉଦ୍ଧାର କରିଥିଲା। ଉକ୍ତ ଶବକୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

ଶନିବାର ଅପରାହ୍ଣରେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀ ବୋଟ୍ ଯୋଗେ ବନ୍ୟା ପ୍ରପୀଡ଼ିତ ଗାଁକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ସହ ଲୋକଙ୍କ ସହ ଆଲୋଚନା କରିଥିଲେ। ଏଥି ସହିତ କୁମ୍ଭୀରଗଡ଼ି ପଞ୍ଚାୟତ କୁହ୍ଲା ଗ୍ରାମର ବନ୍ୟା ପାଣିରେ ବୁଡ଼ି ପ୍ରାଣ ହରାଇଥିବା ଯୁବକଙ୍କ

■ ପାଣି ଘେରରେ ଭୋଗରାଇର ୪୦ ଓ ବାଲିଆପାଳର ୫୦ ଗାଁ
■ ପାନୀୟ ଜଳର ଅଭାବ ମେଣ୍ଟାଇବାରେ ପ୍ରଶାସନ ବିଫଳ
■ ଗତକାଲି ଭାସିଯାଇଥିବା ଯୁବକଙ୍କ ମୃତଦେହ ମିଳିଲା

ଘରକୁ ଯାଇ କିଛି ଆର୍ଥିକ ସାହାଯ୍ୟ କରିଥିଲେ। ତା ଛଡ଼ା ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ କିଛି ଆର୍ଥିକ ଆଣିଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ତୁରନ୍ତ ଭୋଗରାଇ ପ୍ରଶାସନକୁ ବନ୍ୟା ଅଞ୍ଚଳର ଲୋକମାନଙ୍କୁ ଶୁଖିଲା ଖାଦ୍ୟ ବାଣ୍ଟିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ। ସାଂସଦ ଶ୍ରୀ ଷଡ଼ଙ୍ଗୀଙ୍କ ସହିତ ବିଜେପି ନେତା ଆଶିଷ ପାତ୍ର, ମଣ୍ଡଳ ସଭାପତି ପରମାନନ୍ଦ ପରିଡ଼ା ତଥା ଦଳୀୟ କର୍ମୀମାନେ ଉପସ୍ଥିତ ଥିଲେ।

ସେହିପରି ବନ୍ୟାରେ ବାଲିଆପାଳ ବ୍ଲକର ୧୦ ପଞ୍ଚାୟତର ୫୦ରୁ ଅଧିକ ଗ୍ରାମ ବିଶେଷ ମାତ୍ରାରେ ପ୍ରଭାବିତ ହୋଇଛନ୍ତି। ଏବେବି ଏହି ସବୁ ଗ୍ରାମରେ ବନ୍ୟାପାଣି ପ୍ରବାହିତ ହେଉଥିବାରୁ ଲୋକଙ୍କ ଯାତାୟାତରେ ବାଧା ସୃଷ୍ଟି ହେଉଛି। କୁଦମାନସିଂ, ଆଠବାଟିଆ, ରାଉତୁରାପୁର, ତଳ ବାଲିଆପାଳ, ଶୁଙ୍ଗମୁହଁ, ପାଳଚମ୍ପେ, ବିଷ୍ଣୁପୁର, ଇକଡପାଳ, ଚୌଧୁରିକୁଦ, କୁହ୍ଲାଚଡ, ବଡତାଳପଦା, ନଖପାଳ ପ୍ରଭୃତି ଗ୍ରାମ ସଂପୂର୍ଣ୍ଣ ରୂପେ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଛି। ବନ୍ୟା ଯୋଗୁଁ ୨ଦିନ ହେଲା ଗ୍ରାମର ଅନେକ ଲୋକଙ୍କ ଘରେ ଚୁଲି ଜଳି ନଥିବା ବେଳେ ସେମାନେ ଭୋକ ଉପବାସରେ ଦିନ ବିତାଉଛନ୍ତି। ପିଇବା ପାଣି ପାଇଁ ଲୋକେ ସବୁଠାରୁ ଅଧିକ ସଙ୍କଟର ସମ୍ମୁଖୀନ ହେଉଛନ୍ତି। ନଳକୂପଗୁଡ଼ିକ ପାଣିରେ ବୁଡ଼ି ରହିଥିବାରୁ ଲୋକେ ଦୂଷିତ ପାଣି ପିଇବାକୁ ବାଧ ହେଉଛନ୍ତି। ପ୍ରଶାସନ ପକ୍ଷରୁ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଇ ଦେବାର ବ୍ୟବସ୍ଥା କରାଯାଇଥିଲେ ମଧ୍ୟ ଲୋକମାନେ ଟ୍ୟାଙ୍କର ପାଖକୁ ପାଣି ନେବା ପାଇଁ ଅଣ୍ଟେ ପେଟେ ପାଣିରେ ପଶି ରାସ୍ତା ଉପରକୁ ଆସିବାକୁ ପଡୁଛି। ଏହା ପର୍ଯ୍ୟାପ୍ତ ନୁହଁ ବୋଲି ବହୁ ବିପନ୍ନ ଅଭିଯୋଗ କରିଛନ୍ତି। ସେହିପରି ବନ୍ୟା ଯୋଗୁଁ ଗୃହପାଳିତ ପଶୁ ଘରୁ ପଦାକୁ ବାହାରି ନପାରି ଭୋକିଲା ଅଛନ୍ତି। ବନ୍ୟା ପାଣି ସମ୍ପୂର୍ଣ୍ଣ ଛାଡ଼ିବାକୁ ଆହୁରି ଦିନେ ଦୁଇଦିନ ଲାଗିବ। ତେବେ ପ୍ରଶାସନ ପକ୍ଷରୁ ଲୋକମାନଙ୍କ ପାଖରେ ରିଲିଫ ପହଂଚାଇ ନପାରିବା ପ୍ରଶାସନର ଅପାରଗତାକୁ ପଦାରେ ପକାଇଛି। ବନ୍ୟା ପରେ ଗ୍ରାମବାସୀମାନେ ଝାଡାବାନ୍ତିରେ ଆକ୍ରାନ୍ତ ହେବାର ସମ୍ଭାବନା ଅଧିକ ଥିବାରୁ ପ୍ରସାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ନଳକୂପ ଏବଂ ଗ୍ରାମ ଗୁଡିକ ବିଶୋଧନ ପାଇଁ ଦାବି ହୋଇଛି। ସେହିପରି ଶହଶହ ଏକର ଜମିରେ ହୋଇଥିବା ପରିବା ଚାଷ ପାଣିରେ ବୁଡି ରହି ସମ୍ପୂର୍ଣ୍ଣ ନଷ୍ଟ ହେବାକୁ ବସିଛି। ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ଜ୍ୟୋତ୍ସ୍ନାରାଣି ନାୟକ ବିଭିନ୍ନ ବନ୍ୟାଂଚଳ ବୁଲି ସ୍ଥିତି ଉପରେ ନଜର ରଖିଛନ୍ତି। ପ୍ରଶାସନ ପକ୍ଷରୁ ୬ଟି ପଞ୍ଚାୟତର ୧୮ ହଜାର ଲୋକଙ୍କ ପାଇଁ ୯୫ କୁଇଣ୍ଟାଲ ଚୁଡା ୧୦ କୁଇଣ୍ଟାଲ ଗୁଡ ଏବଂ ପାଣି ବୋତଲ ଯୋଗାଇ ଦିଆଯାଇଥିବା ବାଲିଆପାଳ ବ୍ଲକ ବନ୍ୟା ଦାୟିତ୍ୱରେ ଥିବା ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ କହିଛନ୍ତି। ସେହିପରି ବିଭିନ୍ନ ସ୍ଥାନରେ ୬ଟି ପାଓାର ବୋଟ ନିୟୋଜିତ ହୋଇଛି। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ୬ଟି ଟିମ କରାଯାଇ ବିଭିନ୍ନ ଅଂଚଳରେ ସ୍ୱାସ୍ଥ୍ୟସେବା ତଦାରଖ କରାଯାଉଥିବା ଉପଜିଲ୍ଲାପାଳ ଡ. ସାମନ୍ତରାୟ କହିଛନ୍ତି। ପ୍ରଶାସନ ପକ୍ଷରୁ ତୁରନ୍ତ କ୍ଷତିଗ୍ରସ୍ତ ଗ୍ରାମ ଗୁଡିକର ସ୍ଥିତି ଅନୁଧ୍ୟାନ କରି ଲୋକଙ୍କୁ ସହାୟତା ଯୋଗାଇ ଦେବାକୁ ଦାବି ହେଉଛି।

### ଅସ୍ତ୍ରୋପଚାର ସଫଳ...

ମଧ୍ୟରେ ଅସ୍ତ୍ରୋପଚାର ଶେଷ ହୋଇଛି। ଡାକ୍ତର ରମାକାନ୍ତ ପଣ୍ଡା କହିଛନ୍ତି ଯେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦରୁ ନବୀନ ପଟ୍ଟନାୟକଙ୍କ ସଫଳତା ସହ ଅପରେସନ ହୋଇଛି। ବୟସ ବଢିଲେ ସର୍ଭିକାଲ୍ ଆର୍ଥ୍ରାଇଟିସ୍ ହୁଏ। ଏଥିପାଇଁ ସେ (ନବୀନ) ଟିକିଏ କଷ୍ଟ ଅନୁଭବ କରୁଥିଲେ। ଏବେ ଚିକିତ୍ସା ପରେ ଆଉ ତାଙ୍କୁ କଷ୍ଟ ହେବ ନାହିଁ। ଦୁଇ ଘଣ୍ଟା ଅପରେସନ ହୋଇଛି ଓ ଗୋଟେ ଛୋଟ ଷ୍ଟିଚ ପଡିଛି। ୫ ରୁ ୭ ଦିନ ପରେ ଷ୍ଟିଚ ଖୋଲାଯିବ ବୋଲି ସେ କହିଛନ୍ତି। ଅପରେସନ ସମୟରେ ଏହି ସମୟରେ ନବୀନଙ୍କ ଭାଇ ପ୍ରେମ୍ ପଟ୍ଟନାୟକ ଓ ଭାଉଜ, ନବୀନଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ମଧ୍ୟ ଉପସ୍ଥିତ ରହିଥିଲେ। ଶ୍ରୀ ମିଶ୍ର କହିଛନ୍ତି ଯେ ନବୀନ ବାବୁ ଅବଜରଭେସନରେ କେତେ ସମୟ ରହିବେ, ଡାକ୍ତରଙ୍କ ମତାମତ ଉପରେ ନିର୍ଭର କରେ। ସେ ଏବେ ଆଇସିୟୁରେ ଅଛନ୍ତି। ଅନେକ ପ୍ରତିଷ୍ଠିତ ଲୋକ ନବୀନ ପଟ୍ଟନାୟକଙ୍କୁ ଦେଖା କରିବାକୁ ଚାହୁଁଛନ୍ତି। ଅପରେସନ ପରେ ସଂକ୍ରମଣର ଭୟ ରହିଥାଏ। ତେଣୁ ଆଇସିୟୁରୁ କ୍ୟାବିନ୍‌କୁ ସ୍ଥାନାନ୍ତର ହେବା ପର୍ଯ୍ୟନ୍ତ ସମସ୍ତଙ୍କୁ ଅପେକ୍ଷା କରିବାକୁ ଆମେ ବିନମ୍ର ଭାବରେ ଅନୁରୋଧ କରିଛୁ ବୋଲି ଶ୍ରୀ ମିଶ୍ର କହିଛନ୍ତି।

ଦୀର୍ଘ ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ ନିରଳସ ଓ ନିସ୍ୱାର୍ଥପର ଭାବରେ ରାଜ୍ୟବାସୀଙ୍କ ପାଇଁ କାର୍ଯ୍ୟ କରିଛନ୍ତି। ବିରୋଧୀଦଳ ନେତା ଭାବରେ ମଧ୍ୟ ସମର୍ପିତ ଭାବରେ ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ କାର୍ଯ୍ୟ କରି ଚାଲିଛନ୍ତି। ନବୀନଙ୍କ ସ୍ୱାସ୍ଥ୍ୟ ଖବର ଶୁଣି ସାରା ରାଜ୍ୟବାସୀ ତାଙ୍କର ସୁସ୍ୱାସ୍ଥ୍ୟ କାମନା କରିଛନ୍ତି। ଉପବାସ, ପୂଜାର୍ଚ୍ଚନା ସହ ଦୀପଦାନ କରି ନବୀନଙ୍କ ଶୀଘ୍ର ଆରୋଗ୍ୟ ଲାଭ ପାଇଁ ପ୍ରାର୍ଥନା କରିଛନ୍ତି। ଆଜି ତାଙ୍କର ଅସ୍ତ୍ରୋପଚାର ସଫଳ ହେବା ସୂଚନା ମିଳିବା ପରେ ରାଜ୍ୟବାସୀ ଆଶ୍ୱସ୍ତ ହୋଇଛନ୍ତି।

## ନବୀନଙ୍କ ଆଶୁ ଆରୋଗ୍ୟ କାମନା

# ରୁଦ୍ରାଭିଷେକ, ପୂଜାପାଠ, ସମୂହ ଦୀପଦାନ













**ଭଦ୍ରକ/ଆରଡ଼ି,୨୨।୬(ସମିସ):** ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡିର ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବାବା ଆଖଣ୍ଡଳମଣିଙ୍କ ମନ୍ଦିରରେ ସେବାୟତଙ୍କ ପକ୍ଷରୁ ବୁଧବାର ରୁଦ୍ରାଭିଷେକ ସହ ୧୦୮ କଳସ ଜଳଲାଗି କରାଯାଇଥିଲା। ଭୋର ୪ଟାରେ ବାବାଙ୍କ ମନ୍ଦିର ଦ୍ୱାରଫିଟା ନୀତି ସହ ମଙ୍ଗଳ ଆଳତୀ ସରିବା ପରେ ସକାଳ ୬ଟାରେ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା ନିମନ୍ତେ ସେବାୟତମାନେ ୧୦୮ କଳସ ଜଳ ଆଣିବା ସହ କ୍ଷୀର, ମହୁ ପଞ୍ଚାମୃତ ଆଦିରେ ବାବାଙ୍କ ନିକଟରେ ରୁଦ୍ରାଭିଷେକ କରିଥିଲେ। ପରେ ଚାନ୍ଦବାଲି ବିଧାୟକ ବ୍ୟୋମକେଶ ରାୟଙ୍କ ସହ ଶହ ଶହ ମହିଳା ଓ ପୁରୁଷ ଦୀପ ଜାଳି ନବୀନଙ୍କର ଆଶୁ ଆରୋଗ୍ୟ ନିମନ୍ତେ ବାବାଙ୍କ ପାଖରେ ପ୍ରାର୍ଥନା କରିଥିଲେ।

**ଭଦ୍ରକ:** ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ପୀର ବାବାଙ୍କ ପୀଠରେ ଚାଦର ଚଢ଼ାଇବା ସହ ପୂଜାର୍ଚ୍ଚନା କଲେ ଚାନ୍ଦବାଲିର ମୁସଲମାନ ଭାଇ ଭଉଣୀ। ଚାନ୍ଦବାଲି ଏନ୍‌ଏସି ଅନ୍ତର୍ଗତ ଗୋଲାଆଡିଆ ବସ୍ତିର ମୁସଲମାନ ଭାଇ ଭଉଣୀଙ୍କ ସହ ଚାନ୍ଦବାଲି ବିଧାୟକ ଡ. ବ୍ୟୋମକେଶ ରାୟ ଯୋଗ ଦେଇ ପୀର ବାବାଙ୍କ ପୀଠରେ ପୂଜାର୍ଚ୍ଚନା କରିବା ସହ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରିଥିଲେ।

**ବନ୍ତ/ଆଗରପଡ଼ା:** ଆଗରପଡ଼ାସ୍ଥିତ ଅଣିଜୋ ସିନ୍ଧୁକେଶ୍ୱର ଶୈବପୀଠରେ ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ ମଲ୍ଲିକ ଦୀପଦାନ କରିଥିଲେ। ଜିଲ୍ଲାପରିଷଦ ସଭାପତି ପ୍ରଫୁଲ୍ଲ ଜେନା, ବ୍ଲକ ଅଧ୍ୟକ୍ଷ ମନୋରଞ୍ଜନ ଘଡ଼େଇ, ବିଜେଡି ଯୁବନେତା ସତ୍ୟସାଧନ ବେଜ, ସରପଞ୍ଚ ମାଳତୀଲତା ପୃଷ୍ଟି, ସମିତିସଭ୍ୟା ଅତସ୍ମିତା ରାଉତଙ୍କ ସମେତ ଶତାଧିକ କର୍ମୀ ଓ ଗ୍ରାମବାସୀମାନେ ମଧ୍ୟ ଦୀପଦାନ କରିଥିଲେ।

**ବାରିକପୁର:** ଭଣ୍ଡାରିପୋଖରୀ ବ୍ଲକ ବିଜେଡି ପକ୍ଷରୁ ମଧ୍ୟ ନବୀନଙ୍କ ଦ୍ରୁତ ଆରୋଗ୍ୟ କାମନା କରି ୧୦୮ ଦୀପ ପ୍ରଜ୍ୱଳନ କରାଯାଇଛି। ବ୍ଲକ ସମ୍ମୁଖସ୍ଥ ଶନି ଦେବଙ୍କ ପୀଠରେ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ କର୍ମୀମାନଙ୍କ ସହିତ ପହଞ୍ଚି ପୂଜାର୍ଚ୍ଚନା କରିଥିଲେ। ଏଥିରେ ବ୍ଲକ ଅଧ୍ୟକ୍ଷା ସୁମତୀ ସେଠୀ, ବ୍ଲକ ବିଜେଡି ସଭାପତି ଲକ୍ଷ୍ମୀଧର ସାହୁ, ସରପଞ୍ଚ ବର୍ଷାରାଣୀ ଜେନା, ଧନେଶ୍ୱର ଖୁଣ୍ଟିଆ, ପୂର୍ଣ୍ଣଚନ୍ଦ୍ର ମାଝୀ, ସତ୍ୟବ୍ରତ ପାଲ, ସମିତି ସଭ୍ୟ ବିଷ୍ଣୁ ଚରଣ ଦାସ, ଜଗତ ଜୀବନ ବାରିକ, ବରିଷ୍ଠ ନେତା ଶରତ ଚନ୍ଦ୍ର ଜେନା, ମୁକ୍ତିକାନ୍ତ ମହାନ୍ତି, ଦେବେନ୍ଦ୍ର ଦାସ, ଅନନ୍ତ ତ୍ରିପାଠୀ, ହେମନ୍ତ ଜେନା, ସତ୍ୟାନନ୍ଦ ମହାପାତ୍ର, ଜଳଧର ଜେନା ପ୍ରମୁଖ ଯୋଗ ଦେଇଥିଲେ। ଏହାଛଡା ଯୁବନେତା ଲଳିତ ରାଉତ, ମନୋରଞ୍ଜନ ସାହୁ, ଅବିନାଶ ରାଉତ, ସୁଶାନ୍ତ କୁମାର ମଲ୍ଲିକ, ଜୟନ୍ତ କୁମାର ସାହୁ, ମୋହନ ରାୟ, ସୁରଥ ଦାସ, ପ୍ରତ୍ୟୁଷ କୁମାର ସାମଲ, ନାରାୟଣ ଦାସ, ମନୁ ରାୟ, ବିଜୟ ଖିଲାର, ଅଭୟ ବେହେରା, ଟିକା ନାୟକ ପ୍ରମୁଖ ଶହଶହ କର୍ମୀ ଉପସ୍ଥିତ ରହି ନବୀନଙ୍କ ସୁସ୍ଥ ପାଇଁ ପ୍ରାର୍ଥନା କରିଥିଲେ। ଅନୁରୂପ ଭାବେ ମାଳଦା ହନୁମାନ ଓ ଛୋଟେଶ୍ୱର ମହାଦେବଙ୍କ ପୀଠରେ ମଧ୍ୟ କର୍ମୀ ମାନେ ସମେବତ ଦୀପ ପ୍ରଜ୍ୱଳନ କରିଛନ୍ତି।

**ଧାମନଗର:** ଧାମନଗର ନଗର ବିଜେଡି ପକ୍ଷରୁ ପ୍ରଥମେ ଖାନ୍‌କା ସରିଫ୍ ପୀରବାବାଙ୍କ ଆସ୍ଥାନରେ ଚାଦର ଚଢ଼ାଇ ପ୍ରାର୍ଥନା କରାଯାଇଥିଲା। ସେହିପରି ବ୍ଲକ ବଜାର କଲ୍ୟାଣ ମଣ୍ଡପ ସମ୍ମୁଖରେ ଶିବସାଇ ମନ୍ଦିର ପ୍ରାଙ୍ଗଣରେ ପୂଜାର୍ଚ୍ଚନା ଓ ଦୀପଦାନ କରି ଆଶୁ ଆରୋଗ୍ୟ କାମନା ସହ ସମୂହ ପ୍ରାର୍ଥନା କରାଯାଇଛି। ବିଜେଡି ନଗର ସଭାପତି ବିଜୟକେତନ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ପରିଷଦ ଉପାଧ୍ୟକ୍ଷା ଟୁନିବାଳା ବିଶ୍ୱାଳ, ଏନ୍‌ଏସି ଅଧ୍ୟକ୍ଷା ନିବେଦିତା ଜେନା, ଉପାଧ୍ୟକ୍ଷ ଓସିମ ଏଜଦାନି କାଦିରୀ, ସମିତି ସଭ୍ୟ ସୂର୍ଯ୍ୟକାନ୍ତ ନାୟକ, ସୁଦୀପ୍ତ ଖଟୁଆ, ଜ୍ଞାନରଞ୍ଜନ ମହାକୁଡ଼, ହୃଦାନନ୍ଦ ମଲ୍ଲିକ, ସରପଞ୍ଚ ଅକ୍ଷୟ ଯେନା, ସୋନିଆ ମଳିକ, ପଞ୍ଚାୟତ ସଭାପତି, କାଉନସିଲର ଏମଡି ଜୟନୁଲ ହକ, ରହିମା ଖାତୁନ, ନଜମା ଖାତୁନ, ବିଜେଡି ନେତା ଲମ୍ବୋଦର ଜେନା, ସେକ ଜାଫର ଅଲ୍ଲୀ, ସେକ ବାଟୋ, ସେକ ମୁସ୍ତାକ (ମକଦୁମ), ମୀର ମୁରତୁଜା, ରବିନ୍ଦ୍ର ଯେନା, ସନାତନ ସାହୁ, ଏମଡି ଇଜହାର, ସେକ କୁରବାନ, ପ୍ରଦୀପ ମହାପାତ୍ର(ଚଗୁଲୁ), ଗୌରାଙ୍ଗ ଦାସ, ଗୌରାଙ୍ଗ ଯେନା, ସୁରଜିତ ପାତ୍ର, ଚନ୍ଦ୍ରମଣି ବେହେରା ପ୍ରମୁଖ ସାମିଲ ଥିଲେ। ବ୍ଲକ ବିଜେଡି ପକ୍ଷରୁ ସଭାପତି ପ୍ରତାପ ସାମଲଙ୍କ ତତ୍ତ୍ୱାବଧାନରେ ବିଭିନ୍ନ ସ୍ଥାନ ଦେବାଦେବୀ ମନ୍ଦିରରେ ପୂଜାର୍ଚ୍ଚନା କରାଯାଇଥିଲା।

**ଅସୁରାଳି:** ନେତ୍ର ପୀଠର ଅଧିଷ୍ଠାତ୍ରୀ ଦେବୀ ମା' ବରୁଣେଇ ପୀଠରେ ବିଜୁ ଜନତା ଦଳ ପକ୍ଷରୁ ସମୂହ ଦୀପ ଦାନ କରା ଯାଇଛି। ଅସୁରାଳି ଜୋନ ଜିଲ୍ଲା ପରିଷଦ ସଭ୍ୟ ଶାରଦା ପ୍ରସନ୍ନ ସାହୁ, ଧୂଷୁରୀ ଜୋନ ଜିଲ୍ଲା ପରିଷଦ ସଭ୍ୟ ପ୍ରଦୀପ ମଲ୍ଲିକ, ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷ ଅଶୋକ ନାୟକ, ପାଳସାହି ସରପଞ୍ଚ ଅଜୟ ମଲ୍ଲିକ, ପୂର୍ବତନ ସରପଞ୍ଚ ସୁଶାନ୍ତ ନାୟକ, ଯୁବନେତା ସନ୍ତୋଷ ରାୟ, ଯୁବନେତା ଖଗେଶ୍ୱର ଖଟୁଆ, ଧୂଷୁରୀ ସେବା ସମବାୟ ସମିତି ସଭାପତି ସନ୍ଦୀପ ସ୍ୱାଇଁ, ଭାରତ ବିଜୟ ଦଳେଇ, ହସନାବାଦ ସରପଞ୍ଚ ଅଜୟ ମଲ୍ଲିକ ଓ ଧାମନଗର ନିର୍ବାଚନ ମଣ୍ଡଳୀର ବହୁ ଆଗ ଧାଡ଼ି ର ନେତା ଉପସ୍ଥିତ ରହି ଆଶୁ ଆରୋଗ୍ୟ କାମନା କରି ଥିଲେ।

**ବାସୁଦେବପୁର:** ବାସୁଦେବପୁର ବିଜେଡି ପକ୍ଷରୁ ବିଭିନ୍ନ ମନ୍ଦିରରେ ପୂଜାର୍ଚ୍ଚନା ଓ ସମୂହ ଦୀପଦାନ କରାଯାଇ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରାଯାଇଛି। ବାସୁଦେବପୁର ପୌରପାଳିକାର ମା' ବୁଢୀମଙ୍ଗଳା ମନ୍ଦିରରେ ପୂଜାର୍ଚ୍ଚନା ସହ ମିଳିତ ଦୀପଦାନ କରାଯାଇଥିଲା। ବରଣ୍ଡୁଆ ପଞ୍ଚାୟତର ବେତଡ଼ା ଠାରେ ମହାଲକ୍ଷ୍ମୀଙ୍କ ମନ୍ଦିରରେ ବ୍ଲକ ଅଧ୍ୟକ୍ଷ ନଗେନ୍ଦ୍ର ବିଶ୍ୱାଳଙ୍କ ନେତୃତ୍ୱରେ ଦୀପ ପ୍ରଦାନ କରାଯାଇଥିଲା। ଏଥିରେ ବିଜେଡିର ବ୍ଲକ ସଭାପତି ଦୀନବନ୍ଧୁ ଦାସ, ନଗର ସଭାପତି ଶ୍ୟାମସୁନ୍ଦର ମହାନ୍ତି, ମାନସ ରଞ୍ଜନ ସାହୁ, ସମିତି ସଭ୍ୟ ସୁରେନ୍ଦ୍ର ବେଜ, ପୂର୍ବତନ ସରପଞ୍ଚ ସୂର୍ଯ୍ୟକାନ୍ତ ସେଠୀ, ସୁରେନ୍ଦ୍ର ଦାସ, ପ୍ରଦୀପ୍ତ ମହାପାତ୍ର ଯୋଗଦେଇଥିଲେ।

**ତିହିଡି:** ତିହିଡି ବ୍ଲକ ମଙ୍ଗଳପୁର ପଞ୍ଚାୟତ ବରିଷ୍ଠ ନେତା ସମାଜସେବୀ କମଳାକାନ୍ତ ଲେଙ୍କା ନେତୃତ୍ୱରେ ନବୀନଙ୍କ ଆଶୁ ଆରୋଗ୍ୟ କାମନା ନିମନ୍ତେ ମନ୍ଦିରରେ ହଜାର ଦୀପ ଦାନ କରାଯଇଛି। ସେହିପରି ମୁକୁନ୍ଦପୁର ପଞ୍ଚାୟତ ଗୁଡୁପାଳ ଶ୍ରୀଶ୍ରୀ ରାଧାବଲ୍ଲଭ ଜୀଉଙ୍କ ମନ୍ଦିରରେ ବିଜେଡି ପଞ୍ଚାୟତ ସଭାପତି, ଗଣେଶ ପ୍ରସାଦ ନାୟକ ଶତାଧିକ ମହିଳା ଏବଂ ବରିଷ୍ଠ ବ୍ୟକ୍ତିମାନେ ଠାକୁରଙ୍କ ଆଳତି ସମୟରେ ଦୀପ ଦାନ ଦେଇ ଶୁଭ ମନାସିଛନ୍ତି। ସେହିଭଳି ଏହି ବ୍ଲକର ସବୁ ପଞ୍ଚାୟତରେ ନବୀନ ବାବୁଙ୍କ ଆରୋଗ୍ୟ କାମନାରେ ପୂଜାର୍ଚ୍ଚନା ତଥା ଦୀପଦାନ କରାଯାଇଛି।








## ଚାବି ଭାଙ୍ଗି ଦୋକାନରୁ ଚୋରି

**ଦୋବଲ,୨୨।୬(ସମିସ):** ଦୋବଲ ନିକଟସ୍ଥ ଖଡିପଦା ପଞ୍ଚାୟତ ଅଫିସ୍ ସମ୍ମୁଖରେ ଥିବା ଏକ ପାନ ଚା' ବିସ୍କୁଟ ଦୋକାନ ଚାବି ଭାଙ୍ଗି ଶନିବାର ବିଳମ୍ବିତ ରାତିରେ ଚୋରି ହୋଇଥିବା ଧାମନଗର ଥାନାରେ ଅଭିଯୋଗ ହୋଇଛି। ଦୋକାନ ମାଲିକ ରାଜେଶ୍ ନନ୍ଦ ଅଭିଯୋଗ ଅନୁଯାୟୀ ଶନିବାର ଚାବି ପକାଇ ଘରକୁ ଆସିଥିବା ବେଳେ ରବିବାର ସକାଳୁ ଦୋକାନ ଖୋଲିବାକୁ ଯାଇ ଦେଖିଲାବେଳକୁ ଦୋକାନ ଚୋରି ହୋଇଛି। ଦୋକାନ ରୁ ନଗଦ ଏକହଜାର ଟଙ୍କା, ବିସ୍କୁଟ, ମିକ୍ସଚର, ସାବୁନ, ତେଲ, ଚକୋଲେଟ୍ ଯାହାର ଆନୁମାନିକ ମୂଲ୍ୟ ୭ ହଜାର ଭଳି ଚୋରି କରିନେଇଛନ୍ତି। ରାଜେଶ୍‌ଙ୍କ ଅଭିଯୋଗ କ୍ରମେ ଧାମନଗର ଥାନା ଅଧିକାରୀ ଗୋପାଳ କୃଷ୍ଣ ଜେନା, ଏଏସ୍‌ଆଇ ନେପାଳ ସ ଓ ଭଦ୍ରକରୁ ସାଇଣ୍ଟିଫିକ ଟିମ୍ ମଗାଇ ରବିବାର ସନ୍ଧ୍ୟାରେ ତଦନ୍ତ କରି ଫେରିଛନ୍ତି।

## ସମାଜସେବୀଙ୍କ ପରଲୋକ



**ଦୋବଲ,୨୨।୬(ସମିସ):** ଦୋବଲ ନିକଟସ୍ଥ ଆନନ୍ଦପୁର ପଞ୍ଚାୟତର ବିଶିଷ୍ଟ ସମାଜସେବୀ ତଥା ଅବସରପ୍ରାପ୍ତ ବ୍ୟାଙ୍କ କର୍ମଚାରୀ ଜ୍ଞାନେନ୍ଦ୍ର ବାରିକଙ୍କର ପରଲୋକ ହୋଇଯାଇଛି। ମୃତ୍ୟୁ ବେଳକୁ ତାଙ୍କୁ ୮୦ ବର୍ଷ ବୟସ ହୋଇଥିଲା। ଗତବର୍ଷ ଜୁନରେ ତାଙ୍କ ପତ୍ନୀଙ୍କର ବିୟୋଗ ପରେ ମାନସିକ ଭାବେ ଆଘାତ ପାଇଥିବା ଜ୍ଞାନେନ୍ଦ୍ର ଏଇ କିଛି ମାସ ହେଲା ଅସୁସ୍ଥ ହୋଇ ପଡ଼ିଥିଲେ। ପରିବାର ଲୋକେ ତାଙ୍କୁ କଟକର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ତେବେ ଶନିବାର ରାତିରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଛି। ରବିବାର ସକାଳୁ ତାଙ୍କ ମରଶରୀରକୁ ନିଜ ଜନ୍ମମାଟି ଉତେଇପୁରକୁ ଅଣାଯାଇଥିଲା। ଖବର ପାଇ ବିଶିଷ୍ଟ ବ୍ୟକ୍ତିମାନେ ପହଞ୍ଚି ଶେଷ ଦର୍ଶନ କରିଥିଲେ। ଧାମନଗର ବ୍ଲକ ବିଜେଡି ସଭାପତି ପ୍ରତାପ ସାମଲ, ମୁକୁନ୍ଦଦେବ ମଣ୍ଡଳର ବିଜେପି ସଭାପତି ପ୍ରମୋଦ ସୂତାର, ପୂର୍ବତନ ସମିତି ସଭ୍ୟ ରମେଶ ଚନ୍ଦ୍ର ପତି, ପ୍ରାକ୍ତନ ସରପଞ୍ଚ ଶରତ ଚନ୍ଦ୍ର ମାଝୀ ପହଞ୍ଚି ଶେଷ ଦର୍ଶନ କରିଥିଲେ। ଏହାପରେ ଗାଁ ଶ୍ମଶାନରେ ଶେଷ କୃତ୍ୟ କରାଯାଇଛି।

## 'ଏକ୍ ପେଡ୍ ମା' କେ ନାମ୍' କାର୍ଯ୍ୟକ୍ରମ



**ଧାମନଗର,୨୨।୬(ସମିସ):** ଧାମନଗର ଏନ୍‌ଏସି ପକ୍ଷରୁ 'ଏକ୍ ପେଡ୍ ମା' କେ ନାମ୍' ଗଛ ହିଁ ଜୀବନ ଏହି ଅବସରରେ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏନ୍‌ଏସି ନିର୍ବାହୀ ଅଧିକାରୀ ସନ୍ତୋଷ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ବୃକ୍ଷରୋପଣ ଅଭିଯାନ ଆରମ୍ଭ ହୋଇଛି। ଜିଲ୍ଲା ଜରାନିବାସ ସମେତ ବିଭିନ୍ନ ସ୍ଥାନରେ ନୂତନ ବୃକ୍ଷରୋପଣ କରାଯାଇଛି। ସାଂସଦଙ୍କ ନଗର ପ୍ରତିନିଧି ସରୋଜ ମହାପାତ୍ର, ଉପାଧ୍ୟକ୍ଷ ଓସିମ ଏଜଦାନି କାଦିରୀ, କାଉନସିଲର ଏମଡି ଜୟନୁଲ ହକ, ଜାନକୀ ଲତା ସେଠୀ, ସ୍ୱାଧୀନ ସମ୍ବିତ ଦାସ, ଉତ୍ତମ ମହାନ୍ତିଙ୍କ ସହ ସାମାଜସେବୀ, ବୁଦ୍ଧିଜୀବୀ ଏବଂ ସ୍ଥାନୀୟ ନେତୃମଣ୍ଡଳୀ ପ୍ରମୁଖ ଯୋଗ ଦେଇ ବୃକ୍ଷରୋପଣ କରିଥିଲେ।

## ଖଡ଼ିମାହାରା ଓ ଧୂଷୁରୀରେ ଯୋଗ ଦିବସ



**ଅସୁରାଳି,୨୨।୬(ସମିସ):** ଧାମନଗର ବ୍ଲକ ଧୂଷୁରୀ ଥାନା ଅଧୀନ ଖଡ଼ିମାହାରା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଏବଂ ଧୂଷୁରୀ ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଯୋଗ ଦିବସ ଅନୁଷ୍ଠିତ ହୋଇଯାଇଛି। ଏହି ଅନ୍ତର୍ଜାତୀୟ ଯୋଗ ଦିବସ ଅବସରରେ ଡାକ୍ତର ସୂର୍ଯ୍ୟନାରାୟଣ ପାଣିଗ୍ରାହୀଙ୍କ ତତ୍ତ୍ୱାବଧାନ ଏବଂ ଯୋଗ ପ୍ରଶିକ୍ଷକ ଭରତ ଚନ୍ଦ୍ର ବାରିକଙ୍କ ପ୍ରଶିକ୍ଷଣରେ ଉକ୍ତ ଯୋଗ ଶିବିର ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଡା. ଅମ୍ରିତ କୁମାର, ଫାର୍ମାସିଷ୍ଟ ବିଷ୍ଣୁ ପ୍ରିୟା, ନୀଳିମା ଗୋସ୍ୱାମୀ, ବମକୁରା ଉପ ସ୍ୱାସ୍ଥ୍ୟ କେନ୍ଦ୍ର ସ୍ୱାସ୍ଥ୍ୟଧିକାରିଣୀ ବିଷ୍ଣୁପ୍ରିୟ ସାମାଜିକ କର୍ମୀ ମାନସ ରଞ୍ଜନ ସାହୁ, ପ୍ରଦ୍ୟୁମ୍ନ ସାହୁ, ସାମ୍ବାଦିକ ରତିକାନ୍ତ ନାୟକ, ସ୍ୱାସ୍ଥ୍ୟ କେନ୍ଦ୍ରର କର୍ମକର୍ତ୍ତା ଅରୁଣ ଭାରତୀ, ସୁରକ୍ଷା କର୍ମୀ ତାପସ ଦାସ ପ୍ରମୁଖ ସହଯୋଗ କରିଥିଲେ। ସେହିପରି ଧୂଷୁରୀ ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ସରପଞ୍ଚ ଅନ୍ତର୍ଯ୍ୟାମୀ ପତିଙ୍କ ତତ୍ତ୍ୱାବଧାନରେ ଯୋଗ ଦିବସ ପାଳନ ହୋଇଥିଲା। ସମାଜସେବୀ ତଥା ବରିଷ୍ଠ ନେତୃତ୍ୱ ଚତୁର୍ଭୁଜ ନାୟକ, ଯୁବ ସମାଜସେବୀ ଲଲାଟେନ୍ଦୁ ଗୋସ୍ୱାମୀ, ଶିବସୁନ୍ଦର ବିଶ୍ୱାଳ, ଅଶୋକ ନାୟକ, ସତ୍ୟବ୍ରତ ବାରିକ, ଅମୂଲ୍ୟ ସାହୁ, ଗୌରାଙ୍ଗ ସାହୁ, ଶଙ୍କର ବିଶ୍ୱାଳ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଅନ୍ତର୍ଜାତୀୟ ଯୋଗ ଦିବସ ଅବସରରେ ଅନୁଷ୍ଠିତ ଯୋଗ ଶିବିରରେ ବମକୁରା ପଞ୍ଚାୟତ ଏବଂ ଧୂଷୁରୀ ପଞ୍ଚାୟତ ର ବିଭିନ୍ନ ବର୍ଗର ବ୍ୟକ୍ତି ସାମିଲ ହୋଇଥିଲେ। କାର୍ଯ୍ୟକ୍ରମରେ ଯୋଗର ଉପକାରିତା ସହ ପ୍ରତେହ ଯୋଗ କରି ନିରୋଗ ରହିବାପାଇଁ ଆହ୍ୱାନ ଦିଆଯାଇଥିଲା।

## ଏସ୍‌ବିଡି ସ୍କୁଲ୍‌ରେ ଯୋଗ ଦିବସ



**ଭଦ୍ରକ,୨୨।୬(ସମିସ):** ଭଦ୍ରକ ସ୍ଥିତ ଏସ୍‌ବିଡି ଇଣ୍ଟରନ୍ୟାସ୍‌ନାଲ ସ୍କୁଲ୍‌ରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇଯାଇଛି। ଏଥିରେ ସସ୍ମିତା ଦାସ ମୁଖ୍ୟ ଅତିଥି ଓ ଜୟଶ୍ରୀ ସାହୁ ସମ୍ମାନୀୟ ଅତିଥି ଭାବେ ଯୋଗେଦଇଥିଲେ। ବିଦ୍ୟାଳୟର ଚେୟାରମ୍ୟାନ୍ ଦେବାଶିଷ ଦିକ୍ଷିତ୍, ନିର୍ଦ୍ଦେଶକ ତଥା ଅଧ୍ୟକ୍ଷ ଯୁଧିଷ୍ଠିର ଦେବତା, ମାଗଦର୍ଶକ ପ୍ରଫେସର ଶୈଳେନ୍ଦ୍ର ମହାପାତ୍ର ଏବଂ ଦେବନ୍ଦ୍ର ଶତପଥୀ, ମାଡାମ୍ ଚେୟାରମ୍ୟାନ୍ ଆଶାବରୀ କର ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ କମର୍ଚାରୀ ବୃନ୍ଦଙ୍କ ଦ୍ୱାରା ଯୋଗ ପ୍ରଦର୍ଶନ କରାଯାଇଥିଲା।

## ମହାକାଳୀ ମନ୍ଦିର ପ୍ରତିଷ୍ଠା ଉତ୍ସବ

**ବନ୍ତ/ଆଗରପଡ଼ା,୨୨।୬(ସମିସ):** ଆଗରପଡ଼ା ପୁରୁଷଣ୍ଡ ସ୍ଥିତ ରଥ ସାହି ଠାରେ ମା' ମହାକାଳୀ ମନ୍ଦିରର ପ୍ରତିଷ୍ଠା ଉତ୍ସବ ପାଳିତ ହେଉଛି। ଏହି ଅବସରରେ ସ୍ଥାନୀୟ ସାଳନ୍ଦୀ ନଦୀରୁ ୧୦୮ କଳସ ବ୍ରାହ୍ମଣମାନଙ୍କ ଦ୍ୱାରା ମନ୍ତ୍ରପାଠ ଓ ରିତିନିତି ଅନୁଯାୟୀ ଏକ ବିରାଟ କଳସ ଶୋଭାଯାତ୍ରାରେ ଅଣାଯାଇ ମା'ଙ୍କ ନିକଟରେ ସ୍ଥାପନ କରାଯାଇଥିଲା। ମନ୍ଦିରର ପୃଷ୍ଠପୋଷକ ରମାକାନ୍ତ ସାମନ୍ତରାୟ ଓ ତାଙ୍କ ସହଧର୍ମିଣୀ ବାସନ୍ତୀ ସାମନ୍ତରାୟ ମୁଖ୍ୟ କଳସ ଦ୍ୱୟ ଆଣିଥିବା ବେଳେ ପଣ୍ଡିତ ବିଷ୍ଣୁମୋହନ ପାଣିଗ୍ରାହୀ, ଗୋପୀନାଥ ତ୍ରିପାଠୀ, ବଳରାମ ସତପଥି, ସତ୍ୟ ପ୍ରକାଶ ପଣ୍ଡା, ଜଗନ୍ନାଥ ପଣ୍ଡାଙ୍କ ସମେତ ପ୍ରାୟ ୨୫ ଜଣ ପଣ୍ଡିତଙ୍କ ଦ୍ୱାରା ୧୦୮ ଚଣ୍ଡୀ ମହାଯଜ୍ଞ, ଅଙ୍କୁରା ରପଣ, କଳସ ଶୋଭାଯାତ୍ରା, ମନ୍ଦିର ପ୍ରତିଷ୍ଠା ଓ ମା'ଙ୍କ ଗୃହ ପ୍ରବେଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ହୋମ ଯଜ୍ଞ ସହ ପଣ୍ଡିତ ମାନଙ୍କ ମନ୍ତ୍ର ପାଠରେ ପ୍ରକମ୍ପିତ ହୋଇ ପଡିଛି ସମଗ୍ର ଅଞ୍ଚଳ। ଏହି ୧୦୮ ଚଣ୍ଡୀ ମହାଯଜ୍ଞ ଦୀର୍ଘ ୮ ଦିନ ଧରି ଅନୁଷ୍ଠିତ ହେବାକୁ ଥିବାବେଳେ ପ୍ରତିଦିନ ଭକ୍ତଙ୍କ ଲାଗି ପ୍ରସାଦ ସେବନର ବ୍ୟବସ୍ଥା କରାଯାଇଅଛି। ପ୍ରତିଦିନ ଏହି କାର୍ଯ୍ୟକ୍ରମରେ ହଜାର ହଜାର ଭକ୍ତ ଙ୍କ ସମାଗମ ଦେଖିବାକୁ ମିଳିଛି। ସମସ୍ତ କାର୍ଯ୍ୟକ୍ରମ ସାମନ୍ତରାୟ ପରିବାର ସମେତ ଗ୍ରାମବାସୀଙ୍କ ସହଯୋଗରେ ଅନୁଷ୍ଠିତ ହେଉଛି।

## ଥାନାଧିକାରୀଙ୍କୁ ସମ୍ବର୍ଦ୍ଧନା

**ବନ୍ତ/ଆଗରପଡ଼ା,୨୨।୬(ସମିସ):** ଆଗରପଡ଼ା ଥାନାରେ ନୂତନ ଭାରପ୍ରାପ୍ତ ଅଧିକାରୀଭାବେ ଦେବରାଜ ଜେନା ଯୋଗ ଦେଇଛନ୍ତି। ତାଙ୍କୁ ବିଭିନ୍ନ ସଂଗଠନ ଓ ରାଜନୈତିକ ଦଳ ପକ୍ଷରୁ ଶୁଭେଚ୍ଛା ପ୍ରଦାନ କରାଯାଉଛି। ଗତ ଶୁକ୍ରବାର କଂଗ୍ରେସ ଦଳ ପକ୍ଷରୁ ଓ ଆଜି ବିଜେପି ଫକ୍ଷରୁ ଡ. ମହତାବ ମଣ୍ଡଳ ସଭାପତି ଅମୂଲ୍ୟରତ୍ନ ନନ୍ଦ, ପ୍ରାକ୍ତନ ସଭାପତି ଗୋପାଳକୃଷ୍ଣ ଦାଶ, ଯୁବନେତା ପ୍ରୀତିଶକାନ୍ତ ଶତପଥୀ, ଜ୍ୟୋତିଶଙ୍କର ପଣ୍ଡା, ଚିନ୍ମୟ ମହାପାତ୍ର, ଶୁଭେନ୍ଦୁ ବେହେରା, ଅଶୋକ ପରିଡ଼ା, ସୁବାସ ପଣ୍ଡାଙ୍କ ସମେତ ବିଭିନ୍ନ ପଞ୍ଚାୟତ ସ୍ତରୀୟ ନେତାମାନେ ଶ୍ରୀ ଜେନାଙ୍କୁ ପୁଷ୍ପଗୁଚ୍ଛ ଦେଇ ଶୁଭେଚ୍ଛା ଜଣାଇଥିଲେ। ସେହିପରି ବୈଦ୍ୟୁତିକ ଗଣମାଧ୍ୟମ ପକ୍ଷରୁ ବାବୁରାମ ବେହେରା, ନୃସିଂହ ଖୁଣ୍ଟିଆ, ଶ୍ୟାମସୁନ୍ଦର ଦାସ ପ୍ରମୁଖ ପ୍ରତିନିଧିମାନେ ମଧ୍ୟ ଥାନାଧିକାରୀଙ୍କୁ ଶୁଭେଚ୍ଛା ଜଣାଇଥିଲେ।

## ଯୋଗଦିବସ ପାଳନ

**ବାରିକପୁର/ମଞ୍ଜୁରୀରୋଡ,୨୨।୬(ସମିସ):** ଭଣ୍ଡାରିପୋଖରୀ ବ୍ଲକ ମଞ୍ଜୁରୀ ରୋଡ ନିକଟସ୍ଥ ନାଆମୀ ମହାବିଦ୍ୟାଳୟ ଠାରେ ଯୋଗ ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ସୁକାନ୍ତ ଚନ୍ଦ୍ର ସ୍ୱାଇଁ, ଅଧ୍ୟାପକ ଡ଼ଃ ରଘୁନାଥ ସାହୁ,ଅଧ୍ୟାପକ ବନମାଳୀ ପଣ୍ଡା, ଅଧ୍ୟାପକ ଚିନ୍ତାମଣି ମହାକୁଡ଼ ଯୋଗ କରିବା ଯୋଗୁଁ ଶରୀର ଓ ମନ ଉପରେ ପଡୁଥିବା ପ୍ରଭାବ ସମ୍ପର୍କରେ ଆଲୋଚନା କରିଥିଲେ।ଅଧ୍ୟାପକ ପ୍ରଦୀପ ସ୍ୱାଇଁ ଯୋଗ ପ୍ରଶିକ୍ଷଣ ଦେଇଥିଲେ। ଏଥିରେ ମହାବିଦ୍ୟାଳୟର ବିଭିନ୍ନ ଶ୍ରେଣୀର ଛାତ୍ର ଛାତ୍ରୀ ମାନେ ଅଂଶ ଗ୍ରହଣ କରି ଯୋଗାଭ୍ୟାସ କରିଥିଲେ। ଏହାଛଡା ବ୍ଲକର ଅନ୍ୟାନ୍ୟ ମହା ବିଦ୍ୟାଳୟ ଓ ବିଦ୍ୟାଳୟ ଗୁଡିକରେ ଯୋଗ ଦିବସ ମଧ୍ୟ ପାଳନ ହୋଇଛି।

## ଝାଡ଼ାବାନ୍ତି ଅଞ୍ଚଳରେ ନିଷ୍କ୍ରିୟ ସ୍ୱଚ୍ଛ ଭାରତ ଅଭିଯାନ

**ବାରିକପୁର,୨୨।୬(ସମିସ):** ଗାଁ ଗଣ୍ଡାରେ ପରିବେଶ ସଫାସୁତୁରା ରହିଲେ ରୋଗ ବେମାରୀ ଦୂର ହୋଇଯାଏ। ବିଶେଷ କରି ସୁସ୍ଥ ସୁନ୍ଦର ପରିବେଶ ପାଇଁ ସଂକ୍ରମିତ ରୋଗ ବୈରାଗ୍ୟ ଲୋକମାନଙ୍କୁ ପ୍ରାୟତଃ ହୋଇନଥାଏ। ତେଣୁ ସରକାର ଏହାକୁ ଲକ୍ଷ୍ୟ କରି ଏକ ସୁସ୍ଥ ସୁନ୍ଦର ଗାଁ ପରିବେଶ ଗଠନ ପାଇଁ କିଛି ବର୍ଷ ପୂର୍ବରୁ ସ୍ୱଚ୍ଛ ଭାରତ ଅଭିଯାନ ଆରମ୍ଭ କରିଥିଲେ। କର୍ଣ୍ଣ ମଧୁର ସଂଗୀତ ସହିତ ଯୋଜନାର ପ୍ରଚାର ପ୍ରସାର ଢେର ହୋଇଥିଲା। ଯୋଜନା ଅନ୍ତର୍ଗତ ଘରେ ଘରେ ପାଇଖାନା, ସାହିସାହିରେ ଅଳିଆ କୁଣ୍ଡ ଓ ଗାଁ ଗାଁ ରେ ପୃଥକ ଅଳିଆ ଆବର୍ଜନା ଗୃହ ମଧ୍ୟ ନିର୍ମାଣ ହୋଇଥିଲା। ଏହାଛଡା ଜଳ ନିଷ୍କାସନ ପାଇଁ ଡ୍ରେନ ନିର୍ମାଣ ସହିତ ପର୍ଯ୍ୟାୟକ୍ରମେ ସ୍ୱଛତାକୁ ନେଇ ପଥପ୍ରାନ୍ତ ନାଟକ, ସଚେତନତା ସଭା ସହିତ ଗୋଷ୍ଠୀଗତ ଭାବେ ଗାଁ ଗଣ୍ଡା ସଫା ସୁତୁରା ହେଉଥିଲା। ପରିତାପର ବିଷୟ ଏ ସବୁରେ ସତେ ଯେମିତି କିଛି ବର୍ଷ ହେବ ଭଟ୍ଟା ପଡିଯାଇଛି। ଯୋଜନା ଅନୁଯାୟୀ ନା ଆଉ ଆଗଭଳି ସଫାସୁତୁରା ହେଉଛି ନା ପ୍ରଶାସନ ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ କରାଯାଉଛି। ଠିକ ବେଳକୁ ଯୋଜନା ହଜି ଯାଇଛି। ସତେ ଯେମିତି ସ୍ୱଚ୍ଛ ଭାରତ ଅଭିଯାନ ଆଜି ଦିଗହରା ହେଉଥିବା ଭଳି ମନେ ହେଉଛି। ସୂଚନା ମୁତାବକ ଭଣ୍ଡାରିପୋଖରୀ ବ୍ଲକ ଅଞ୍ଚଳରେ ଏବେ ଝାଡା ବାନ୍ତି ବ୍ୟାପୁଥିବା ବେଳେ ଏହାକୁ



ରୋକିବା ପାଇଁ ସ୍ୱାସ୍ଥ୍ୟ ଓ ଜଳ ପରିମଳ ବିଭାଗ କିଛି କିଛି ପଦକ୍ଷେପ ହାତକୁ ନେଉଛି। ଏହାରି ଭିତରେ ସ୍ୱଚ୍ଛ ଭାରତର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥିଲେ ସୁଦ୍ଧା ଏଥିରେ କୌଣସି କାର୍ଯ୍ୟକ୍ରମ ମାନ ହାତକୁ ନିଆଯାଉନାହିଁ। ପ୍ରତ୍ୟକ ଗାଁରେ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରାଯାଇ ପୃଥକୀ କରଣ କୁଣ୍ଡ ନିର୍ମାଣ ହୋଇଥିବା ବେଳେ ପଞ୍ଚାୟତ ତରଫରୁ ଗାଁ ପରିମଳ ପାଇଁ ପୂର୍ବରୁ ୨୩ ଗୋଟି ପଞ୍ଚାୟତରେ ପ୍ରାୟ୧୫୦ ଗୋଟି ସ୍ୱୟଂ ସହାୟକ ଗୋଷ୍ଠୀକୁ ଦାୟିତ୍ୱ ଦିଆଯାଇଥିଲା। ସ୍ୱଚ୍ଛତା ପାଇଁ ମଧ୍ୟ ଅନେକ ପ୍ରକାର ବ୍ୟବସ୍ଥା ରହିଥିଲା। ଯେପରିକି ସଂକ୍ରମକ ରୋଗ ଯେମିତି ଗାଁରେ ପ୍ରବେଶ ନକରିବ। ଦୁଃଖର ବିଷୟ ଅପରିପକ୍ୱ ପ୍ରଶାସନ ଯୋଗୁଁ ଯୋଜନାଟି ଆଜି ସମ୍ପୂର୍ଣ୍ଣ ନିଷ୍କ୍ରିୟ ହୋଇଯାଇଥିବା ବେଳେ ନିର୍ମିତ ଅଳିଆ ଆବର୍ଜନା କୁଣ୍ଡ ଗୁଡିକ ସେହିଭଳି ଫାଙ୍କା ରହିଛି। ସେଥିରେ ଆଉ ଅଳିଆ ଆବର୍ଜନା ପଡୁନାହିଁ କି ଗାଁ ସଫେଇ ହେଉନାହିଁ। ଖାଲି କାନ୍ଥରେ ଚିତ୍ର ହିଁ ବୟାନ କରୁଛି ସ୍ୱଚ୍ଛ ଭାରତ ଅଭିଯାନର କଥା। ତେଣୁ କୋଟିକୋଟି ଟଙ୍କା ଖର୍ଚ୍ଚ ହୋଇ ଯୋଜନା ତିଆରି ହୋଇଥିବା ବେଳେ ଠିକ ସମୟରେ ସେଗୁଡିକ କାର୍ଯ୍ୟକାରୀ ନହେବା ପରିଚାଳନା ଗତ ତ୍ରୁଟି କିମ୍ବା ପ୍ରଶାସନିକ ଅଧିକାରୀଙ୍କ ଦକ୍ଷତା ପ୍ରତି ଅଟହାସ୍ୟ ସୃଷ୍ଟି କରୁଛି। ଝାଡାବାନ୍ତି ଅଞ୍ଚଳରେ ନିଷ୍କ୍ରିୟ ସ୍ୱଚ୍ଛ ଭାରତ ଅଭିଯାନକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଉଛି।

## ଋଣ ଆଦାୟ ପାଇଁ ଥାନାରେ ଦ୍ୱାରସ୍ଥ ମହିଳା

**ବାରିକପୁର,୨୨।୬(ସମିସ):** ମହିଳା ସ୍ୱୟଂ ସହାୟିକା ସଭାନେତ୍ରୀ ଗ୍ରୁପ ଲୋନ ଉଠାଇ ନେଇ ଅନ୍ୟ ସଦସ୍ୟା ମାନଙ୍କୁ ଚକମା ଦେଖାଇ ଛନ୍ତି। ଜମା ଖାତା ସଞ୍ଚୟ ଅର୍ଥ ସହିତ ଗ୍ରୁପ ମହିଳାଙ୍କ ଟଙ୍କା ହରିଲୁଟ କରି ଆଉ ଦେଖା ଛୁଆଁ ଦେଉନାହାନ୍ତି ସଭାନେତ୍ରୀ ଜଣଙ୍କ। ଫଳରେ ପାଞ୍ଚ ରୁ ଅଧିକ ମହିଳା ଆଜି ଥାନାରେ ଦ୍ୱାରସ୍ଥ ହୋଇ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ମୁତାବକ ଭଣ୍ଡାରିପୋଖରୀ ଥାନା ବାଲିପୋଖରୀ ପଞ୍ଚାୟତ କୋରକରା ଗ୍ରାମରେ ଏକ ସ୍ୱୟ ସହାୟକ ଗୋଷ୍ଠୀ ଆଖୁଆପଦା ସ୍ଥିତ ଏକ ରାଷ୍ଟ୍ରାୟତ ବ୍ୟାଙ୍କରୁ ପ୍ରାୟ ଦୁଇ ଲକ୍ଷରୁ ଅଧିକ ଟଙ୍କା ଋଣ ନେଇଥିଲେ। ସଭାନେତ୍ରୀ କୌଶଳ କରି ସମସ୍ତ ସଦସ୍ୟାଙ୍କ ନିକଟରୁ ଋଣ ଟଙ୍କା ହାତେଇ ନେଇ କିସ୍ତି ଅନୁସାରେ ସୁଝିବାକୁ କହିଥିଲେ। ଏବେ ଆଉ ସେ ଏ ବିଷୟରେ ମୁଣ୍ଡ କାନ ଖେଳାଉ ନାହାନ୍ତି। ସବୁ ଅର୍ଥ ନେଇ ସଭାନେତ୍ରୀ ବାପ ଘରକୁ ପଳାଇ ଯାଇଛନ୍ତି।ଏ ବିଷୟରେ ତାଙ୍କ ସ୍ୱାମୀ ମାନି ହୋଇଥିବା ବେଳେ ସେ ମଧ୍ୟ ଋଣ ଟଙ୍କା ବାବଦରେ କିଛି ବୁଝୁ ନାହାନ୍ତି। ଏପଟେ ମହିଳା ସଦସ୍ୟା ମାନେ ଋଣ ସୁଝି ନପାରି ଅକଳିଆ ପରିସ୍ଥିତିରେ ପଡ଼ିଛନ୍ତି। ଶେଷରେ ଆଜି ଛୁଆପିଲା ଧରି ଥାନାରେ ହାଜର ହୋଇ ସଭାନେତ୍ରୀ ଓ ତାଙ୍କ ସ୍ୱାମୀଙ୍କ ନାଁରେ ଅଭିଯୋଗ କରିଛନ୍ତି। ଘଟଣାକୁ ପୋଲିସ ଗୁରୁତର ସହ ନେଇଥିବା ବେଳେ ଖବର ଲେଖା ହେବା ଯାଏଁ କୌଣସି ମାମଲା ରୁଜୁ ହୋଇନଥିବା ଜଣାପଡିଛି।

● ସୁରେନ୍ଦ୍ରଙ୍କ ହାତର ସ୍ପର୍ଶ

# ଜୀବନ୍ତ ହେଉଛି ସିମେଣ୍ଟରେ ମୂର୍ତ୍ତି



**ବନ୍ତ/ଆଗରପଡ଼ା,୨୨।୬(ସମିସ):** କାଦୁଅ, ପଥର, ଫାଇବର ଆଦିରେ ମୂର୍ତ୍ତି ଅବା ପ୍ରତିମୂର୍ତ୍ତିମାନ ନିର୍ମାଣ ହେଉଥିବା ବେଳେ ସୁରେନ୍ଦ୍ର ମାଝୀ(୪୨) ସିମେଣ୍ଟସାହାଯ୍ୟରେ ମୂର୍ତ୍ତି, ପ୍ରତିମୂର୍ତ୍ତିମାନ ନିର୍ମାଣ କରି ଚର୍ଚ୍ଚାକୁ ଆସିଛନ୍ତି। ଏଥିପାଇଁ ସେ କୌଣସି ପ୍ରଶିକ୍ଷଣ ନେଇ ନାହାଁନ୍ତି। ବାପା କୃଷ୍ଣଚନ୍ଦ୍ର ଜଣେ କାଦୁଅରେ ଗଢୁଥିବା ମୂର୍ତ୍ତି ଶିଳ୍ପୀ ହୋଇଥିବାରୁ ଏହି କାର୍ଯ୍ୟରେ ତାଙ୍କୁ ସୁରେନ୍ଦ୍ର ସାହାଯ୍ୟ କରୁକରୁ ସେ ଅଳ୍ପ ବୟସରେ ଆଜି ଜଣେ ନାମକରା ସିମେଣ୍ଟ ପ୍ରତିମୂର୍ତ୍ତି ଶିଳ୍ପୀ ଭାବେ ପରିଚୟ ସୃଷ୍ଟି କରିଛନ୍ତି। ଆଗରପଡ଼ାସ୍ଥିତ ବରହମପୁର ଗ୍ରାମରେ ସୁରେନ୍ଦ୍ରଙ୍କ ଘର। ଏହି କାର୍ଯ୍ୟରେ ତାଙ୍କୁ ତାଙ୍କ ସ୍ତ୍ରୀ କମଳା ଓ ଯୁକ୍ତ ଦୁଇ ଶ୍ରେଣୀରେ ପଢୁଥିବା ପୁଅ ଚିତ୍ତରଞ୍ଜନ ସାହାଯ୍ୟ କରିଥାନ୍ତି। ସେ ଅବିକଳ, ଆକର୍ଷଣୀୟ ପ୍ରତିମୂର୍ତ୍ତିମାନ ନିର୍ମାଣ କରୁଥିବାରୁ ଦୂର ଦୂରାନ୍ତରୁ ଲୋକେ ଆସି ନିଜ ପାଇଁ ଅର୍ଡ଼ର ଦେଉଛନ୍ତି। ଅଳ୍ପଦିନ ମଧ୍ୟରେ ସେ ଶତାଧିକ ପ୍ରତିମୂର୍ତ୍ତି ମାନ ନିର୍ମାଣ କରିଛନ୍ତି।

● ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କଲେ ଗ୍ରାମବାସୀ

# ଫାର୍ମାସିଷ୍ଟ ଫୋନପେ'ରେ ନେଉଛନ୍ତି ଲାଞ୍ଚ

ଭଦ୍ରକ,୨୨।୬(ସମିସ): ପୁଣି ଚର୍ଚ୍ଚାରେ ବାଶଁଡା ଡାକ୍ତରଖାନାର ଫାର୍ମାସିଷ୍ଟ। ବାବୁଙ୍କ ବିରୋଧରେ ଅଭିଯୋଗ ଫର୍ଦ୍ଦ ଚାନ୍ଦବାଲିରୁ ରାଜଧାନୀ ଯାଏଁ ଲମ୍ବିଛି। ଏ ସମ୍ପର୍କରେ ମୁଖ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟ ମନ୍ତ୍ରୀ, ସ୍ୱାସ୍ଥ୍ୟ ସଚିବ, ଭଦ୍ରକ ଜିଲ୍ଲାପାଳ, ଚାନ୍ଦବାଲି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ମୁଖ୍ୟଙ୍କୁ ଅଭିଯୋଗ ଦିଆଯାଇଛି। ଏହି ଫାର୍ମାଶିଷ୍ଟ ବାବୁ ବାଁଶଡା ଡାକ୍ତରଖାନା ପରିସରରେ ଘରୋଇ ଭାବେ ରୋଗୀଙ୍କୁ ଚିକିତ୍ସା କରୁଛନ୍ତି। ସେ ରହୁଥିବା ସରକାରୀ ବାସଭବନ ଏକ ଔଷଧାଳୟ ହୋଇଥିବା ଅଭିଯୋଗରେ ଉଲ୍ଲେଖ ଅଛି। ରୋଗୀମାନଙ୍କ ଠାରୁ ସେ ଫୋନ ପେ'ରେ ଲାଞ୍ଚ ନେଉଥିବା ଅଭିଯୋଗ ଉଠିଛି। ଯାହାର ପ୍ରମାଣ ମଧ୍ୟ ଗ୍ରାମବାସୀ ମୁଖ୍ୟମନ୍ତ୍ରୀଙ୍କୁ ପ୍ରଦାନ କରିଛନ୍ତି। ଏଠାରେ ସେ ରକ୍ତ, ମଳ, ମୂତ୍ର, କଫ ଆଦି ପରୀକ୍ଷା କରୁଛନ୍ତି। ଏଠିକାର ଗରିବ, ଅସହାୟ, ଦୀନ ମଜୁରିଆ, ମେହନତୀ ମଣିଷ ମାନଙ୍କୁ ଚିକିତ୍ସା ନାଁରେ ଶୋଷଣ କରୁଥିବା ସାଙ୍ଘାତିକ କଥା ଅଭିଯୋଗରେ ଦର୍ଶାଯାଇଛି। ଏହି ଘଟଣା ଏତିକିରେ ଅଟକି ନଯାଇ ଆହୁରି ଆଗକୁ ଲମ୍ବିଛି। ଫାର୍ମାସିଷ୍ଟ ବାଁଶଡା ଡାକ୍ତରଖାନାରେ ୨୦୦୮ ମସିହାରୁ ୨୦୨୫ ମସିହା ଦୀର୍ଘ ୧୮ ବର୍ଷ ଧରି କାର୍ଯ୍ୟରତ। ଯାହାକୁ ନେଇ ବାଁଶଡା ଅଞ୍ଚଳରେ ଅସନ୍ତୋଷର ନିଆଁ ଜଳୁଛି। ଏହି ଅସନ୍ତୋଷ ଆଗାମୀ ଦିନରେ ଆନ୍ଦୋଳନର ରୂପ ନେବାକୁ ଯାଉଥିବା ଚେତାବନୀ ଦେଇଛନ୍ତି ସ୍ଥାନୀୟ ଲୋକମାନେ। ଫାର୍ମାଶିଷ୍ଟ ବାବୁ ଏହି ଘରୋଇ ଚିକିତ୍ସା କରୁଥିବାରୁ ଏଠାରେ କାର୍ଯ୍ୟରତ ଆୟୂଷ ଓ ଏଲୋପ୍ୟାଥିକ ଦୁଇ ଡାକ୍ତରମାନଙ୍କଭ କାର୍ଯ୍ୟ ଦକ୍ଷତା ଗୌଣ ହୋଇ ପଡୁଛି। ଏହାକୁ ନେଇ ବାଁଶଡା ଥାନାରେ ପୃଥକ ପୃଥକ ଦୁଇଟି ଅଭିଯୋଗ ଦାଖଲ ହୋଇଛି। ତାଙ୍କୁ ଏଠାରୁ ତୁରନ୍ତ ବଦଳି କରାଯାଉ ବୋଲି ବିଜୟ କୁମାର ବାରିକ, ପ୍ରଶାନ୍ତ ଦାସ, ଅଜୟ ଦାସ, ବିଜୟ ଦାସ, ରଞ୍ଜନ ଯେନାଙ୍କ ସମେତ ଶତାଧିକ ଗ୍ରାମବାସୀ ଲିଖିତ ଦାବିପତ୍ର ପ୍ରଦାନ କରିଛନ୍ତି। ଏହି ଅଭିଯୋଗକୁ ଫାର୍ମାସିଷ୍ଟ ଖଣ୍ଡନ କରିଛନ୍ତି। ଏହା ଏକ ଆୟୋଜିତ ଓ ପ୍ରାୟୋଜିତ କାର୍ଯ୍ୟକ୍ରମ ବୋଲି ସେ କହିଛନ୍ତି।

ଏମିତି ହେଉଛି ଶିଶୁ ବିକାଶ

# ଶତାଧିକ ଅଙ୍ଗନବାଡ଼ିର ନିଜସ୍ୱ ଘର ନାହିଁ

ଦୋବଲ,୨୨।୬(ସମିସ)

ଧାମନଗର ବ୍ଲକରେ ଶିଶୁ ବିକାଶ କାର୍ଯ୍ୟକ୍ରମ ବିପର୍ଯ୍ୟସ୍ତ ଅବସ୍ଥାରେ ଚାଲିଛି। ନା ଅଛି ଭିତ୍ତିଭୂମି ନା ମିଳୁଛି ଆନୁସଙ୍ଗିକ ସୁବିଧା। ଧକେଇ ଧକେଇ ଶିଶୁ ବିକାଶ ହେଉଛି। ବ୍ଲକରେ ମୋଟ୍ ୩୫୩ଟି ଅଙ୍ଗନବାଡ଼ି ଓ ମିନି ଅଙ୍ଗନବାଡ଼ି କେନ୍ଦ୍ର ରହିଛି। ତା ଭିତରୁ ୧୨୮ ଟି ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଘର ନାହିଁ। ଏସବୁ ଅଙ୍ଗନବାଡ଼ି କାହା ଘରେ ତ କାହା ପିଣ୍ଡାରେ ଚାଲିଛି। କିଛି ଅଙ୍ଗନବାଡ଼ିର କର୍ମୀ ନିଜ ଘରେ ଚଲାଉଛନ୍ତି ତ କିଏ ଗାଁ ଠାକୁର ଘର ପିଣ୍ଡାରେ ପିଲାଙ୍କୁ ପଢ଼ାଉଛନ୍ତି। ଗତ ମେ' ମାସରେ ମିଳିଥିବା ସୂଚନା ଅନୁସାରେ ୧୭୬ଟି ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଘର ରହିଛି। ବିଭିନ୍ନ ପଞ୍ଚାୟତରେ ୪୫ଟି କେନ୍ଦ୍ର ନିର୍ମାଣାଧିନ ଅବସ୍ଥାରେ ଥିଲାବେଳେ ୪ଟି ତିଆରି ସରିଥିଲେ ବି ବିଲ୍ ହୋଇନଥିବାରୁ ଠିକାଦାର ତାହାକୁ ହସ୍ତାନ୍ତର କରିନାହାନ୍ତି। ବ୍ଲକରେ ଏବେ ୬ଟି ଅଙ୍ଗନବାଡ଼ି କେନ୍ଦ୍ର ଭଡ଼ାଘରେ ଓ ୪୪ଟି କେନ୍ଦ୍ର ପାଖ ସ୍କୁଲରେ ଚାଲିଛି। ବାକି ୧୨୭ଟି ଅଙ୍ଗନବାଡ଼ି କେନ୍ଦ୍ର ଗାଁରେ ଥିବା କମ୍ୟୁନିଟି ସେଣ୍ଟରରେ କାର୍ଯ୍ୟ କରୁଛି। ଭଡ଼ାଘର ଓ କମ୍ୟୁନିଟି ସେଣ୍ଟରରେ ଚାଲୁଥିବା ଅଙ୍ଗନବାଡ଼ି କେନ୍ଦ୍ରର କର୍ମୀ ଓ ପିଲାମାନେ ଖୁବ୍ ହଇରାଣ ହେଉଛନ୍ତି। ପିଇବା ପାଣିର ସୁବିଧା ନାହିଁ କି ଶୌଚାଳୟର ବ୍ୟବସ୍ଥା ନାହିଁ। ଏଣୁ ପିଲାଙ୍କୁ ରନ୍ଧା ଖାଦ୍ୟ ଦେବା କାଠିକର ପାଠ ହୋଇଯାଉଛି। ନିଜସ୍ୱ ଘର ନଥିବାରୁ ଟେକ୍ ହୋମ୍ ରାସନ ବା ଟିଏଚ୍ଆର ସାମଗ୍ରୀ ରଖିବାରେ ସମସ୍ୟା ଦେଖାଦେଉଛି। ମାସକୁ ମାସ ଆସୁଥିବା ଚାଉଳ, ଛତୁଆ, ଅଣ୍ଡା ଓ ଲଡୁ ସାଇତି ରଖି ପାରୁନାହାନ୍ତି କର୍ମୀ। ଯାହାକୁ ନେଇ କର୍ମୀ ଓ ଲୋକଙ୍କ ମଧ୍ୟରେ ଅସନ୍ତୋଷ ଲାଗି ରହିଛି। ମେ ମାସର ସୂଚନା ଅନୁସାରେ ୬ ମାସରୁ ୩ ବର୍ଷ ମଧ୍ୟରେ ୬୫୨୯, ୩ ବର୍ଷରୁ ୫ ବର୍ଷ ମଧ୍ୟରେ ୫୩୫୪ ଓ ୫ ବର୍ଷରୁ ୬ ବର୍ଷ ମଧ୍ୟରେ ୮୩୮ ଜଣ ଶିଶୁ ଅଙ୍ଗନବାଡ଼ି କେନ୍ଦ୍ରରେ ପଞ୍ଜୀକରଣ ହୋଇଛନ୍ତି। ଧାମନଗର ଅଞ୍ଚଳରେ ଏବେ ଝାଡ଼ାବାନ୍ତି ବ୍ୟାପିଥିବାରୁ ଘର ନଥିବା ଅଙ୍ଗନବାଡ଼ି କେନ୍ଦ୍ରର ପିଲାଙ୍କ ପାଇଁ ବିପଦ ରହିଛି। ଘର ନଥିବାରୁ ବିଶୁଦ୍ଧ ପାନୀୟ ଜଳର ସୁବିଧା ମଧ୍ୟ ନାହିଁ। ସେପଟେ ଘର ଥିବା ଅଙ୍ଗନବାଡ଼ି କେନ୍ଦ୍ରକୁ ଉତ୍କର୍ଷ କେନ୍ଦ୍ରରେ ପରିଣତ କରିବା ଲାଗି ସ୍ଥାନୀୟ ବିଧାୟକ ତଥା ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ପଦକ୍ଷେପ ନେଇଛନ୍ତି। ମହାନଦୀ କୋଲ ଫିଲଡ ଲିମିଟେଡର ସହଯୋଗରେ ଏହିସବୁ ଅଙ୍ଗନବାଡ଼ିକୁ ଆନୁସଙ୍ଗିକ ଉପକରଣ ଯୋଗାଇ ଦିଆଯିବାକୁ ପ୍ରାଶାସନିକ ମଞ୍ଜୁରୀ କରାଇ ସାରିଛନ୍ତି। ଖୁବଶୀଘ୍ର ଏହିସବୁ କେନ୍ଦ୍ରକୁ ବିଭିନ୍ନ ଉପକରଣ ଯୋଗାଇ ଦିଆଯିବ। ଯାହା ଫଳରେ ପିଲାଙ୍କର ବୌଦ୍ଧିକ ବିକାଶ ହେବ ବୋଲି କୁହାଯାଇଛି।



**କମ୍ୟୁନିଟି ସେଣ୍ଟରରେ ଚାଲିଛି ୧୨୭ କେନ୍ଦ୍ର**

# ସାମାଜିକ ସଚେତନତା ଓ ଏକ ଦିବସୀୟ ତାଲିମ ଶିବିର



**ଧାମନଗର,୨୨।୬(ସମିସ):** ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ବିଭାଗ ତରଫରୁ ଧାମନଗର ବ୍ଲକ ସଭାଗୃହ ପରିସରରେ ସାମାଜିକ ସଚେତନତା ଓ ଏକ ଦିବସୀୟ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ବିଏସଏ ଜଗନ୍ନାଥ ପଣ୍ଡାଙ୍କ ନେତୃତ୍ୱରେ ପ୍ରତ୍ୟେକ ପଞ୍ଚାୟତ ସ୍ତରରେ କର୍ଯ୍ୟକରୁଥିବା ସାମାଜିକ ସମୀକ୍ଷକ ଓ ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳା ମାନେ ଭାଗନେଇ ଝାଟିଆସାହି ବଜାରରୁ ହାତରେ ବ୍ୟାନର ଓ ପୋଷ୍ଟର ଧରି ବିଭିନ୍ନ ସଚେତନା ନାରା ଲଗାଇ ବନ୍ଧଟିଆ ହୋଇ ପଞ୍ଚାୟତ କାର୍ଯ୍ୟାଳୟରେ ପହଞ୍ଚି ଶ୍ରମିକ ମାନଙ୍କର ଅଧିକାର ଓ ନ୍ୟାର୍ଯ୍ୟଦାବୀ ଏବଂ ସାମାଜିକ ସମୀକ୍ଷାର ଉତ୍ତର ଦାୟିତ୍ୱ ଓ ସ୍ୱଚ୍ଛତା ବିଷୟରେ ସଚେତନା କରିଥିଲେ। ପରେ ପଞ୍ଚାୟତ ସମିତି ସଭାଗୃହ ପରିସରରେ ବିଡିଓ ବନବିହାରୀ ଦିବାଙ୍କ ନେତୃତ୍ୱରେ ସାମାଜିକ ସମୀକ୍ଷମାନଙ୍କୁ ନେଇ ଏକ ତାଲିମ ଶିବିର ଆୟୋଜନ ହୋଇଥିଲା। ଏଥିରେ ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଆଇନର ମୂଳ ଲକ୍ଷ, ଗ୍ରାମାଞ୍ଚଳରେ ଶ୍ରମିକ ମାନଙ୍କୁ ୧୦୦ ଦିନର କାମ ଯୋଗାଇଦେବା ଓ ସେମାନଙ୍କର ଜୀବନ ଜୀବିକା ସୁରକ୍ଷାରେ ଉନ୍ନତି ଆଣିବା ସହ ସମସ୍ତ ଶ୍ରମିକ ପରିବାର ଆର୍ଥିକ ପରିସ୍ଥିତିକୁ ସ୍ୱଚ୍ଛଳ କରିବା, ଶ୍ରମିକମାନଙ୍କର ଅଧିକାର ଓ ନ୍ୟାର୍ଯ୍ୟଦାବୀ, ସ୍ୱଚ୍ଛତା ଉତ୍ତରଦାୟିତ୍ୱ ଏବଂ ସାମାଜିକ ସମୀକ୍ଷା ଉପକାରିତା ଉପରେ ସଚେତନତା ଓ ତାଲିମ ପ୍ରଦାନ କରାଯାଇଥିଲା। ଏହି ଦ୍ୱୟ କାର୍ଯ୍ୟକ୍ରମରେ ବିଡ଼ିଓଙ୍କ ସମେତ ଏବିଡିଓ ଶର୍ମିଷ୍ଠା ମଲ୍ଲିକ, ସହକାରୀ ଯନ୍ତ୍ରୀ ପୂର୍ଣ୍ଣ ଚନ୍ଦ୍ର ହେମ୍ବ୍ରମ,ଯୋଗାଣ ଅଧିକାରୀ ରସାନନ୍ଦ ସାହୁ, ଏପିଓ ପୀୟୂଷ ରଞ୍ଜନ ରାଉତ୍,କନିଷ୍ଠ ଯନ୍ତ୍ରୀ ଦେବେନ୍ଦ୍ର ନାଥ ନାୟକ,ଏନଆରଜିଏସ୍ ସହଯୋଗୀ ସନ୍ଧ୍ୟା ରାଣୀ ସାମଲ, ସରପଞ୍ଚ ପ୍ରୀତମ୍ ଦାସ,ଏଡିଓ ଅରୁଣ ପଲାଇ, କୃଷକ ସାଥୀ ଶୁଶାନ୍ତ ଲେଙ୍କା,ପ୍ରଦିପ ଦାସ,ଓ ଅନ୍ୟମାନେ ଉପସ୍ଥିତ ଥିଲେ। ରାଧାବଲ୍ଲଭପୁର ପଞ୍ଚାୟତରେ ସାମାଜିକ ସମୀକ୍ଷମାନଙ୍କ ଦ୍ୱାରା ପ୍ରଥମେ ଏକ ସଚେତନତା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।

# ଜଳକର ଦେଇ ଜଳ ପାଉନାହାଁନ୍ତି ଚାଷୀ



**ଅସୁରାଳି,୨୨।୬(ସମିସ):** ଧାମନଗର ବ୍ଲକରେ ୫/୬ଟି ପଞ୍ଚାୟତ ଦେଇ ପ୍ରବାହିତ ହେଉଥିବା ୫ନମ୍ବର କେନାଲଟି ପ୍ରାୟ ୧୬.୩ କିଲୋମିଟର ପର୍ଯ୍ୟନ୍ତ ଲମ୍ବିଛି। ଏହି କେନାଲ ଉପରେ ୧୮ ହଜାର ଚାଷୀ ନିର୍ଭର କରୁଛନ୍ତି। କେନାଲରେ ସଫେଇ ଓ କାଡ଼ା ନଳ ସୁବିଧା ନ ଥିବାରୁ ଏହି ପଞ୍ଚାୟତ ମାନଙ୍କରେ ଚାଷୀମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଆଗକୁ ଖରିଫ ଚାଷ ପାଇଁ ପାଣିର ଆବଶ୍ୟକତା ଥିବା ବେଳେ କେନାଲରେ ସଫେଇର ଅଭାବ ଯୋଗୁଁ କେନାଲ ଜଳବିଲ ପର୍ଯ୍ୟନ୍ତ ଯାଇ ପାରୁ ନାହିଁ ଓ ଚାଷୀ ଜଳକର ଦେଇ ସୁଦ୍ଧା ବୁନ୍ଦାଏ ଜଳ ପାଇ ପାରୁନାହାନ୍ତି। କେନାଲ ଦ୍ୱାରା ଜଳସେଚିତ ହେଉଥିବା ଚାଷଜମିଗୁଡିକର ଚାଷୀମାନେ କେନାଲ ଉପରେ ନିର୍ଭର କରି ଏବେ ହତାଶ ହୋଇଗଲେଣି। ଅନେକ ଥର ବିଭାଗୀୟ ଅଧିକାରୀଙ୍କୁ ଏନେଇ ଜଣାଇଥିଲେ ମଧ୍ୟ ଚାଷୀମାନେ ଜଳ ପାଉନାହାନ୍ତି। ଧାମନଗର ବ୍ଲକରେ ରେବ, କପାଳି, କୋଚିଲା, ଗେଙ୍ଗୁଟି ଓ କଣ୍ଡିଆ ଆଦି ଯାଇଛି। କିନ୍ତୁ ଏସବୁ ନଦୀ ଜଳକୁ ସଂରକ୍ଷିତ କରି କୃଷି କାର୍ଯ୍ୟରେ ବିନିଯୋଗ କରିବା ପାଇଁ କୌଣସି ପଦକ୍ଷେପ ନିଆଯାଇନାହିଁ। ଯାହାର ପରିଣାମ ସ୍ୱରୂପ ଏବେ ମରୁଡ଼ି ପରିସ୍ଥିତି ସୃଷ୍ଟି ହୋଇଛି। କୋଠାର ଠାରୁ ତଳିଆ ଅଞ୍ଚଳକୁ ପୂର୍ବ ଦିଗରେ କେନାଲର ସୁବିଧା ନ ଥିବାରୁ ପ୍ରାୟ ଦଶଟି ପଞ୍ଚାୟତ କେବଳନଦୀ ଜଳ ଉପରେ ନିର୍ଭର କରନ୍ତି। ଯେଉଁ ଅଞ୍ଚଳରେ ଉଠା ଜଳସେଚନର ସୁବିଧା ରହିଛି ସେ ଅଞ୍ଚଳରେ ଦୀର୍ଘ ଦିନ ଧରି ଉଠା ଜଳସେଚନ ପ୍ରକଳ୍ପଗୁଡିକ ଅଚଳ ହୋଇପଡ଼ିଛି। ଗୋବିନ୍ଦପୁର ପଞ୍ଚାୟତ ସମେତ ଅନେକ ପଞ୍ଚାୟତରେ ଜଳସେଚନ ବ୍ୟବସ୍ଥା ବିପର୍ଯ୍ୟସ୍ତ କଲ୍ୟାଣୀ, ଗୋବିନ୍ଦପୁର, କାକୁଡିଗଡ଼ିଆ, ଉଚ୍ଚପଦା, ବମକୁରା, ପତ୍ରୀସାହି, ସରପୁର, କଷଟି, ଅଜମତପୁର, କୋରୁଆ, ଝାରଡ଼ିଆ, ଗଡିଆଳି, ଫତେପୁର୍ ଆଦି ଅଞ୍ଚଳରେ ଜଳାଭାବ ପାଇଁ ଉତ୍କଟ ମରୁଡ଼ି ପରିସ୍ଥିତିକୁ ସାମନା କରିବାକୁ ଯାଉଛି। ତୁରନ୍ତ ୫ନମ୍ବର କେନାଲରେ ଜଳଯୋଗାଇ ଦେବାକୁ ଚାଷୀ ମହଲରେ ଦାବି ହେଉଛି। ବିଶେଷକରି ଗୋବିନ୍ଦପୁର ମୌଜାରେ ଉପର ବିଲ ଓ ବଣ ବିଲରେ ଜଳାଭାବ ଯୋଗୁଁ ୩୫ ଏକର ଜମିରେ ମରୁଡ଼ି ପରିସ୍ଥିତି ଉପୁଜିଛି। ପୁଣି ପ୍ରଚଣ୍ଡ ଗ୍ରୀଷ୍ମର ରୌଦ୍ର ତାପରେ ନଈ ନାଳ ଶୁଖି ଯାଇ ଆହୁରି ଚାଷୀର ଚିନ୍ତାକୁ ବଢ଼ାଇ ଦେଇଛି। ନା ଅଛି କେନାଲର ଜଳ, ନା ନଦୀ ଜଳ। କେବଳ ଇନ୍ଦ୍ରଦେବ ହିଁ ଭରସା। ଯଦି ଆଗାମୀ ଦିନରେ ଚାଷୀଙ୍କ ସମସ୍ୟାର ସମାଧାନ ନ ହୁଏ ଜିଲ୍ଲାପାଳଙ୍କ ଅଫିସ ଘେରଉ କରାଯିବ ବୋଲି ଚାଷୀ ବିଦ୍ୟାଧର ଦାସ, ଭାଗୀରଥି ଦାସ, ବିଦ୍ୟାଧର ବସନ୍ତିଆ, ଅନିଲ ଜେନା, ଜୟଦେବ ସାହୁ, ଜାଗର ସାହୁ, ଲକ୍ଷ୍ମଣ ନାଥ, ଅକ୍ଷୟ ନାଥ, ବ୍ରହ୍ମାନନ୍ଦ ଜେନା, ନିରାକାର ଜେନା ପ୍ରମୁଖ ଚେତାବନୀ ଦେଇଛନ୍ତି। ଏହି ପରିପ୍ରେକ୍ଷୀରେ କନିଷ୍ଠ ଯନ୍ତ୍ରୀ ନୃସିଂହ ସୋରେନ୍‌ଙ୍କୁ ପଚାରିବାରୁ ଖୁବ୍ ଶୀଘ୍ର ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

ହାତଗୁଞ୍ଜା ନ ଦେଲେ ମିଳୁନି ଆୟୁଷ୍ମାନ କାର୍ଡ

# ହିତାଧିକାରୀଙ୍କ ପିଛା ଆଦାୟ ହେଉଛି ତିରିଶ ଟଙ୍କା

**ଭଦ୍ରକ/ବାସୁଦେବପୁର, ୨୨।୬ (ସମିସ):** ରୋଗୀ ମାନଙ୍କୁ ସହଯୋଗର ହାତ ବଢ଼ାଉଛନ୍ତି ସରକାର। ନୂଆ ସରକାରଙ୍କ ନୂତନ ଯୋଜନାକୁ ଲାଗୁ କରିବା ପୂର୍ବରୁ ଟଙ୍କା ନଦେଲେ ମିଳୁନାହିଁ ଆୟୁଷ୍ମାନ ଯୋଜନା କାର୍ଡ ବୋଲି ହିତାଧିକାରୀ ଅଭିଯୋଗ କରିଛନ୍ତି। ବିଜେପି ସରକାର ଆସିବା ପରେ କେନ୍ଦ୍ର ସରକାରଙ୍କ ଆୟୁଷ୍ମାନ ଯୋଜନା ଲାଗୁ କରିଛନ୍ତି। ହିତାଧିକାରୀଙ୍କୁ ଆୟୁଷ୍ମାନ କାର୍ଡ ବଣ୍ଟନ କରିବା ପାଇଁ ସ୍ୱାସ୍ଥ୍ୟ ବିଭାଗକୁ ଦାୟିତ୍ୱ ପ୍ରଦାନ କରାଯାଇଛି। ଆଶା କର୍ମୀ ଓ ଏଏନଏମ ମାଧ୍ୟମରେ ବଣ୍ଟନ କରାଯାଉଅଛି। କାର୍ଡ ବଣ୍ଟନ ପୂର୍ବରୁ ଜନସେବା କେନ୍ଦ୍ର କେୱାଇସି ଅପଟୁଡେଟ କରି ହିତାଧିକାରୀଙ୍କୁ ଘର ଘରକା ବୁଲି କାର୍ଡ ପ୍ରଦାନ କରାଯିବାର ବ୍ୟବସ୍ଥା କରାଯାଇଛି। କେୱାଇସି ଅପଟୁଡେଟ କରିବା ପାଇଁ ସରକାର ପକ୍ଷରୁ ଜନସେବା କେନ୍ଦ୍ରକୁ ପ୍ରତି ହିତାଧିକାରୀଙ୍କ ପିଛା ଆର୍ଥ ପ୍ରଦାନ କରାଯାଉଛି। ହେଲେ ବାସୁଦେବପୁର ପୌରପାଳିକାର ଆଶା କର୍ମୀ ଜନସେବା କେନ୍ଦ୍ରର କର୍ମଚାରୀଙ୍କୁ ଧରି ଗାଁ ଗାଁରେ ବସି ହିତାଧିକାରୀ ପିଛା ତିରିଶ ଟଙ୍କା ନଦେଲେ ଆୟୁଷ୍ମାନ କାର୍ଡ ପ୍ରଦାନ ନକରି ଫେରାଇ ଦେଉଥିବାର ଅଭିଯୋଗ ହେଉଛି। ବାସୁଦେବପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଭାରପ୍ରାପ୍ତ ଅଧିକାରୀ ଡାକ୍ତର ସୁଶାନ୍ତ କୁମାର ସାମନ୍ତଙ୍କୁ ଏସମ୍ପର୍କରେ ପଚାରିବାରୁ କହିଲେ ହିତାଧିକାରୀଙ୍କୁ ଆୟୁଷ୍ମାନ କାର୍ଡ ପ୍ରଦାନ କରିବା ସମୟରେ ହିତାଧିକାରୀଙ୍କ ଠାରୁ କୌଣସି ଦାବୀ କରିପାରିବେ ନାହିଁ। ବଣ୍ଟନ କରୁଥିବା ଆଶା କର୍ମୀ ଓ ଜନସେବା କେନ୍ଦ୍ରର କର୍ମଚାରୀ ହିତାଧିକାରୀଙ୍କ ଠାରୁ ଜଣକା ତିରିଶ ଟଙ୍କା ଆଦାୟ କରୁଛନ୍ତି । ଗୋଟିଏ ପରିବାରର ୧୦ ଜଣ ଥିଲେ ତିନି ଶହ ଦେବାକୁ ପଡୁଛି। ଟଙ୍କା କମ ହେଲେ ହିତାଧିକାରୀଙ୍କୁ ଫେରାଇ ଦେଉଥିବାର ଅଭିଯୋଗ ହେଉଛି। କେନ୍ଦ୍ର ସରକାରଙ୍କ ନୂତନ ଯୋଜନାର ଶୁଭାରମ୍ଭ ପୂର୍ବରୁ ଜଣ ପିଛା ୩୦ ଟଙ୍କା ହାତଗୁଞ୍ଜା ନଦେଲେ ହିତାଧିକାରୀଙ୍କୁ ମିଳୁନାହିଁ ଆୟୁଷ୍ମାନ କାର୍ଡ। ଭଦ୍ରକ ଜିଲ୍ଲାପାଳ ଦୃଷ୍ଟି ଦେବାକୁ ହିତାଧିକାରୀଙ୍କ ପକ୍ଷରୁ ଦାବି ହେଉଛି।



**ନଦୀ ଏବେ ପଡ଼ିଆର ଭ୍ରମ ସୃଷ୍ଟି କରୁଛି**

# ଦଳ ବଣରେ ବନ୍ଦୀ ସାଳନ୍ଦୀ

ଭଦ୍ରକ,୨୨।୬(ସମିସ)

ଭଦ୍ରକର ଲାଇଫ୍ ଲାଇନ ବା ଜୀବନ ରେଖା କୁହାଯାଉ ଥିବା ସାଳନ୍ଦୀ ନଦୀ ଏବେ ଦଳରେ ବନ୍ଦୀ ହୋଇ ପଡିଆର ଭ୍ରମ ସୃଷ୍ଟି କରୁଛି। ଅନ୍ୟପକ୍ଷରେ ଜଳ ପ୍ରବାହ ଦ୍ରୁତ ହ୍ରାସ ପାଇବା ସହିତ ସୁଦୀର୍ଘ ନଦୀପଥରେ ବେଆଇନ ଜବରଦଖଲ ସାଳନ୍ଦୀ ନଦୀର ଅସ୍ତିତ୍ୱ ଓ ସ୍ଥାପିତକୁ ସଂକଟରେ ପକାଇ ଦେଇଛି। ନଦୀର ଜଳ ପ୍ରବାହ ହ୍ରାସ ପାଇବା ଏବଂ ନଦୀକୁ ନାଳ ନର୍ଦ୍ଦମାର ବିଷାକ୍ତ ଜଳ ଓ ବର୍ଜ୍ୟ ବସ୍ତୁ ଛାଡ଼ି ଦିଆଯିବା ଯୋଗୁ ସାଳନ୍ଦୀ ନଦୀ କେବଳ ଯେ ଦଳମୟ ହୋଇପଡିଛି, ତା' ନୁହେଁ ସାଳନ୍ଦୀ ନଦୀର ଜଳ ଭୟଙ୍କର ଭାବେ ପ୍ରଦୂଷିତ ହୋଇ ବ୍ୟବହାର ଅନୁପଯୋଗୀ ହୋଇପଡ଼ିଛି। ସାଳନ୍ଦୀ ନଦୀର ଉପରମୁଣ୍ଡରେ ବୃହତ ହଦଗଡ଼ ଡ୍ୟାମ ପ୍ରୋଜେକ୍ଟ ନିର୍ମାଣ ଓ ଡ୍ୟାମରେ ଗଚ୍ଛିତ ଜଳକୁ ବିଭିନ୍ନ କେନାଲ ଜରିଆରେ କୃଷିକ୍ଷେତ୍ରକୁ ଜଳଯୋଗାଣ ଯୋଗୁ କେବଳ ବର୍ଷା ଦିନ ଛଡ଼ା ଅନ୍ୟ ସମୟରେ ନଦୀକୁ ଜଳ ଯୋଗାଣ ପ୍ରାୟତଃ ବନ୍ଦ ରହିଥାଏ। ନଦୀକୁ ଯେତିକି ଜଳ ମିଳିଥାଏ ସେଥିରୁ ବୃହତ ଭାଗ ଜଳ ନଦୀପାଶ୍ୱର୍ରେ ଗଢି ଉଠିଥିବା ଶିଳ୍ପ ସଂସ୍ଥା ନେଇଯାଉଥିବାରୁ ବର୍ଷ ତମାମ ସାଳନ୍ଦୀ ନଦୀ ଶୁଖିଲା ପଡ଼ିଥାଏ। ବିସ୍ତୃତ ନଦୀପଥ ଶୁଖିଲା ପଡ଼ିବା ଯୋଗୁ ନଦୀ ଗର୍ଭରୁ ବେଆଇନ ବାଲି ଏବଂ ମାଟି ଉତ୍ତୋଳନ ନଦୀ ଗତିପଥ ଓ ସ୍ୱାଭାବିକ ଜଳ ପ୍ରବାହକୁ ବ୍ୟହତ କରି ନଦୀପଥ ଦଳ ବଣରେ ପରିଣତ ହୋଇଛି।

ସାଳନ୍ଦୀ ନଦୀକୁ ପ୍ରଦୂଷଣ ମୁକ୍ତ କରିବାକୁ ଓ ଏହାର ସ୍ୱାଭାବିକ ଜଳ ପ୍ରବାହ ରକ୍ଷା କରିବାକୁ ଦୀର୍ଘବର୍ଷେ ସଂଗ୍ରାମ କରି ଆସୁଥିଲେ ମଧ୍ୟ ଏନେଇ ପ୍ରଶାସନିକ ସ୍ତରରେ ସାମାନ୍ୟତମ ଆଗ୍ରହ କି ତତ୍ପରତା ନାହିଁ। ଫଳରେ ସାଳନ୍ଦୀ ନଦୀ ଲୋକଙ୍କ ପାଇଁ ବରଦାନ ସାବ୍ୟସ୍ତ ହେବା ପରିବର୍ତ୍ତେ ଅଭିଶାପରେ ପରିଣତ ହୋଇଛି। ତେବେ ସାଳନ୍ଦୀ ନଦୀର ସୁରକ୍ଷା ଏବଂ ଜଳସେଚନ ଓ ବନ୍ୟା ନିୟନ୍ତ୍ରଣ ପାଇଁ ଗତ ୨୦୦୦ ମସିହାରେ ତତ୍କାଳିନ କେନ୍ଦ୍ର ଜଳସମ୍ପଦ ମନ୍ତ୍ରୀ ଅର୍ଜୁନ ସେଠୀଙ୍କ ଉଦ୍ୟମରେ ୯୯ କୋଟି ଟଙ୍କା ବ୍ୟୟ ଅଟକଳରେ ଆରମ୍ଭ ହୋଇଥିଲା ବୃହତ ସାଳନ୍ଦୀ ସଂସ୍କାର ଯୋଜନା। ଏଥିରେ ସାଳନ୍ଦୀ ନଦୀର ନିମ୍ନ ଅବବାହିକା ଭଦ୍ରକ ବାଇଦପୁର ଠାରୁ ବଙ୍ଗାଳିବପା ପର୍ଯ୍ୟନ୍ତ ପ୍ରାୟ ୪୫ କିମି ନଦୀପଥର ପୁନରୁଦ୍ଧାର ପ୍ରକ୍ରିୟା ସାମିଲ ହୋଇଥିଲା। ଏଥିରେ ପୋତି ହୋଇପଡ଼ିଥିବା ସାଳନ୍ଦୀ ନଦୀର ଗର୍ଭ ଖନନ, ପାଶ୍ୱର୍ବନ୍ଧ ନିର୍ମାଣ, ୪୦ରୁ ଊର୍ଦ୍ଧ୍ୱ ସେତୁ ନିର୍ମାଣକୁ ପ୍ରାଥମିକତା ଦିଆଯାଇଥିଲା। ତେବେ ସଂସ୍କାର କାର୍ଯ୍ୟ ଆରମ୍ଭ ହେଉ ହେଉ ବେଆଇନ ଜବର ଦଖଲ କ୍ଷତିପୂରଣ ଏବଂ ଥଇଥାନ ଖର୍ଚ୍ଚକୁ ମିଶାଇ ପ୍ରକଳ୍ପ ବ୍ୟୟ ଅଟକଳ ୧୫୦ କୋଟି ଟଙ୍କା ଅତିକ୍ରମ କରିଥିଲା। ତେଣେ ସାଳନ୍ଦୀ ନଦୀର ଗର୍ଭଖନନ ଏବଂ ପାଶ୍ୱର୍ବନ୍ଧ ନିର୍ମାଣ ଆଳରେ କେବଳ ସାଳନ୍ଦୀ ନଦୀର ଦଳ ସଫା କରି, କେତେକ ସ୍ଥାନରେ କଂକ୍ରିଟ ସେତୁ ନିର୍ମାଣ କରି, ବିନା ପଥର ପାର୍କିଂରେ ମାଟି ବନ୍ଧ ନିର୍ମାଣ କରି ସଂସ୍କାର ଅର୍ଥକୁ ସ୍ୱାହା କରିଦିଆଯାଇଥିଲା। ଫଳରେ ସାଳନ୍ଦୀ ସଂସ୍କାର ବର୍ଷେ ନ ପୂରୁଣୁ ନଦୀପଥ ଯଥା ପୂର୍ବଂ ତଥା ପରଂ ହୋଇଯାଇଛି। ପ୍ରତିବର୍ଷ ବର୍ଷା ଋତୁ ଆସିଲେ ସାଳନ୍ଦୀ ଜଳସେଚନ ବିଭାଗ ପକ୍ଷରୁ କେବଳ ଦଳ ସଫେଇରେ ବର୍ଷକୁ ବର୍ଷ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ ହେଉଛି। ଏହା ଯନ୍ତ୍ରୀ ଓ ଠିକାଦାର ତୃଷ୍ଟୀକରଣ ଲାଗି ସିନା; ସାଳନ୍ଦୀ ନଦୀ ପାଇଁ ନୁହେଁ ବୋଲି ପରିବେଶବିତ ମାନେ ଅଭିଯୋଗ କରିଛନ୍ତି।



● ରଜ ମହୋତ୍ସବ ଉଦଯାପିତ

# ମୋଗଲ ତାମସା ଦର୍ଶକଙ୍କ ମନ ଛୁଇଁଲା



**ଭଦ୍ରକ,୨୨।୬(ସମିସ):** ରଜ ମହୋତ୍ସବ ମେଳା, ସାହିତ୍ୟ, ସଂସ୍କୃତି ଓ ଐତିହ୍ୟର ଗାଥା ଗାଏ ଓ ମୈତ୍ରୀ ଓ ଭାଇଚାରାର ସନ୍ଦେଶ ଦିଏ ବୋଲି ଗତକାଲି ସନ୍ଧ୍ୟାରେ କଦମବେଡା ଠାରେ ଶହେ ପଚାଶ ବର୍ଷ ପୂର୍ତ୍ତି ଅବସରରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ଏଥି ସହ ଉଦଯାପନୀ ସନ୍ଧ୍ୟାରେ ମନମୋହନ ସଂଗୀତ ପରିଷଦର ମୋଗଲ ତାମସା ଦର୍ଶକଙ୍କ ମନକୁ ଛୁଇଁ ଥିଲା। ହଜାର ହଜାର ଦର୍ଶକ ମୋଗଲ ତାମସା ଦେଖିବାକୁ ରୁଣ୍ଡ ହୋଇଥିଲେ। କମିଟିର ସମ୍ପାଦକ ଶୈଳେନ୍ଦ୍ର ପ୍ରସାଦ ବାରିକ, କର୍ମକର୍ତ୍ତା ଓ କମିଟିର ଆବାହକଙ୍କ ଉଦ୍ୟମରେ ପାଞ୍ଚ ଦିନ ଧରି ଏହି ମହୋତ୍ସବ ଅନୁଷ୍ଠିତ ହୋଇଥିଲା। ଉଦଯାପିତ ସନ୍ଧ୍ୟାରେ କମିଟିର ସାମ୍ବାଦିକ ରବିନାରାୟଣ ଖିଲାରଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ଭଣ୍ଡାରିପୋଖରୀ ବିଧାୟକ ସଞ୍ଜିବ କୁମାର ମଲ୍ଲିକ, ଡେପୁଟି କଲେକ୍ଟର କାର୍ତ୍ତିକ ନାଥ ମଣ୍ଡଳ, ଅତିରିକ୍ତ ଏସ୍‌ପି ସମ୍ବିତ ମାଝୀ, କବୟିତ୍ରୀ ମନୋରମା ରାୟ, କବୟିତ୍ରୀ ଦମୟନ୍ତୀ ରାଉତ, ସଂଗୀତ ନିର୍ଦ୍ଦେଶକ ରାମନାରାୟଣ ମହାନ୍ତି, କବି ବିଜୟ ବହଳି, କାଉନସିଲର ଆଶିଷ ଅମିତାଭ ମହାପାତ୍ର, ପ୍ରାକ୍ତନ କାଉନସିଲର ଘାଉଲି ଜେନା, ଯୁବ ନେତା ବବୁଲୁ ଦାସ ପ୍ରମୁଖ ଯୋଗଦେଇଥିଲେ। କମିଟି ପକ୍ଷରୁ ଚିଦାନନ୍ଦ ବାରିକ,ଅନନ୍ତ ବାରିକ, ଭୀମ ମହଲା, ସୁରେନ୍ଦ୍ର ମହଲା, ବାବୁଲି ପୁଷ୍ଟି,ରାଜେନ୍ଦ୍ର ବାରିକ, ଦୈତାରୀ ବେହେରା, ବାବୁ ପୃଷ୍ଟି, ଅନନ୍ତ ନାୟକ, ବିଜୟ ନାୟକ,ପଦନ ବାରିକ ପ୍ରମୁଖ ଯୁବକ ମାନେ ପରିଚାଳନା କରିଥିଲେ। ଶାନ୍ତନୁ ଦଳେଇ ସାଂସ୍କୃତିକ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୬.୭୫ ● ପାଉଣ୍ଡ ୧୧୬.୦୮
- ୟୁରୋ ୯୯.୩୭ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୨,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୧୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୪୦୮.୦୦
- ନିଫ୍ଟି ୨୫,୧୧୨.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



### ଇରାନ୍ ଉପରେ ଆମେରିକାର ପ୍ରହାର

# ଅଶୋଧିତ ତୈଳ ୧୦୦ ଡଲାର ଟପିବ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

ଇରାନ-ଇସ୍ରାଏଲ ଯୁଦ୍ଧରେ ଆମେରିକା ପ୍ରବଶେ କରିଛି। ଇରାନର ପରମାଣୁ କେନ୍ଦ୍ର ଉପରେ

- ହର୍ମୁଜ୍ ପ୍ରଣାଳୀ ବନ୍ଦ ହେଲେ ୧୩୦ ଡଲାର ଛୁଇଁବ
- ଜୁନ୍‌ରେ ୨୪ ପ୍ରତିଶତ ବଢ଼ିଛି ତେଲ ଦର



ଆମେରିକା ବିମାନ ଆକ୍ରମଣ କରିଛି। ଏହି ଆକ୍ରମଣ ପରେ ମଧ୍ୟପ୍ରାଚ୍ୟରେ ପୁଣି ଥରେ ଭୂ-ରାଜନୈତିକ ଉତ୍ତେଜନା ବୃଦ୍ଧି ପାଇଛି। ଏହାର ପ୍ରଭାବରେ ସୋମବାର ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତେଲର ମୂଲ୍ୟ ବୃଦ୍ଧି ପାଇପାରେ। ଏମିତିକି ସୋମବାର ବିଶ୍ୱର ସେୟାର ବଜାରରେ ବଡ଼ ହ୍ରାସ ହୋଇପାରେ। ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ ସୋମବାର ଅଶୋଧିତ ତେଲ ଦର ବ୍ୟାରେଲ ପିଛା ୮୦ ଡଲାରରୁ ଆରମ୍ଭ ହୋଇ ୯୦ ଡଲାର ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଯଦି ହର୍ମୁଜ୍ ପ୍ରଣାଳୀ ବନ୍ଦ ହୁଏ, ତେବେ ଅଶୋଧିତ ତେଲର ମୂଲ୍ୟ ମଧ୍ୟ ୧୩୦ ଡଲାର ପ୍ରତି ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଏହାର ଅର୍ଥ ହେଉଛି ବିଶ୍ୱର ଅଶୋଧିତ ତେଲ ଆମଦାନୀ କରୁଥିବା ଦେଶଗୁଡିକ ଏଥିଯୋଗୁ ବଡ଼ କ୍ଷତି ସହିବେ। ଏଥିରେ ଭାରତ ଅନ୍ୟତମ ଦେଶ। ଭାରତ ଏହାର ଅଶୋଧିତ ତେଲ ଆବଶ୍ୟକତାର ୮୫ ରୁ ୯୦ ପ୍ରତିଶତ ଆମଦାନୀ କରେ।

ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ,, ସୋମବାର ବଜାର କାରବାର ଆରମ୍ଭରୁ ଅଶୋଧିତ ତେଲ ଦର ପ୍ରତି ବ୍ୟାରେଲ ପ୍ରାୟ ୮୦ ଡଲାରରେ ଖୋଲି ଏହା ୧୦୦ ଡଲାର ଉପରେ ଯାଇପାରେ। ସବୁଠାରୁ ଖରାପ ପରିସ୍ଥିତିରେ ଯଦି ହରମୁଜ୍ ପ୍ରଣାଳୀ ବନ୍ଦ ହୁଏ ତେବେ ମୂଲ୍ୟ ୧୩୦ ଡଲାର ଉପରେ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଜୁନ୍ ମାସରେ ଏ ପର୍ଯ୍ୟନ୍ତ ଅଶୋଧିତ ତେଲର ମୂଲ୍ୟ ୨୪ ପ୍ରତିଶତ ବୃଦ୍ଧି ପାଇ ପ୍ରତି ବ୍ୟାରେଲ ୭୭ ଡଲାର ହୋଇଛି। ଯେତେବେଳେ କି ମେ' ମାସରେ, ଅ ଶୋଧିତ ତେଲର ମୂଲ୍ୟ ୪ ପ୍ରତିଶତ ବୃଦ୍ଧି ପାଇଛି। ହରମୁଜ୍ ପ୍ରଣାଳୀ ଏକ ରଣନୈତିକ ଚକପଏଣ୍ଟ ଯାହା ବିଶ୍ୱ ତୈଳ ଯୋଗାଣର ପ୍ରାୟ ୨୦ପ୍ରତିଶତ ପରିଚାଳନା କରିଥାଏ। ଏହାକୁ ନେଇ ଏବେ ଚିନ୍ତା ବଢ଼ିଛି। ଅନ୍ୟପକ୍ଷରେ, କେଡିଆ ଆଡଭାଇଜରିର ନିର୍ଦ୍ଦେଶକ ଅଜୟ କେଡିଆ କହିଛନ୍ତି ଯେ ଉତ୍ତେଜନା ବହୁତ ବୃଦ୍ଧି ପାଇଛି ଏବଂ ଆମେରିକା ଯୁଦ୍ଧରେ ଡେଇଁବା ପରେ, ଇରାନ ହର୍ମୁଜ୍ ପ୍ରଣାଳୀକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇପାରେ। ଏଥିଯୋଗୁଁ ତୈଳ ଦର ପ୍ରତି ବ୍ୟାରେଲ ୯୫ ରୁ ୧୦୦ ଡଲାର ମଧ୍ୟରେ ପହଞ୍ଚିପାରେ। ଏହାସହିତ, ସୋମବାର ଅଶୋଧିତ ତୈଳ ମୂଲ୍ୟରେ ୧୦ ରୁ ୧୫ ପ୍ରତିଶତ ବୃଦ୍ଧି ଦେଖାଯାଇପାରେ। ଅନ୍ୟପକ୍ଷରେ, ପରିସ୍ଥିତି ନିୟନ୍ତ୍ରଣ କରିବାକୁ ଆମେରିକା ମଧ୍ୟ ତୈଳ ଯୋଗାଣ ବୃଦ୍ଧି କରିବାକୁ ଯାଉଛି।

ଅଶୋଧିତ ତୈଳ ମୂଲ୍ୟରେ ବୃଦ୍ଧି ଭାରତକୁ ମଧ୍ୟ ପ୍ରଭାବିତ କରିବ। ଭାରତ ଏହାର ଆବଶ୍ୟକତାର ୮୫ରୁ ୯୦ ପ୍ରତିଶତ ତୈଳ ଆମଦାନି କରେ। ଯଦି ମୂଲ୍ୟ ବୃଦ୍ଧି ପାଏ, ତେବେ ଦେଶ ଅନେକ ଆର୍ଥିକ ଆହ୍ୱାନର ସମ୍ମୁଖୀନ ହୋଇପାରେ। ଅଶୋଧିତ ତୈଳରେ ପ୍ରତି ବ୍ୟାରେଲରେ ୧୦ ଡଲାର ବୃଦ୍ଧି ଭାରତର ଚଳନ୍ତି ଖାତା ନିଅଣ୍ଟକୁ ଜିଡିପିର ୦.୩ ପ୍ରତିଶତ ବୃଦ୍ଧି କରିପାରେ ଏବଂ ମୁଦ୍ରାସ୍ଫୀତି ଚାପ ମଧ୍ୟ ବଢ଼ାଇପାରେ। ଜଣେ ମୁଦ୍ରା ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ସୋମବାର ଭାରତୀୟ ଟଙ୍କା ଡଲାର ତୁଳନାରେ ୫୦ ରୁ ୭୫ପଇସା ମଧ୍ୟରେ ହ୍ରାସ ପାଇପାରେ। ଯାହାର ପ୍ରଭାବ ଜିଡିପି ଉପରେ ମଧ୍ୟ ଦେଖାଯାଇପାରେ। ଏହା ବ୍ୟତୀତ, ସୋମବାର ଭାରତର ଷ୍ଟକ ବଜାରରେ ଭାରି ଚାପ ଦେଖିବାକୁ ମିଳିପାରେ। ବିଶେଷଜ୍ଞମାନେ ଚେତାବନୀ ଦେଇଛନ୍ତି ଯେ ଯଦି ଇରାନ ହର୍ମୁଜ ପ୍ରଣାଳୀରେ ଯାତାୟାତ ବାଧା ସୃଷ୍ଟି କରିବାକୁ ଚେଷ୍ଟା କରେ, ତେବେ ଅଶୋଧିତ ତୈଳର ମୂଲ୍ୟ ପ୍ରତି ବ୍ୟାରେଲ ୧୨୦-୧୩୦ ଡଲାର ପର୍ଯ୍ୟନ୍ତ ବୃଦ୍ଧି ପାଇପାରେ, ଯାହା ବିଶ୍ୱ ଷ୍ଟକ ବଜାର ଉପରେ ଗଭୀର ପ୍ରଭାବ ପକାଇବ। ବର୍ତ୍ତମାନ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ପ୍ରତି ବ୍ୟାରେଲ ୭୭ ଡଲାରରେ ରହିଛି। ଏଥିରେ ବିଶେଷ କଥା ହେଉଛି ଯେ ଗତ ଗୋଟିଏ ମାସରେ ଅଶୋଧିତ ତୈଳ ମୂଲ୍ୟ ପ୍ରାୟ ୨୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଅନ୍ୟପକ୍ଷରେ, ଶୁକ୍ରବାର ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ସାମାନ୍ୟ ବୃଦ୍ଧି ସହିତ ବ୍ୟାରେଲ ପିଛଶ ୭୫ ଡଲାରକୁ ଖସିଆସିଛି। ତଥାପି, ଗୋଟିଏ ମାସରେ ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ପ୍ରାୟ ୨୨ ପ୍ରତିଶତ ବୃଦ୍ଧି ପାଇଛି।

### ଯୁଦ୍ଧ ବଢ଼ିଲେ ଭାରତ ସହିବ ବଡ଼ କ୍ଷତି | ମହଙ୍ଗା ହେବ ବଜାର

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଏବଂ ଇସ୍ରାଏଲ ମଧ୍ୟରେ ଚାଲିଥିବା ଉତ୍ତେଜନା ଏବେ ଏକ ବିପଜ୍ଜନକ ସ୍ଥିତିରେ ପହଞ୍ଚିଛି। ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ ଯଦି ଏହି ଯୁଦ୍ଧ ଆହୁରି ବଢ଼େ ତେବେ ଏହାର ସବୁଠାରୁ ବଡ଼ ପ୍ରଭାବ ପଶ୍ଚିମ ଏସିଆର ଦେଶଗୁଡ଼ିକ ସହିତ ଭାରତର ବାଣିଜ୍ୟ ଉପରେ ପଡ଼ିବ। ଏଥିରେ ଇରାନ, ଇରାକ, ଜୋର୍ଡାନ, ଲେବାନନ, ସିରିଆ ଏବଂ ୟେମେନ ଭଳି ଦେଶ ଅନ୍ତର୍ଭୁକ୍ତ, ଯେଉଁଠିକି ଭାରତର ମୋଟ ରପ୍ତାନି ୮.୬ ବିଲିୟନ ଡଲାର ଏବଂ ଆମଦାନି ୩୩.୧ ବିଲିୟନ ଡଲାର ରହିଛି।



ମୁମ୍ବାଇର ରପ୍ତାନିକାରୀ ଏବଂ ଟେକ୍ନୋକ୍ରାଫ୍ଟ ଇଣ୍ଡଷ୍ଟ୍ରିଜ୍ ଇଣ୍ଡିଆର ପ୍ରତିଷ୍ଠାତା ଶରଦ କୁମାର ସରାଫ ଚେତାବନୀ ଦେଇଛନ୍ତି ଯେ ଏହି ଯୁଦ୍ଧ ଭାରତର ବାଣିଜ୍ୟ ଉପରେ ଏକ ବଡ଼ ପ୍ରଭାବ ପକାଇବ। ଭାରତ ଆର୍ଥିକ ବର୍ଷ ୨୦୨୪-୨୫ରେ ଇରାନକୁ ମୋଟ ୧.୨୪ ବିଲିୟନ ଡଲାରର ରପ୍ତାନି କରିଥିଲା, ଯେଉଁଥିରେ ବାସମତୀ ଚାଉଳ ୭୫୩.୨ ନିୟୁତ ଡଲାର), କଦଳୀ, ସୋୟାବିନ୍ ମିଲ୍, ଚଣା ଏବଂ ଚା' ଭଳି କୃଷି ଉତ୍ପାଦ ପ୍ରମୁଖ ଥିଲା। ଏହି ସମୟ ମଧ୍ୟରେ ଭାରତ ଇରାନରୁ ୪୪୧.୮ ନିୟୁତ ଡଲାରର ଆମଦାନୀ ମଧ୍ୟ କରିଥିଲା। ଇସ୍ରାଏଲ ସହିତ ଭାରତର ବାଣିଜ୍ୟ ୨.୧ ବିଲିୟନ ଡଲାର (ରପ୍ତାନି) ଏବଂ ୧.୬ ବିଲିୟନ ଡଲାର (ଆମଦାନୀ) ଥିଲା। ଜିଟିଆର୍‌ଆଇ ଅନୁଯାୟୀ, ଆମେରିକାର ପ୍ରତିବନ୍ଧକ ଯୋଗୁଁ ଏହି ଉଭୟ ଦେଶ ପୂର୍ବରୁ ଆର୍ଥିକ ଚାପରେ ଅଛନ୍ତି। ବର୍ତ୍ତମାନ ଯୁଦ୍ଧ ଯୋଗୁଁ, ବର୍ଦ୍ଧିତ ପେମେଣ୍ଟ ବ୍ୟବସ୍ଥା ଏବଂ ପରିବହନ ବିପଦ ଯୋଗୁଁ ଭାରତର ବାଣିଜ୍ୟ ଆହୁରି ପ୍ରଭାବିତ ହୋଇପାରେ। ଏଥିରେ ସବୁଠାରୁ ବଡ଼ ଚିନ୍ତା ହେଉଛି ହର୍ମୁଜ୍ ପ୍ରଣାଳୀ, ଯେଉଁଠାରୁ ଭାରତର ୬୦-୬୫% ଅଶୋଧିତ ତୈଳ ଯୋଗାଣ ହୁଏ। ଇରାନ ଏହି ଜଳପଥକୁ ବନ୍ଦ କରିବାକୁ ଧମକ ଦେଇଛି। ଏହି ମାର୍ଗ ଏତେ ଗୁରୁତ୍ୱପୂର୍ଣ୍ଣ ଯେ ଏହା କେବଳ ବିଶ୍ୱ ତୈଳ ବାଣିଜ୍ୟର ପ୍ରାୟ ୨୦ ପ୍ରତିଶତ ପରିଚାଳନା କରେ। ଏହି ପ୍ରଣାଳୀ ଇରାନ ଏବଂ ଓମାନ / ସଂଯୁକ୍ତ ଆରବ ଏମିରେଟ୍ସ ମଧ୍ୟରେ ଅବସ୍ଥିତ। ଏହା ମାଧ୍ୟମରେ ସାଉଦି ଆରବ, ଇରାନ, ଇରାକ, କୁଏତ ଏବଂ କତାରରୁ ତେଲ ଏବଂ ଏଲଏନଜି ରପ୍ତାନି କରାଯାଏ। ଯଦି ଏଠାରେ ଯୋଗାଣ ବାଧାପ୍ରାପ୍ତ ହୁଏ, ତେବେ ଭାରତରେ ଇନ୍ଧନ ମହଙ୍ଗା ହୋଇଯିବ, ମୁଦ୍ରାସ୍ଫୀତି ବୃଦ୍ଧି ପାଇବ, ଟଙ୍କା ଉପରେ ଚାପ ପଡ଼ିବ ଏବଂ ଆର୍ଥିକ ସନ୍ତୁଳନ ଖରାପ ହୋଇପାରେ।

ହୁଥି ବିଦ୍ରୋହୀଙ୍କ ଆକ୍ରମଣ ଯୋଗୁଁ ଲାଲ ସାଗର ମାର୍ଗ ପୂର୍ବରୁ ପ୍ରଭାବିତ ହୋଇଛି, ଯାହା ଭାରତ-ୟୁରୋପ ଏବଂ ଭାରତ-ଆମେରିକା ମଧ୍ୟରେ ବାଣିଜ୍ୟକୁ ପ୍ରଭାବିତ କରିଛି। ଭାରତର ୮୦% ୟୁରୋପୀୟ ବାଣିଜ୍ୟ ଏବଂ ମୋଟ ରପ୍ତାନିର ୩୪% ଏହି ସମୁଦ୍ର ପଥ ଦେଇ ହୋଇଥାଏ। ବିଶ୍ୱ ବାଣିଜ୍ୟ ସଂଗଠନ (ଡବ୍ଲ୍ୟୁଟିଓ) ମଧ୍ୟ ଚେତାବନୀ ଦେଇଛି ଯେ ଯଦି ପରିସ୍ଥିତି ସମାନ ରହେ, ତେବେ ୨୦୨୫ରେ ବିଶ୍ୱ ବାଣିଜ୍ୟ ୦.୨% ହ୍ରାସ ପାଇପାରେ, ଯେତେବେଳେ କି ପୂର୍ବରୁ କାରବାରରେ ୨.୭% ଅଭିବୃଦ୍ଧି ଆକଳନ କରାଯାଇଥିଲା। ଭାରତ ଇରାନ ସହିତ ଐତିହାସିକ ଏବଂ ରଣନୈତିକ ସମ୍ପର୍କ ରହିଛି। ଛାବାହାର ବନ୍ଦର, ଯାହା ଭାରତକୁ ଆଫଗାନିସ୍ତାନ ଏବଂ ମଧ୍ୟ ଏସିଆକୁ ସିଧାସଳଖ ପ୍ରବେଶ ପ୍ରଦାନ କରେ।



# ଲାଲ୍‌ଚାନ୍ଦ୍‌ର ମନ୍‌ସୁନ୍ ସେଲ୍




ଭୁବନେଶ୍ୱର,୨୨।୬(ସମିସ): ଲାଲ୍‌ଚାନ୍ଦ ଜୁଏଲର୍ସ ଏହାର ଗ୍ରାହକମାନଙ୍କ ଲାଗି 'ମନ୍‌ସୂନ୍ ସେଲ୍' ଅଫର ଆଣିଛି। ଏଥିରେ ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ମେସିନ୍-ନିର୍ମିତ ସୁନା ଚେନ୍‌ରେ ଗଢ଼ା ମଜୁରୀ ଫ୍ଲାଟ୍ ୭୯୯ ଟଙ୍କା/ ଗ୍ରାମ୍ ରହିଛି। ସେହିପରି ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଡିଜାଇନର୍ ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୧୯୯ ଟଙ୍କା/ଗ୍ରାମ୍,ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଆଣ୍ଟିକ୍ ଏବଂ ଇଟାଲିଆନ୍ ଡିଜାଇନ୍‌ର ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୩୯୯ ଟଙ୍କା/ଗ୍ରାମ୍ ଏବଂ ରୁପା ଗହଣାର ଗଢ଼ା ମଜୁରୀରେ ଫ୍ଲାଟ୍ ୫୦% ରିଆତି ରହିଛି। ଏହାଛଡା ଲାଲ୍‌ଚାନ୍ଦ୍‌ର ମନ୍‌ସୂନ୍ ସେଲ୍‌ରେ ଗ୍ରାହକ ହୀରା ଅଳଙ୍କାର ଉପରେ ଫ୍ଲାଟ୍ ୨୦,୦୦୦ ଟଙ୍କା/କ୍ୟାରେଟ୍ ରିହାତି, ନିର୍ଦ୍ଦିଷ୍ଟ ହାତଘଣ୍ଟାର ଏମ୍‌ଆର୍‌ପି ଉପରେ ଫ୍ଲାଟ୍ ୨୦% ରିଆତି,ବ୍ରାଣ୍ଡେଡ୍ ସାମଗ୍ରୀ ଉପରେ ଫ୍ଲାଟ୍ ୧୫% ରିଆତି ରହିଛି। ଏତଦ୍‌ବ୍ୟତୀତ ପୁରୁଣା ଏଚ୍‌ୟୁଆଇଡି ସୁନା ଏକ୍ସଚେଞ୍ଜ୍‌ରେ ଗ୍ରାହକ ୧୦୦% ସୁନା ମୂଲ୍ୟ ପାଇପାରିବେ। ଆଗାମୀ ଲକ୍ଷପତି ଲକି ଡ୍ର' ଜୁଲାଇ ମାସରେ ଅନୁଷ୍ଠିତ ହେବ ବୋଲି ଲାଲ୍‌ଚାନ୍ଦ ଜୁଏଲର୍ସପକ୍ଷରୁ କୁହାଯାଇଛି।



# ଲ୍ୟାରି ଏଲିସନ୍ ବିଶ୍ୱର ଦ୍ୱିତୀୟ ଧନୀ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

- ଜେଫ୍ ବେଜୋସ, ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇଲେ
- ସମ୍ପତ୍ତି ୨୫୦.୯ ବିଲିୟନ୍ ଡଲାର



୮୦ ବର୍ଷ ବୟସରେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହେଲେ ଟେକ୍ନୋଲୋଜି କମ୍ପାନୀ ଓରାକଲ ପ୍ରତିଷ୍ଠାତା ଲ୍ୟାରି ଏଲିସନ୍। ସେ ଆମଜାନର ଜେଫ୍ ବେଜୋସ୍ ଏବଂ ମେଟାର ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଫର୍ଚ୍ୟୁନ ରିପୋର୍ଟ ଅନୁସାରେ ତାଙ୍କର ବିଜନେସ୍ ଷ୍ଟକ୍‌ରେ ୪୦ ମିଲିଅନ ଡଲାର ପର୍ଯ୍ୟନ୍ତ ବୃଦ୍ଧି ହୋଇଛି। ତାଙ୍କ ସମ୍ପତ୍ତି ମୂଲ୍ୟ ୨୫୦.୯ ବିଲିୟନ ଡଲାର ହୋଇଯାଇଛି। ଧନୀ ତାଲିକାରେ ଏଲିସନ୍ ବର୍ତ୍ତମାନ କେବଳ ଟେସଲା ସିଇଓ ଏଲନ ମସ୍କଙ୍କ ପଛରେ ରହିଛନ୍ତି। ମସ୍କ ୪୦୫.୮ ବିଲିୟନ ଡଲାର ସମ୍ପତ୍ତି ସହ ବିଶ୍ୱର ଏକ ନମ୍ବର ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନଙ୍କ ପାଖରେ କମ୍ପାନୀର ପ୍ରାୟ ୪୧ ପ୍ରତିଶତ ସେୟାର ଅଛି ଏବଂ ଓରାକେଲର ସେୟାର ବୃଦ୍ଧି ପାଇବା ପରେ, ତାଙ୍କ ସମ୍ପତ୍ତି ଗୋଟିଏ ଦିନରେ ୨୫ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତା›ପରେ ପୁଣିଥରେ ଆଉ ୧୬ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ଗତ ମଙ୍ଗଳବାର କମ୍ପାନୀ ଏହାର ଆୟ ରିପୋର୍ଟ ପ୍ରକାଶ କରିବାର ଗୋଟିଏ ଦିନ ପୂର୍ବରୁ, ଏଲିସନଙ୍କ ନେଟ୍ ସମ୍ପତ୍ତି ୨୧୩ ବିଲିୟନ ଡଲାର ଥିଲା। ଓରାକେଲର ଅଧ୍ୟକ୍ଷ ଏବଂ ଚିଫ୍ ଟେକ୍ନୋଲୋଜି ଅଫିସର ଲ୍ୟାରି ଏଲିସନ୍ ଅନ୍ୟମାନଙ୍କ ସହ ୧୯୭୭ ମସିହାରେ ଏକ ଡାଟାବେସ୍ ସଫ୍ଟୱେର୍ କମ୍ପାନୀ ଭାବରେ ଓରାକେଲ୍ ପ୍ରତିଷ୍ଠା କରିଥିଲେ। ସମୟ ଅନୁସାରେ ଏହି କମ୍ପାନୀ ବିଶ୍ୱସ୍ତରୀୟ କ୍ଲାଉଡ୍ କମ୍ପ୍ୟୁଟିଂର ପାୱାର ହାଉସରେ ପରିଣତ ହୋଇଥିଲା। ଯାହା ଏଲିସନ୍‌ଙ୍କୁ ବିଶ୍ୱର ୧୦ ଧନୀ ବ୍ୟକ୍ତି ତାଲିକାରେ ସାମିଲ୍ କରାଇଥିଲା। ହେଲେ ଏବେ ୮୦ ବର୍ଷ ବୟସରେ ସେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନ ନିଜର ରୋକ୍‌ଠୋକ୍ ବ୍ୟକ୍ତିତ୍ୱ ଓ ଅସାଧାରଣ ଜୀବନଶୈଳୀ ପାଇଁ ଜଣାଶୁଣା। ଜୀବନକୁ ବିଳାସପୂର୍ଣ୍ଣ କରିବାରେ ତାଙ୍କର ଅଧିକ ଖର୍ଚ୍ଚ ହୋଇଥାଏ। ଏଲିସନ ୨୦୧୨ରେ ହାୱାଇର ଷଷ୍ଠ ବୃହତମ ଦ୍ୱୀପ ଲାନାଇର ୯୮% ଏରିଆକୁ ପ୍ରାୟ ୩୦୦ ନିୟୁତ ଡଲାରରେ କିଣିଥିଲେ।

କେବଳ ସେତିକି ନୁହେଁ, ତାଙ୍କ ପାଖରେ ନିଜର ସ୍ୱତନ୍ତ୍ର ବିମାନ ରହିଥିବା ବେଳେ ପାଇଲଟ ଭାବରେ ଲାଇସେନ୍ସ ବି ଅଛି। ଏଲନ ମସଙ୍କର ସେ ଜଣେ ଭଲ ବନ୍ଧୁ ହୋଇଥିବା ବେଳେ ଟେସ୍‌ଲାରେ ସେ ବଡ଼ ନିବେଶ କରିଛନ୍ତି। ଏକଥା ସେ ନିଜେ କହିଥିଲେ। ତେବେ ସବୁଠାରୁ ବଡ଼ କଥା ହେଲା ଆଇଏମ୍‌ଏଫ୍ ଆକଳନ ଅନୁଯାୟୀ, ଏଲିସନଙ୍କ ମୋଟ ସମ୍ପତ୍ତି କେବଳ ଆରବପତିଙ୍କ ସମ୍ପତ୍ତିଙ୍କୁ ଟପି ନାହିଁ ବରଂ ଏହା କେତେକ ଦେଶର ମୋଟ ଜିଡିପିକୁ ମଧ୍ୟ ଅତିକ୍ରମ କରିଯାଇଛି।

## ଡିଜିସିଏର ସତର୍କବାଣୀ; ବଢୁଛି ଏୟାର୍ ଇଣ୍ଡିଆର ସମସ୍ୟା

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ପରେ ଏୟାର ଇଣ୍ଡିଆର ସମସ୍ୟା ଥମିବାର ନାଁ ନେଉନି। ଗୋଟିଏ ପଟେ ଏୟାର ଇଣ୍ଡିଆର ଉଡାଣ ବାତିଲ୍ ହେଉଛି ତ ଅନ୍ୟପଟେ ବୈଷୟିକ ତ୍ରୁଟି ଯୋଗୁ ଉଡାଣ ପୁନଃ କାର୍ଯ୍ୟସୂଚୀ ପ୍ରସ୍ତୁତ ହେଉଛି। ଏଣୁ ଏୟାର ଇଣ୍ଡିଆ ଏବେ ପରିଚାଳନାଗତ ସମସ୍ୟା ମଧ୍ୟରେ ଛନ୍ଦି ହୋଇଯାଇଛି। ଏଥିରେ ଏବେ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ସବୁଠୁ ବଡ଼ ଚେତାବନୀ ଜାରି କରିଛନ୍ତି। ଡିଜିସିଏ ଏୟାର ଇଣ୍ଡିଆକୁ ଚେତାବନୀ ଜାରି କରି କହିଛନ୍ତି ଯେ ଯଦି ବିମାନ ପରିଚାଳନାରେ ଏପରି ସମସ୍ୟା ଜାରି ରୁହେ ବେ ଆଗକୁ ଏୟାର ଲାଇନ୍ସର



ଲାଇସେନ୍ସ ବାତିଲ୍ କରାଯାଇ ପରେ। ନିୟାମକଙ୍କଠୁ ମିଳିଥିବା ଏହି ଚେତାବନୀ ଏୟାରଲାଇନ୍ସର ଭବିଷ୍ୟତକୁ ନେଇ ପ୍ରଶ୍ନ ଚିହ୍ନ ଲଗାଇଛି। ନିକଟରେ ଏୟାର ଇଣ୍ଡିଆ ୩ ବରିଷ୍ଠ ଅଧିକାରୀଙ୍କୁ ସେମାନଙ୍କ ପଦରୁ ହଟାଇଛି। ଏଥିରେ ଏୟାର ଇଣ୍ଡିଆର ଡିଭିଜନାଲ ଭାଇସ୍ ପ୍ରେସିଡେଣ୍ଟ କ୍ରୁ ସିଡ୍ୟୁଲିଂ ମ୍ୟାନେଜର ଓ କ୍ରୁ ସିଡ୍ୟୁଲିଂ ପ୍ଲାନିଂ ଅଫିସରଙ୍କୁ ସେମାନଙ୍କ ପଦରୁ ହଟାଇଯାଇଛି। ରିପୋର୍ଟ ଅନୁସାରେ ଏୟାର ଇଣ୍ଡିଆ ପାଇଲଟ ଡ୍ୟୁଟି ସିଡ୍ୟୁଲିଂ, ପରିଚଳନା ଏବଂ ଗମ୍ଭୀର ଉଲ୍ଲଂଘନ ଜଣାପଡିବା ପରେ ଡିଜିସିଏ ଏପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ବିମାନ ନିୟାମକ ସ୍ପଷ୍ଟ କରିଛନ୍ତି ଯେ ଫ୍ଲାଇଟ୍ ସିଡ୍ୟୁଲିଂ ଅଥବା ଉଡ଼ାଣ ସମୟ ସମ୍ପର୍କିତ କୌଣସି ନିୟମ ଉଲ୍ଲଂଘନ ମାମଲାରେ ଏବେ ଏୟାର ଇଣ୍ଡିଆ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯିବ । ଏହି କାର୍ଯ୍ୟାନୁଷ୍ଠାନରେ ଅପରେଟର ପରମିସନ ବାତିଲ୍ ବି ହୋଇପାରେ। କେବଳ ଏତିକି ନୁହେଁ ଡିଜିସିଏ ଏୟାର ଇଣ୍ଡିଆକୁ ୨୦୨୪ ବର୍ଷରେ କରାଯାଇଥିବା ସବୁ ଇନସ୍ପେକ୍ସନ ଓ ଅଡିଟ ବିବରଣୀ ତୁରନ୍ତ ପ୍ରଦାନ କରିବାକୁ କହିଛନ୍ତି। ସେହିପରି ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣା ପରେ ଡିଜିସିଏ ଦେଶର ପୁରା ବିମାନ ଚଳାଚଳ ପ୍ରଣାଳୀର ୩୬୦ ଡିଗ୍ରି ସ୍କାନିଂ ଆଦେଶ ଦେଇଛନ୍ତି। ଏଥିରେ ବିମାନ ଉଡ଼ାଣ ସଞ୍ଚାଳନ, ରକ୍ଷଣାବେକ୍ଷଣ, ଲାଇସେନ୍ସିଂ, ସୁରକ୍ଷା ପ୍ରବନ୍ଧନ, ପ୍ରଶିକ୍ଷଣ ସଂସ୍ଥାନ, ଏମଆରଓରୁ ଆରମ୍ଭ କରି ଏଟିସି ପର୍ଯ୍ୟନ୍ତ ପୁରା ଯାଞ୍ଚ ହେବ।

## ଡକ୍ଟର ଶିବ ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘର ସହାଧ୍ୟକ୍ଷ ନିର୍ବାଚିତ



ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ହିନ୍ଦୁସ୍ତାନ ଉର୍ବାରକ ଏବଂ ରସାୟନ ଲିମିଟେଡ୍ (ଏଚ୍‌ୟୁଆର୍‌ଏଲ୍)ର ପରିଚାଳନା ନିର୍ଦ୍ଦେଶକ ଡକ୍ଟର ସିବା ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘ(ଏଫ୍‌ଏଆଇ)ର ସହାଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। ଏ ନେଇ ଏଚ୍‌ୟୁଆର୍‌ଏଲ୍ ପକ୍ଷରୁ ଘୋଷଣା କରାଯାଇଛି। ଏହି ସମ୍ମାନଜନକ ନିଯୁକ୍ତି ସାର କ୍ଷେତ୍ରରେ ସ୍ଥାୟୀ କୃଷି ଏବଂ ନବସୃଜନକୁ ପ୍ରୋତ୍ସାହିତ କରିବାରେ ଡକ୍ଟର ମହାନ୍ତିଙ୍କ ନିରନ୍ତର ନେତୃତ୍ୱକୁ ପ୍ରତିଫଳିତ କରୁଛି। ଏହି ପ୍ରମୁଖ ଭୂମିକାରେ ତାଙ୍କର ନିର୍ବାଚିତ ହେବା ଶିଳ୍ପ ମଧ୍ୟରେ ଗଭୀର ସହଯୋଗ ଏବଂ ରଣନୈତିକ ଅଭିବୃଦ୍ଧି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ସହାଧ୍ୟକ୍ଷ ଭାବରେ ଡକ୍ଟର ମହାନ୍ତି ରାଷ୍ଟ୍ର ପାଇଁ ସନ୍ତୁଳିତ ସାର ବ୍ୟବହାର, ନୀତିଗତ ସମର୍ଥନ ଏବଂ ଖାଦ୍ୟ ସୁରକ୍ଷାର ମିଶନକୁ ଆଗକୁ ବଢ଼ାଇବା ପାଇଁ ଏଫ୍‌ଏଆଇ ସଦସ୍ୟ କମ୍ପାନୀଗୁଡ଼ିକ ସହିତ କାମ କରିବେ।

# ୨୦୨୪-୨୫ରେ ୨.୨୩ ଲକ୍ଷ କୋଟିର ଜିଏସ୍‌ଟି ଚୋରି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

### ତଦନ୍ତ ନିର୍ଦ୍ଦେଶ ଦେଲେ ଅର୍ଥମନ୍ତ୍ରୀ




କେନ୍ଦ୍ରୀୟ ପରୋକ୍ଷ ଟିକସ ଏବଂ ସୀମା ଶୁଳ୍କ ବୋର୍ଡ (ସିବିଆଇସି) ୨୦୨୪-୨୫ରେ୨.୨୩ ଲକ୍ଷ କୋଟି ଟଙ୍କାର ସାମଗ୍ରୀ ଏବଂ ସେବା ଟିକସ (ଜିଏସ୍‌ଟି) ଠକେଇ ଚିହ୍ନଟ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ସିବିଆଇସି ସମ୍ମିଳନୀରେ ଦିଆଯାଇଥିବା ସରକାରୀ ତଥ୍ୟରେ ଏହା ପ୍ରକାଶ ପାଇଛି। ଏହାପରେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏହି ଘଟଣାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

ସମ୍ମିଳନୀରେ ଅଧ୍ୟକ୍ଷତା କରି ଅର୍ଥମନ୍ତ୍ରୀ ସୀମା ଶୁଳ୍କ ଏବଂ ସିଜିଏସ୍‌ଟି ମାମଲାର ତଦନ୍ତ ଶୀଘ୍ର ସମାପ୍ତ କରିବାକୁ, ଟିକସ ଠକେଇ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏବଂ ଜିଏସ୍‌ଟି ପଞ୍ଜିକରଣ ଏବଂ ଅଭିଯୋଗ ସମାଧାନରେ ସମୟୋଚିତ ଉନ୍ନତି ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି। ୨୦୨୩ ଆର୍ଥିକବର୍ଷରେ ପ୍ରାୟ ୬୨.୨୧ ପ୍ରତିଶତ ଜିଏସ୍‌ଟି ଦାତାଙ୍କ ଅଡିଟ୍ କରାଯାଇଥିଲା ଏବଂ ୨୦୨୫ ଆର୍ଥିକ ବର୍ଷରେ ଏହି ସଂଖ୍ୟା ୮୮.୬୪ ପ୍ରତିଶତକୁ ବୃଦ୍ଧି ପାଇଛି। ଅଧିକାରୀମାନେ କହିଛନ୍ତି ଯେ ତିନି ବର୍ଷରେ କୌଣସି କରଦାତାଙ୍କର ଏକାଧିକ ଥର ଅଡିଟ୍ କରାଯାଇନାହିଁ। ରିଫଣ୍ଡରେ ଉନ୍ନତି ବିଷୟରେ ସୂଚନା ଦେଇ କୁହାଯାଇଥିଲା ଯେ ୬୦ ଦିନର ନିର୍ଦ୍ଧାରିତ ଅବଧି ମଧ୍ୟରେ ୮୫ ପ୍ରତିଶତ ଦାବି ସମାଧାନ କରାଯାଇଛି। ୨୦୨୪-୨୫ ମଧ୍ୟରେ ଜିଏସ୍‌ଟିଆର୍-୩ବି ରିଟର୍ଣ୍ଣ ଦାଖଲ କରିବାର ଜାତୀୟ ହାର ୯୪.୩ ପ୍ରତିଶତ ଥିଲା। ଏହି ସମୟରେ, ଅଭିଯୋଗ ସମାଧାନରେ ମଧ୍ୟ ଉନ୍ନତି ଦେଖାଯାଇଛି ଏବଂ ହାରାହାରି ସମାଧାନ ସମୟ ନିର୍ଦ୍ଧାରିତ ୨୧ ଦିନରୁ ହ୍ରାସ ପାଇ ୯ ଦିନ ହୋଇଛି। ବିଜ୍ଞପ୍ତିରେ କୁହାଯାଇଛି, କେନ୍ଦ୍ରୀୟ ସାର୍ବଜନୀନ ଅଭିଯୋଗ ସମାଧାନ ଏବଂ ମନିଟରିଂ ସିଷ୍ଟମ ଉପରେ ୯୫ ରୁ ୯୭ ପ୍ରତିଶତ ଆବେଦନ ୩୦ ଦିନ ମଧ୍ୟରେ ସମାଧାନ କରାଯାଉଛି, ଯାହା ଏକ ଉତ୍କୃଷ୍ଟ ପ୍ରଦର୍ଶନ। ଏହି ପ୍ରଦର୍ଶନ ଗତ ବର୍ଷ ଫେବୃଆରୀଠାରୁ ଏହି ସିଷ୍ଟମରେ ରାଙ୍କିଙ୍ଗରେ ୯୦ ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ମଧ୍ୟରେ ସିବିଆଇସିକୁ ଶୀର୍ଷ ପାଞ୍ଚଟି ସ୍ଥାନରେ ପହଞ୍ଚାଇଛି। ସୀତାରମଣ ବିଭାଗକୁ କରଦାତା ଏବଂ ବାଣିଜ୍ୟ ସଂଗଠନ ମଧ୍ୟରେ ସଚେତନତା ଅଭିଯାନ ବୃଦ୍ଧି କରିବାକୁ କହିଛନ୍ତି। ବିଶେଷକରି ଜିଏସ୍‌ଟି ପଞ୍ଜିକରଣ ପାଇଁ ଆବଶ୍ୟକୀୟ ଡକ୍ୟୁମେଣ୍ଟ ଉପରେ ଅର୍ଥମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି । ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ । ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ । କ୍ଷମତା ଉପରେ ଭରସା ରଖନ୍ତୁ । ବୈବାହିକ ଜୀବନ ସୁଖମୟ ହେବ ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ । ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ । ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ । ନିଜକୁ କମଜୋର ଭାବନ୍ତୁ ନାହିଁ । ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ । ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ । ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ । ପାରିବାରିକ ସୁଖ ଶାନ୍ତି ମିଳିବ । ଯାନବାହନ କ୍ରୟ କରିପାରନ୍ତି ।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ । ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି । ଜୀବନସାଥିଙ୍କ ସହଯୋଗ ଲୋଡ଼ିବେ । ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ । ରାଜନେତାଙ୍କ ପାଇଁ ଭଲ ସମୟ ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ । ଧନପ୍ରାପ୍ତି ଯୋଗ ରହିଛି । ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ । କିଣା-ବିକାରେ ସମୟ ବିତିବ । ବୈବାହିକ ଜୀବନ ସୁଖମୟ ହେବ ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ । ଆୟ ଅନୁସାରେ ବ୍ୟୟ କମ୍ ହେବ । ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି । ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ । ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ । ଅକସ୍ମାତ ଖୁସି ଖବର ପାଇବେ । ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ । ବ୍ୟବସାୟରୁ ଲାଭ ପାଇବେ । କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ । ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ । ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ । ସାମାଜିକ କାର୍ଯ୍ୟରେ ସାମିଲ ହେବେ ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି । ଅଧିକ ଚିନ୍ତା କରନ୍ତୁନି । ନୂତନ ବ୍ୟବସାୟ ଆରମ୍ଭ କରିପାରିବେ । ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । ମହିଳାମାନେ ଧର୍ମପରାୟଣା ହେବେ । କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ । ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ । ପରିବାର ସହିତ କିଛି ସମୟ ବିତାନ୍ତୁ । କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି । ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି । ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ । ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ । ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି । ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ । ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ । ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି ।

## ଆଜିର ଇତିହାସ

- ୧୭୬୧- ମହାନ ମରାଠା ପେଶୱା ବାଲାଜୀ ବାଜିରାଓଙ୍କ ବିୟୋଗ ।
- ୧୯୫୩- ଭାରତୀୟ ଜନସଂଘର ସଂସ୍ଥାପକ ଡ.ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଦେହାନ୍ତ ।
- ୧୯୮୦- ଇନ୍ଦିରା ଗାନ୍ଧୀଙ୍କ ପୁତ୍ର ସଞ୍ଜୟ ଗାନ୍ଧୀଙ୍କ ବିମାନ ଦୁର୍ଘଟଣାରେ ମୃତ୍ୟୁ ।
- ୧୯୯୪-ଉତ୍ତର କୋରିଆ ପରମାଣୁ କାର୍ଯ୍ୟକ୍ରମ ସ୍ଥଗିତ ରଖିବା ପାଇଁ ଘୋଷଣା କଲା ।
- ୨୦୧୬- ବ୍ରିଟେନବାସୀ ୟୁରୋପୀୟ ସଂଘରୁ ଅଲଗା ହେବା ସପକ୍ଷରେ ଭୋଟ୍ ଦେଲେ ।

## ପାଞ୍ଚ ମିନିଟ୍‌ରେ ଖାଇଲେ ୩୨ଟି ଆମ୍ବ



ସାମାଜିକ ଗଣମାଧ୍ୟମରେ ଅନେକ ସମୟରେ ଫୁଡ୍ ଚ୍ୟାଲେଞ୍ଜର ଭିଡିଓଗୁଡ଼ିକ ଭାଇରାଲ ହୋଇଥାଏ । ଏହି କ୍ରମରେ ବିହାରର ଇଶାନ କୁମାର ମାତ୍ର ପାଞ୍ଚ ମିନିଟ୍‌ରେ ୩୨ଟି ଆମ୍ବ ଖାଇ ଏବେ ଚର୍ଚ୍ଚାରେ ରହିଛନ୍ତି । ବିହାର, ମଧୁବନି ଜିଲ୍ଲାର ସରସୋପାହି ଗାଁ ସ୍ଥିତ ସାର୍ ଗଙ୍ଗାନାଥ ଝା ପାଠାଗାରରେ ପ୍ରତିବର୍ଷ 'ମିଥିଳା ଆମ୍ବ ଉତ୍ସବ' ଆୟୋଜିତ ହୋଇଥାଏ । ପ୍ରତିବର୍ଷ ପରି ଚଳିତବର୍ଷ ମଧ୍ୟ ଏହି ଉତ୍ସବକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମନରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା । 'ଆମ୍ବ ଖାଅ ପ୍ରତିଯୋଗିତା'ରେ ଛୋଟ ପିଲାଠୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସମସ୍ତେ ଅଂଶଗ୍ରହଣ କରିଥିଲେ । ଚଳିତବର୍ଷ ଏହି ଆୟୋଜନରେ ଭାଗ ନେଇଥିବା ପ୍ରତିଯୋଗୀଙ୍କ ମଧ୍ୟରୁ ଇଶାନ କୁମାର ମାତ୍ର ୫ମିନିଟ୍ ମଧ୍ୟରେ ୩୨ ଟି ଆମ୍ବ ଖାଇ ପ୍ରଥମ ସ୍ଥାନ ଅଧିକାର କରିଥିଲେ । ସେହିଭଳି ରାଜେଶ ମଣ୍ଡଳ ପାଞ୍ଚ ମିନିଟ୍‌ରେ ୨୬ଟି ଆମ୍ବ ଖାଇ ଦ୍ୱିତୀୟ ସ୍ଥାନରେ ଏବଂ ହର୍ଷ ନାଥ ଝା ୫ ମିନିଟ୍ ୨୨ଟି ଆମ୍ବ ଖାଇ ତୃତୀୟ ସ୍ଥାନ ଅଧିକାର କରିଥିଲେ । ବିଜେତାମାନଙ୍କୁ ପୁରସ୍କାର ଦିଆଯାଇ ସମ୍ମାନିତ କରାଯାଇଥିଲା । ତେବେ ମିଥିଳାରେ ଆୟୋଜିତ ହେଉଥିବା ଏହି ଉତ୍ସବ ପାଇଁ ବିଭିନ୍ନ ସ୍ଥାନରୁ ଆମ୍ବର ଭିନ୍ନ ଭିନ୍ନ କିସମ ଅଣାଯାଇଥାଏ । ଏହାବାଦ୍ ସ୍ଥାନୀୟ ଚାଷୀଙ୍କଠାରୁ ଆମ୍ବ କିଣାଯାଇ ଏହାକୁ ଉତ୍ସବରେ ପ୍ରଦର୍ଶନ କରାଯାଇଥାଏ । ଡିଜିଟାଲ ଦୁନିଆରୁ ଲୋକଙ୍କୁ କିଛି ସମୟ ବାହାର କରି ଆଣିବା ତଥା ପରମ୍ପରାଗତ ଖାଦ୍ୟକୁ ପ୍ରୋତ୍ସାହନ ଦେବା ନିମନ୍ତେ ଏହି ଉତ୍ସବର ଆୟୋଜନ କରାଯାଉଥିବା ଏହାର ଆୟୋଜକମାନେ କହିଛନ୍ତି ।

## କିଆରାଙ୍କ ପାଇଁ ଯଶ୍ ନେଲେ ଏହି ନିଷ୍ପତ୍ତି





ବଲିଉଡ୍ ଅଭିନେତ୍ରୀ କିଆରା ଆଡ଼ଭାନୀ ଏବେ ଗର୍ଭବତୀ ଥିବାରୁ କିଛି ଫିଲ୍ମରୁ ସେ ବାଦ୍ ପଡ଼ି ଯାଇଛନ୍ତି । 'ଡନ୍-୩'ରୁ ସେ ବାଦ୍ ପଡ଼ିବା ପରେ ଏବେ ତାଙ୍କ ବଦଳରେ ଏଥିରେ କ୍ରିତି ସାନନ୍ ନଜର ଆସିବେ । ଏହାବାଦ୍ କିଆରା ସାଉଥ୍ ସୁପରଷ୍ଟାର୍ ଯଶ୍‌ଙ୍କ ସହ 'ଟକ୍ସିକ୍' ଫିଲ୍ମରେ ନଜର ଆସିବେ । ଏହି ଫିଲ୍ମର କିଛି ଅଂଶ ସୁଟ୍ କରାଯାଇଥିଲେ ବି ଅଧାରୁ ଅଧିକ ସୁଟିଂ ବାକି ଅଛି । ତେବେ ଯଶ୍, କିଆରା ଗର୍ଭବତୀ ଥିବା କଥା ଜାଣି ଫିଲ୍ମକୁ ନେଇ ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି । ଫିଲ୍ମର ସୁଟିଂ ବେଙ୍ଗାଲୁରୁରେ ହେଉଥିଲା । ଯଶ୍ କିଆରାଙ୍କ ପାଇଁ ଏବେ ଏହାର ସେଟ୍ ମୁମ୍ବାଇରେ କରିବାକୁ ନିର୍ଦ୍ଦେଶକ ଗୀତୁ ମୋହନଦାସ ଓ ପ୍ରଯୋଜକ ଭେଙ୍କଟ କେ. ନାରାୟଣଙ୍କୁ ଅନୁରୋଧ କରିଛନ୍ତି । କିଆରାଙ୍କୁ ଯେମିତି ଯାତ୍ରା କରିବା ଯୋଗୁଁ କୌଣସି ଅସୁବିଧା ନ ହେବ ଯଶ୍ ଏପରି କରିଥିବା ଜଣାପଡ଼ିଛି । ଏହା ୧୯ ମାର୍ଚ୍ଚ, ୨୦୨୬ରେ ରିଲିଜ୍ ହେବ । ଏହି ଆକ୍ସନ-ଆଡଭେଞ୍ଚର ଫିଲ୍ମରେ ହୁମା କ୍ୟୁରେସି, ତାରା ସୂତାରିଆ, ଅକ୍ଷୟ ଓବରୟ ମଧ୍ୟ ନଜର ଆସିବେ । ଏହି ଫିଲ୍ମ ହିନ୍ଦୀ ବ୍ୟତୀତ କନ୍ନଡ଼, ଇଂରାଜୀ ସହ ଅନ୍ୟ ଛଅଟି ଭାଷାରେ ରିଲିଜ୍ ହେବ । ଫିଲ୍ମର ପୋଷ୍ଟର୍‌ରେ ଯଶ୍‌ଙ୍କ ଲୁକ୍ ଦେଖି ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି ।

## ମରିବା ପୂର୍ବରୁ ମାଛ ଯନ୍ତ୍ରଣାରେ ଛଟପଟ ହୁଏ



ପ୍ରତିଦିନ ମଣିଷଙ୍କ ଖାଇବା ପାଇଁ ଲକ୍ଷ ଲକ୍ଷ ସଂଖ୍ୟକ ମାଛ ମରାଯାଏ । ମାଛ ମରିବା ପୂର୍ବରୁ ଭୀଷଣ ଯନ୍ତ୍ରଣାରେ ଛଟପଟ ହୋଇଥାଏ ବୋଲି ନିକଟରେ ଏକ ଗବେଷଣାରୁ ପ୍ରକାଶ ପାଇଛି । କେତେକ ମାଛ ମରିବା ପୂର୍ବରୁ ୨-୨୦ ମିନିଟ୍ ପର୍ଯ୍ୟନ୍ତ ଅସହ୍ୟ ଯନ୍ତ୍ରଣାରେ ଛଟପଟ ହୋଇଥାନ୍ତି ବୋଲି ଏହି ଗବେଷଣାରେ କୁହାଯାଇଛି । ତେବେ ଏହି ଗବେଷଣା ରେନ୍‌ବୋ ଟ୍ରାଉଟ୍ ନାମକ ମାଛ ଉପରେ କରାଯାଇଥିଲା । ଏହି ମାଛକୁ ମାରିବା ପାଇଁ ଏୟାର ଆସ୍‌ଫିକ୍‌ସିଏସନ (ଶ୍ୱାସରୁଦ୍ଧ କରି ମାରିବା) ପଦ୍ଧତିର ସାହାଯ୍ୟ ନିଆଯାଇଥିଲା । ଉକ୍ତ ପ୍ରକ୍ରିୟାରେ ପ୍ରଥମେ ମାଛକୁ ପାଣିରୁ ବାହାର କରାଯାଏ । ଏହାପରେ ମାଛଗୁଡ଼ିକୁ ପବନରେ ଛାଡ଼ି ଦିଆଯାଏ । ଏହି ପ୍ରକ୍ରିୟାରେ ଧୀରେ ଧୀରେ ଅମ୍ଳଜାନ ଅଭାବରୁ ମାଛଟି ଶ୍ୱାସରୁଦ୍ଧ ହୋଇ ମରିଯାଏ । ସେହିପରି ପବନରେ ମାଛଟି କେବଳ ଗୋଟିଏ ମିନିଟ୍ ରହିବା ପରେ ହିଁ ତା'ର ଶରୀରରେ ପ୍ରତିକ୍ରିୟା ଆରମ୍ଭ ହୋଇଯାଏ । ଏହାଦ୍ୱାରା ମାଛର ଯନ୍ତ୍ରଣା ବୃଦ୍ଧି ପାଏ ଏବଂ ଏହା ୨-୨୦ ମିନିଟ୍ ପର୍ଯ୍ୟନ୍ତ ଚାଲେ । ଏହି କାରଣ ଯୋଗୁଁ ମାଛକୁ ଅସହନୀୟ ଯନ୍ତ୍ରଣା ସହିବାକୁ ପଡ଼ିଥାଏ । ସେହିପରି କିଛି ସ୍ଥାନରେ ମାଛକୁ ମାରିବା ପୂର୍ବରୁ ବରଫରେ ରଖାଯାଏ । ହେଲେ ଏହି ଉପାୟ ଅତ୍ୟନ୍ତ ଯନ୍ତ୍ରଣାଦାୟକ । ବରଫରେ ମାଛର ମେଟାବଲିଜିମ୍ ଧୀମା ହୋଇଯାଏ । ଏହାଦ୍ୱାରା ସେମାନେ ଚେତାଶୂନ୍ୟ ହେବା ଲାଗି ଅଧିକ ସମୟ ଲାଗେ । ଫଳରେ ସେମାନଙ୍କର ଯନ୍ତ୍ରଣା ସହିବା ସମୟ ଅଧିକ ହୋଇଯାଏ । ସେହିପରି ଏହି ଗବେଷଣାରେ ଏହାର ସମାଧାନ ସମ୍ପର୍କରେ ବି କୁହାଯାଇଛି । ଇଲେକଟ୍ରିକ୍ ଷ୍ଟନିଂ (ବିଦ୍ୟୁତ୍ ଅଚେତନ ବିଧି) କୁ ଆପଣାଇବା ଦ୍ୱାରା ମାଛର ଯନ୍ତ୍ରଣା କମ୍ ହୋଇଥାଏ ବୋଲି ଏଥିରେ କୁହାଯାଇଛି । ତେବେ ଏହି ଗବେଷଣା ସମୟରେ ଗବେଷକମାନେ ୱେଲଫେୟାର୍ ଫୁଟ୍‌ପ୍ରିଣ୍ଟ ଫ୍ରେମ୍‌ୱାର୍କ ନାମକ ଏକ ବୈଜ୍ଞାନିକ ପଦ୍ଧତିର ସାହାଯ୍ୟ ନେଇଥିଲେ । ଏହାଦ୍ୱାରା ପ୍ରତି ମିନିଟ୍‌ର ଯନ୍ତ୍ରଣାକୁ ଆକଳନ କରାଯାଏ । ତେବେ ଏହି ଗବେଷଣା ମାଛମାନଙ୍କ ପ୍ରତି ମାନବୀୟ ବ୍ୟବହାର ପ୍ରଦର୍ଶନ ପାଇଁ ଆହ୍ୱାନ ସୃଷ୍ଟି କରିଛି ।



## ଘୋଷ ଯାତ୍ରା

**ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିରେ ପାଳିତ ହୁଏ ରଥଯାତ୍ରା । ଏହାକୁ 'ଘୋଷ ଯାତ୍ରା', 'ଶ୍ରୀଗୁଣ୍ଡିଚା ଯାତ୍ରା', 'ପତିତପାବନ ଯାତ୍ରା', 'ଆଡ଼ପମଣ୍ଡପ ଯାତ୍ରା', 'ଦଶାବତାର ଯାତ୍ରା' ବୋଲି ମଧ୍ୟ କୁହାଯାଏ । ଓଡ଼ିଶାର ମୁଖ୍ୟ ଯାତ୍ରା ଭାବେ ପୁରୀ ରଥଯାତ୍ରା ବିଶ୍ୱ ପ୍ରସିଦ୍ଧ । ସେହିପରି ଏହା ଜଗନ୍ନାଥ ମନ୍ଦିରରେ ପାଳିତ ଦ୍ୱାଦଶ ଯାତ୍ରା ମଧ୍ୟରେ ପ୍ରଧାନ । ଏହା ପୁରୀ ବ୍ୟତୀତ ବିଭିନ୍ନ ସ୍ଥାନରେ ପାଳିତ ହେଉଛି ।**


ମହାପ୍ରଭୁ ଶ୍ରୀଜଗନ୍ନାଥ ବର୍ଷକୁ ଥରେ ରତ୍ନସିଂହାସନ ଛାଡ଼ି ଭକ୍ତଗହଣକୁ ରଥଯାତ୍ରା ଦିନ ଆସନ୍ତି । ରତ୍ନବେଦୀ ଛାଡି ଜନ୍ମବେଦୀକୁ ନବଦିନାତ୍ମକ ଯାତ୍ରାରେ ଯାଇଥାନ୍ତି ଚତୁର୍ଦ୍ଧାମୂର୍ତ୍ତି । ଘଣ୍ଟଘଣ୍ଟା, ଭଜନ କୀର୍ତ୍ତନ କାହାଳିରେ ଝୁଲି ଝୁଲି ଆସି ରଥାରୁଢ଼ ହୋଇଥାନ୍ତି ଶ୍ରୀଜୀଉ । ଏହି ଦିନ ଘଣ୍ଟ, ଶଙ୍ଖ ବାଦରେ ବଡ଼ଦାଣ୍ଡ ପ୍ରକମ୍ପିତ ହୁଏ । ଶ୍ରୀମନ୍ଦିରରୁ ପହଣ୍ଡି ହୋଇ ତିନି ରଥରେ ଶ୍ରୀବିଗ୍ରହ ବିଜେ କରନ୍ତି । ସେହିପରି ରଥ ଉପରେ ମହାପ୍ରଭୁଙ୍କ ଦର୍ଶନ ସହ ରଥ ଟାଣିବାକୁ ଉତ୍କଣ୍ଠାର ସହ ଭକ୍ତମାନେ ଚାହିଁଥାନ୍ତି ।

## ମେହେନ୍ଦି ଲଗାଇବାର ମହତ୍ତ୍ୱ

**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଆଷାଢ଼ ମାସରେ ମେହେନ୍ଦି ଲଗାଇବାର ବିଶେଷ ମହତ୍ତ୍ୱ ଅଛି । ମୁଖ୍ୟତଃ ଏହି ମାସରେ ପାଣିପାଗରେ ପରିବର୍ତ୍ତନ ଦେଖାଦିଏ । ଏଣୁ ଏହି ସମୟରେ ମେହେନ୍ଦି ଲଗାଇଲେ ଏହା ଶରୀରକୁ ଶୀତଳତା ପ୍ରଦାନ କରିବା ସହ ମନକୁ ଶାନ୍ତ ରଖେ ।**

ଆଷାଢ଼ ମାସରେ ମେହେନ୍ଦି ରଙ୍ଗ ଯେତେ ଗାଢ଼ ହେବ, ଏହା ସେତିକି ଶୁଭ ହୋଇଥାଏ ବୋଲି ବିଶ୍ୱାସ ରହିଛି । ଏହି ରଙ୍ଗ କେବଳ ହାତକୁ ସୁନ୍ଦର କରି ନ ଥାଏ, ଏହାର ସମ୍ବନ୍ଧ ଗ୍ରହ ସହ ବି ଜଡ଼ିତ ଥାଏ । ଜାତକରେ ମଙ୍ଗଳ ଓ ଶୁକ୍ର ଗ୍ରହକୁ ଶାନ୍ତ କରିବା ଲାଗି ମେହେନ୍ଦି ଲଗାଇବା ଶୁଭ । କାରଣ ମଙ୍ଗଳ ଗ୍ରହ ଶକ୍ତି ଓ କ୍ରୋଧ ସହ ସମ୍ବନ୍ଧିତ ଥିବା ବେଳେ ଶୁକ୍ର ଗ୍ରହ ପ୍ରେମ ଏବଂ ସମ୍ପର୍କ ସହ ଜଡ଼ିତ । ତେଣୁ ମେହେନ୍ଦି ଲଗାଇବା ଦ୍ୱାରା ଏହି ଦୁଇ ଗ୍ରହ ସନ୍ତୁଳନରେ ରହେ ।

କୁହାଯାଏ, ବିବାହିତା ମହିଳା ଆଷାଢ଼ରେ ମେହେନ୍ଦି ଲଗାଇଲେ ବୈବାହିକ ଜୀବନ ସୁଖମୟ ହୋଇଥାଏ । ଘରେ ଶାନ୍ତି ବଜାୟ ରହେ । ସେହିପରି ମାନ୍ୟତା ଅଛି, ସନ୍ତାନ ପ୍ରାପ୍ତି ଲାଗି ମେହେନ୍ଦି ଲଗାଇବା ଶୁଭ । ଆଷାଢ଼ ମାସରେ ଭଗବାନ ବିଷ୍ଣୁଙ୍କ ପୂଜାର ବିଶେଷ ମହତ୍ତ୍ୱ ଅଛି । ଏହି ମାସରେ ଦେବଶୟନ ଏକାଦଶୀ ବ୍ରତ ପାଳନ କରାଯାଏ । ଏହି ଅବସରରେ ମେହେନ୍ଦି ଲଗାଇବା ଭଲ । ଏହି ସମୟରେ ଭଗବାନ ବିଷ୍ଣୁ ଶୟନ ଅବସ୍ଥାରେ ଥାନ୍ତି । ଏହି ସମୟରେ ଭଗବାନ ବିଷ୍ଣୁଙ୍କୁ ମେହେନ୍ଦି ଅର୍ପଣ କରିବା ଶୁଭ । ଜାତକରେ ନକାରାତ୍ମକ ପ୍ରଭାବ ଅନୁଭୂତ ହେଉଥିଲେ ମେହେନ୍ଦି ଲଗାଇବା ଶୁଭ । ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ମେହେନ୍ଦି ଲଗାଇବାର ଉତ୍ତମ ଦିନ ହେଉଛି ବୁଧବାର ଓ ଶୁକ୍ରବାର ।




## ଜନ୍ମବାରରୁ ବ୍ୟକ୍ତିତ୍ୱ



**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଜାତକ, ରାଶି, ଜନ୍ମତିଥିରୁ ଯେଭଳି ଜଣକ ବ୍ୟକ୍ତିତ୍ୱ ଓ ସ୍ୱଭାବ ସମ୍ପର୍କରେ ଜାଣି ହୁଏ । ଠିକ୍ ସେହିପରି ଜନ୍ମବାରରୁ ଜଣଙ୍କ ସ୍ୱଭାବ ଓ ବ୍ୟବହାର ବାବଦରେ ଜାଣିବା ସମ୍ଭବ । ଏହି କ୍ରମରେ କେଉଁ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିଙ୍କ ସ୍ୱଭାବ କିଭଳି ହୋଇଥାଏ, ସେ ସମ୍ପର୍କରେ ଜାଣିବା ।**

**ରବିବାର:** ରବିବାର ଜନ୍ମଗ୍ରହଣ କରିଥିବା ବ୍ୟକ୍ତି ଭାଗ୍ୟଶାଳୀ ହୋଇଥାନ୍ତି । ସେମାନଙ୍କଠାରେ ଛୋଟ ପିଲାଙ୍କଠାରୁ ଆରମ୍ଭ କରି ପ୍ରାଣୀଙ୍କୁ ମଧ୍ୟ ନିଜ ପ୍ରତି ଆକର୍ଷିତ କରିବାର କଳା ଥାଏ । ସେହିପରି ଏଭଳି ଲୋକେ ସହଜରେ ସାଙ୍ଗସାଥୀ ଓ ପରିବାର ସଦସ୍ୟଙ୍କୁ ପ୍ରଭାବିତ କରିପାରନ୍ତି । ମୁକ୍ତ ଚିନ୍ତାଧାରାର ହୋଇଥିବା ବେଳେ ସ୍ୱାଧୀନତାକୁ ଭଲପାଆନ୍ତି । ସେହିପରି ଥରେ ଯାହା ନିର୍ଣ୍ଣୟ ନେଇଥାନ୍ତି, ସେମାନେ ସେହି କାମ କରନ୍ତି ।

**ସୋମବାର:** ଏହି ବାରରେ ଜନ୍ମିତ ବ୍ୟକ୍ତି ସ୍ୱଭାବରେ ଯତ୍ନବାନ ହୋଇଥାନ୍ତି । ଲୋକଙ୍କୁ ସୁରକ୍ଷିତ ଓ ସହଜ ଅନୁଭବ କରାଇବାକୁ ସେମାନେ ଭଲପାଆନ୍ତି । ଲୋକଙ୍କ ସହ ସହଜରେ ମିଶି ଯାଆନ୍ତି । ତେଣୁ ଲୋକଙ୍କଠାରୁ ଦୂରେଇବା କଷ୍ଟକର ହୁଏ । ଘରେ ରହିବାକୁ ଭଲପାଆନ୍ତି ଏବଂ ଘରେ ହିଁ ସେମାନେ ବାସ୍ତବିକ ଶାନ୍ତିକୁ ଅନୁଭବ କରନ୍ତି ।

**ମଙ୍ଗଳବାର:** ଯେଉଁ ବ୍ୟକ୍ତି ମଙ୍ଗଳବାର ଜନ୍ମଗ୍ରହଣ କରିଥାନ୍ତି, ସେମାନେ ଉର୍ଜାବାନ ହୋଇଥାନ୍ତି । ସବୁବେଳେ କିଛି ନୂଆ କରିବାକୁ ପ୍ରସ୍ତୁତ ଥାନ୍ତି । ଏଭଳି ଲୋକଙ୍କ ଗୋଡ଼ ହଲାଇବା ଅଭ୍ୟାସ ଥାଏ । ତେବେ ନୂଆ ଜିନିଷ ସନ୍ଧାନ କରିବାକୁ ପସନ୍ଦ କରନ୍ତି ଏବଂ ବୁଝି ବିଚାରି କଥା କୁହନ୍ତି ।

**ବୁଧବାର:** ଯେଉଁମାନେ ବୁଧବାରରେ ଜନ୍ମ ହୋଇଥାନ୍ତି, ସେମାନେ ଯୋଗାଯୋଗ ମାମଲାରେ କୁଶଳୀ ହୋଇଥାନ୍ତି । ଏଭଳି ବ୍ୟକ୍ତିଙ୍କଠାରେ କଥା ମାଧ୍ୟମରେ ଅନ୍ୟକୁ ସହଜରେ ପ୍ରଭାବିତ କରିବାର କ୍ଷମତା ଥାଏ । ବେବେଳେବେଳେ ବେପରୁଆ ମନୋଭାବ ଦେଖାନ୍ତି । ଭ୍ରମଣ ପ୍ରିୟ ହୋଇଥିବା ବେଳେ ଅନ୍ୟମାନଙ୍କଠାରୁ ବେଶି କିଛି ଆଶା ରଖନ୍ତି ନାହିଁ ।


**ଗୁରୁବାର:** ଗୁରୁବାର ଜନ୍ମିତ ବ୍ୟକ୍ତି ସୌଭାଗ୍ୟଶାଳୀ ଓ ଉତ୍ତମ ପରାମର୍ଶଦାତା ହୋଇଥାନ୍ତି । ଠିକ୍ ସମୟରେ ଉନ୍ନତି କରିବା ସହ ଖୁସି ଅନୁଭବ କରନ୍ତି । ସେମାନଙ୍କର ଅନ୍ୟତମ ବିଶେଷତ୍ୱ ହେଉଛି, ପରିବାର କଥା ବହୁତ ଚିନ୍ତା କରନ୍ତି । ଏଭଳି ଲୋକ ଶୀଘ୍ର ଏବଂ ସହଜରେ ବିରକ୍ତି ହୋଇଥାନ୍ତି । ତେଣୁ ଜୀବନକୁ ରୋମାଞ୍ଚକର କରିବା ପାଇଁ ନୂଆ ଉପାୟର ଖୋଜନ୍ତି ।

**ଶୁକ୍ରବାର:** ଉକ୍ତ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିବିଶେଷ ଆକର୍ଷଣୀୟ ଓ ସୃଜନାତ୍ମକ ହୋଇଥାନ୍ତି । ଆରାମ ଓ ବିଳାସପୂର୍ଣ୍ଣ ଜୀବନ ଜିଇଁବାକୁ ପସନ୍ଦ କରନ୍ତି । ସବୁ କାମରେ ପୂର୍ଣ୍ଣତା ଚାହିଁଥାନ୍ତି । ବିଶେଷକରି ପ୍ରେମ ବ୍ୟାପାରରେ ।

**ଶନିବାର:** ଶନିବାର ଜନ୍ମିତ ବ୍ୟକ୍ତି ସ୍ୱଭାବରେ କଠିନ ପରିଶ୍ରମୀ, ବିଶ୍ୱାସଯୋଗ୍ୟ ଏବଂ ଦାୟିତ୍ୱବାନ ହୋଇଥାନ୍ତି । ଯେଉଁ କାମ କରନ୍ତି, ସେଥିରେ ବୁଡ଼ି ରହିବାକୁ ପସନ୍ଦ କରନ୍ତି । ସେମାନଙ୍କରଠାରେ ଉତ୍ତମ ବ୍ୟାବସାୟିକ କଳା ଥାଏ । ସେହିପରି ସ୍ୱଭାବରେ ଲାଜକୁଳା ହୋଇଥିବାରୁ ଏକାକୀ ଓ ଅଲଗା ରହିବାକୁ ଭଲପାଆନ୍ତି । ଏପରିକି ବେଳେ ବେଳେ ପ୍ରେମ ମାମଲାରୁ ଦୂରେଇ ରହନ୍ତି ।

## ଉପହାରରେ ଧାର୍ମିକ ଗ୍ରନ୍ଥ

**ଜ୍ୟୋତିଷ ଶାସ୍ତ୍ର ତଥା ପୁରାଣରେ ଦାନର ବିଶେଷ ମହତ୍ତ୍ୱ ଥିବା କୁହାଯାଇଛି । ଉପହାରକୁ ବି ଦାନର ସ୍ୱରୂପ ଭାବେ ବିବେଚନା କରାଯାଏ । ଏହି କ୍ରମରେ ଉପହାରରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ, ଠାକୁରଙ୍କ ମୂର୍ତ୍ତି ଆଦି ପ୍ରଦାନ କରଯାଏ । ତେବେ ଏସବୁ ଦେବା ଠିକ୍ ନା ଭୁଲ୍, ସେ ସମ୍ପର୍କରେ ଜାଣିବା ।**



- ଧାର୍ମିକ ଗ୍ରନ୍ଥ ଉପହାରରେ ପ୍ରଦାନ କରିବା ଅତ୍ୟନ୍ତ ପବିତ୍ର । ଏହାକୁ ସାତ୍ୱିକ ଓ ଧାର୍ମିକ ବ୍ୟକ୍ତିଙ୍କୁ ଦିଅନ୍ତୁ ।
- ସତକର୍ମ କରୁଥିବା ବ୍ୟକ୍ତିଙ୍କୁ ଭଗବାନଙ୍କ ମୂର୍ତ୍ତି ବା ଭଗବଦ ଗୀତା ଦେବା ଶୁଭ ।
- ତେବେ ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ନ ଥିବା ବ୍ୟକ୍ତିବିଶେଷଙ୍କୁ ଏଭଳି ଜିନିଷ ଉପହାରରେ ଦିଅନ୍ତୁ ନାହିଁ ।
- ସ୍କନ୍ଦ ପୁରାଣ ଅନୁସାରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ ଭଳି ପବିତ୍ର ଗ୍ରନ୍ଥ ଅପାତ୍ରରେ ଦାନ କରନ୍ତୁ ନାହିଁ ।

## ଅଫିସ୍ ବ୍ୟାଗ୍‌ରେ କେଉଁ ଜିନିଷ ରଖିବେ ନାହିଁ

**ସାଧାରଣତଃ ଅଫିସ୍ ବ୍ୟାଗ୍‌ରେ ଅଫିସ୍ ଜିନିଷ ସମେତ କିଛି ନିତ୍ୟବ୍ୟବହାର୍ଯ୍ୟ ଜିନିଷ ରଖାଯାଏ । ଯାହାକି ଜ୍ୟୋତିଷ ଶାସ୍ତ୍ର ଅନୁସାରେ ଠିକ୍ ନୁହେଁ । ତେବେ କେଉଁ ଜିନିଷ ଅଫିସ୍ ବ୍ୟାଗ୍‌ରେ ରଖିବେ ନାହିଁ, ତାହା ନିମ୍ନରେ ପ୍ରଦତ୍ତ କରାଗଲା ।**

- ଅଫିସ୍ ବ୍ୟାଗ୍‌ରେ ପାନିଆ, ଟୁଥ୍‌ବ୍ରଶ ଆଦି ରଖନ୍ତୁ ନାହିଁ । ଏଭଳି ଜିନିଷ ରଖିବା ଦ୍ୱାରା ନକାରାତ୍ମକ ଶକ୍ତ ସଞ୍ଚାର ହୁଏ । କ୍ୟାରିୟର ଉନ୍ନତିରେ ହୁଏ ନାହିଁ ।
- ଅନେକେ ଅଫିସ୍ ବ୍ୟାଗ୍‌ରେ ଛୋଟ ଛୁରୀ ନଚେତ୍ ନେଲ୍ କଟର ରଖନ୍ତି । ବାସ୍ତୁ ନିୟମ ଦୃଷ୍ଟିରୁ ଏଭଳି କରିବା ଅଶୁଭ । ଏସବୁ ଜିନିଷ ରଖିବା ଦ୍ୱାରା ସହକର୍ମୀଙ୍କ ସହ ବିବାଦ ଉପୁଜେ । ବ୍ୟକ୍ତିତ୍ୱ ପ୍ରଭାବିତ ହେବା ସହ କ୍ୟାରିୟର ବାଧାପ୍ରାପ୍ତ ହୁଏ ।
- ସେହିପରି ଅଫିସ୍ ବ୍ୟାଗ୍‌ରେ ଅପରିଷ୍କାର କପଡ଼ା ରଖନ୍ତୁ ନାହିଁ । ଏହା ଦ୍ୱାରା ସ୍ୱଭାବରେ ପରିବର୍ତ୍ତନ ଆସେ । ବିଶେଷକରି ଚିଡଚିଡାପଣ, କ୍ରୋଧ, ଥକ୍କାପଣ ଦେଖା ଦିଏ । ଫଳରେ ଅଫିସ୍ କାର୍ଯ୍ୟରେ ମନ ଲାଗେ ନାହିଁ ।

## ବୁମ୍ରାଙ୍କ ଘାତକ ବୋଲିଂ, ୯୯ ରନ୍‌ରେ ଆଉଟ ହେଲେ ବ୍ରୁକ୍

# ଇଂଲଣ୍ଡ ବିପକ୍ଷରେ ଭାରତ ପ୍ରଥମ ଇନିଂସ ଆଗୁଆ

ଲିଡ୍ସ, ୨୨।୬ (ଏଜେନ୍ସି)




ବିଶ୍ୱର ଶ୍ରେଷ୍ଠ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରାଙ୍କ ଫ୍ଲାଟ୍ ପିଚ୍‌ରେ ଚମତ୍କାର ବୋଲିଂ ବଳରେ ଏଠାରେ ଇଂଲଣ୍ଡ ସହ ଚାଲିଥିବା ପ୍ରଥମ ଟେଷ୍ଟରେ ଭ୍ରମଣକାରୀ ଭାରତ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଭାରତ ପ୍ରଥମ ଇନିଂସରେ ୪୭୧ ରନ୍ କରିଥିଲା। ଜବାବରେ ହ୍ୟାରି ବ୍ରୁକ୍‌ର ୯୯ ଓ ଶେଷ ଭାଗ ବ୍ୟାଟରଙ୍କ ଉପଯୋଗୀ ଯୋଗଦାନ ଫଳରେ ତୃତୀୟ ଦିନ ଟି ସୁଦ୍ଧା ଇଂଲଣ୍ଡ ୪୬୫ ରନ୍‌ରେ ଅଲ୍‌ଆଉଟ ହୋଇଯାଇଥିଲା। ଇଂଲଣ୍ଡର ୫ଜଣ ଖେଳାଳିଙ୍କୁ ଆଉଟ କରି ବୁମ୍ରା ସର୍ବାଧିକ କ୍ଷତି ଘଟାଇଥିଲେ। କିନ୍ତୁ ତାଙ୍କ ବୋଲିଂରେ ଭାରତୀୟ ଫିଲ୍ଡରମାନେ ମଧ୍ୟ ୪ଟି କ୍ୟାଚ୍ ହାତଛଡ଼ା କରିଥିଲେ। ଅନ୍ୟ ଦୁଇ ପେସ ବୋଲର ପ୍ରସିଦ୍ଧ କ୍ରିଷ୍ଣା ୩ଟି ଓ ମହମ୍ମଦ୍ ସିରାଜ ୨ଟି ୱିକେଟ ପାଇଥିଲେ। ଏହା ଫଳରେ ଇଂଲଣ୍ଡ ଇନିଂସରେ ସମସ୍ତ ୧୦ଟି ଯାକ ୱିକେଟ ପେସ୍ ବୋଲରଙ୍କୁ ମିଳିଥିଲା। ଫିଲ୍ଡରମାନେ କ୍ୟାଚ୍ ହାତଛଡ଼ା କରିବା, ପିଚ୍ ଟର୍ଣ୍ଣ ନେବା ଓ ମେଘୁଆ ପାଗରେ ଭାରତୀୟମାନଙ୍କୁ ବ୍ୟାଟିଂ କରିବା କଷ୍ଟକର ହୋଇପାରେ। ଶେଷ ଖବର ସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ୧ ୱିକେଟ୍ ହରାଇ ୪୫ ରନ୍ କରିଛି। ଏହି ସମୟରେ ରାହୁଲ ୨୪ ଓ ସୁଦର୍ଶନ ୧୬ ରନ୍‌ରେ ବ୍ୟାଟିଂ କରୁଥିଲେ ।

### ■ ଇଂଲଣ୍ଡକୁ ସମ୍ଭାଳିଲେ ହ୍ୟାରୀ ବ୍ରୁକ୍

ଏଠାରେ ଇଂଲଣ୍ଡ ମ୍ୟାଚ୍‌ର ତୃତୀୟ ଦିନ ୩ ୱିକେଟରେ ୨୦୯ ରନ୍‌ରୁ ସତର୍କତାର ସହ ଖେଳିଥିଲା। ପୂର୍ବଦିନ ଶତକ ହାସଲ କରିଥିବା ଓଲି ପୋପ ଆଉ ୬ ରନ୍ କରିବା ପରେ ୧୦୬ ରନ୍ କରି ପ୍ରଥମ ଖେଳାଳି ଭାବେ ଆଉଟ ହୋଇଥିଲେ। କିନ୍ତୁ ଶୂନ୍ ରନ୍‌ରେ ଅପରାଜିତ ଥିବା ଇଂଲଣ୍ଡ ସୀମିତ ଓଭର ଅଧିନାୟକ ହ୍ୟାରୀ ବ୍ରୁକ୍ ଚମତ୍କାର ଭଙ୍ଗୀରେ ଭାରତୀୟ ବୋଲରଙ୍କୁ ଆକ୍ରମଣ କରିବା ସହ ଶେଷ ଭାଗ ଖେଳାଳିଙ୍କ ସହାୟତାରେ ଦ୍ରୁତ ରନ୍ ସଂଗ୍ରହ କରିଥିଲେ। ସେ ଖାତା ଖୋଲିବା ପୂର୍ବରୁ କଟ୍ ହୋଇଥିଲେ। କିନ୍ତୁ ତାହା ନୋ ବଲ ଥିଲା। ସେହିପରି ସେ ୮୩ ରନ୍ କରିଥିଲାବେଳେ ବୁମ୍ରାଙ୍କ ବୋଲିଂରେ ଯଶସ୍ୱୀ ଜୟସ୍ୱାଲ ଗଲି ଅଞ୍ଚଳରେ ତାଙ୍କ କ୍ୟାଚ୍ ହାତଛଡ଼ା କରିଥିଲେ। ବ୍ରୁକ୍ କିନ୍ତୁ ଶତକ ହାସଲ କରି ପାରି ନ ଥିଲେ। ସେ ୯୯ ରନ୍ କରିଥିଲାବେଳେ କ୍ରିଷ୍ଣାଙ୍କ ବୋଲିଂରେ ଦେଇଥିବା ସୁଯୋଗକୁ ଶାର୍ଦ୍ଦୁଳ ଠାକୁର କ୍ୟାଚ୍ ନେଇ ଆଉଟ କରିଥିଲେ। ତାଙ୍କୁ ସୁଯୋଗ ଦେବା କେତେ ମହଙ୍ଗା ହେବ ତାହା ପରେ ଜଣାପଡ଼ିବ। ଇଂଲଣ୍ଡର ଅନ୍ୟ ଖେଳାଳିମାନେ ମଧ୍ୟ ଉପଯୋଗୀ ସହାୟତା ଦେଇଥିଲେ। ସେମାନଙ୍କ ମଧ୍ୟରୁ ୱିକେଟରକ୍ଷକ ଜେମି ସ୍ମିଥ ୫୨ ବଲ୍ ଖେଳି ୪୦, କ୍ରିସ୍ ଓକ୍ସ ୫୫ ବଲ୍ ଖେଳି ୩୮ ଓ ବ୍ରାଇଡନ କାର୍ସ ୨୩ ବଲ୍‌ରୁ ୨୨ ରନ୍ ସଂଗ୍ରହ କରିବା ଫଳରେ ଭାରତଠାରୁ ଇଂଲଣ୍ଡ ମାତ୍ର ୬ ରନ୍ ପଛରେ ରହିଥିଲା।

### ■ ବୁମ୍ରାଙ୍କ ବୋଲିଂରେ ୪ଟି କ୍ୟାଚ୍ ଡ୍ରପ୍

ଏହି ଟେଷ୍ଟରେ ଇଂଲଣ୍ଡ ପ୍ରଥମ ଇନିଂସରେ ଭାରତର ଷ୍ଟ୍ରାଇକ୍ ବୋଲର ଯଶପ୍ରୀତ୍ ବୁମ୍ରାଙ୍କ ବୋଲିଂରେ ଫିଲ୍ଡରମାନେ ୪ଟି କ୍ୟାଚ୍ ଡ୍ରପ୍ କରିଛନ୍ତି। ଏହାର ଫାଇଦା ନିଶ୍ଚିତଭାବେ ଇଂଲଣ୍ଡକୁ ମିଳିଛି। ଏହି ୪ଟି ମଧ୍ୟରୁ ଯୁବ ଖେଳାଳି ଯାଓ୍ୱୀ ଜୟସ୍ୱାଲ ୩ଟି ଓ ଅଲରାଉଣ୍ଡର ରବୀନ୍ଦ୍ର ଜାଡେଜା ଗୋଟିଏ କ୍ୟାଚ୍ ଡ୍ରପ୍ କରିଥିଲେ। ଖେଳର ଦ୍ୱିତୀୟ ଦିନ ୩ଟି ଓ ତୃତୀୟ ଦିନ ଗୋଟିଏ କ୍ୟାଚ୍ ଡ୍ରପ୍ ହୋଇଥିଲା। କ୍ୟାଚ୍ ଡ୍ରପ୍ ଖେଳର ଏକ ଅଂଶବିଶେଷ ହୋଇପାରେ, କିନ୍ତୁ ଘରୋଇ ମାଟିରେ ଖେଳୁଥିବା ଇଂଲଣ୍ଡ ଏଥିରୁ କେତେ ଫାଇଦା ଉଠାଇବ ତାହା ସମୟ କହିବ। କ୍ୟାଚ୍ ଡ୍ରପ୍ ସତ୍ତ୍ୱେ ବୁମ୍ରା ଏହି ସର୍ବାଧିକ ୫ଟି ୱିକେଟ ନେଇଥିଲେ। ଟେଷ୍ଟ କ୍ରିକେଟର ଗୋଟିଏ ଇନିଂସରେ ସେ ଏହାକୁ ମିଶାଇ ୧୪ଥର ସକାଶେ ଏହି ସଫଳତା ପାଇଛନ୍ତି। ତାହା ମଧ୍ୟରୁ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ୩ଟି ଓ ମହମ୍ମଦ୍ ସିରାଜଙ୍କ ଖାତାରେ ୨ଟି ରହିଛି।

**ସଂକ୍ଷିପ୍ତ ସ୍କୋର**

**ଭାରତ ପ୍ରଥମ ଇନିଂସ**: ୪୭୧ (ଗିଲ-୧୪୭, ପନ୍ତ-୧୩୪, ଜୟସ୍ୱାଲ-୧୦୧, ଷ୍ଟୋକ୍ସ-୪/୬୬, ଟଙ୍ଗ୍-୪/୮୬)।
**ଇଂଲଣ୍ଡ ପ୍ରଥମ ଇନିଂସ** : ୪୬୫ (ପୋପ୍-୧୦୬, ବ୍ରୁକ୍-୯୯, ଡକେଟ-୬୨, ବୁମ୍ରା-୫/୮୩, କ୍ରିଷ୍ଣା-୩/୧୨୮, ସିରାଜ-୨/୧୨୨)।
**ଭାରତ ଦ୍ୱିତୀୟ ଇନିଂସ** : ୪୫/୧ (ରାହୁଲ-୨୪*, ସୁଦର୍ଶନ-୧୬*, କାର୍ସ-୧/୨୭)।

## ଗୋଟିଏ ଟେଷ୍ଟରେ ଦୁଇଥର କଳାବ୍ୟାଜ୍ ପିନ୍ଧିଲେ ଖେଳାଳି

ଲିଡ୍ସ, ୨୨।୬ (ଏଜେନ୍ସି): ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନରେ ଖେଳାଳିମାନେ କଳାବ୍ୟାଜ ପିନ୍ଧି ଖେଳିଥିଲେ। ଆଜି ଇଂଲଣ୍ଡର ପୂର୍ବତନ ଫାଷ୍ଟ ବୋଲର ତଥା ବ୍ରିଟେନରେ ଜନ୍ମିତ ପ୍ରଥମ କୃଷ୍ଣକାୟ କ୍ରିକେଟର ଡେଭିଡ ଲରେନ୍ସଙ୍କ ୬୧ ବର୍ଷରେ ବିୟୋଗ ହୋଇଥିଲା। ତାଙ୍କ ଅମର ଆତ୍ମାକୁ ସମ୍ମାନ ଜଣାଇ ଆଜି ଉଭୟ ଦଳର ଖେଳାଳିମାନେ ହାତରେ କଳାବ୍ୟାଜ୍ ପିନ୍ଧି ଖେଳିଥିଲେ। ଏହା ପୂର୍ବରୁ ଭାରତର ଅହମ୍ମଦାବାଦ୍‌ରେ ଅନୁଷ୍ଠିତ ବିମାନ ଦୁର୍ଘଟଣାରେ ମୃତାହତଙ୍କୁ ସମ୍ମାନ ଜଣାଇ ଉଭୟ ଦଳର ଖେଳାଳିମାନେ ମଧ୍ୟ କଳା ବ୍ୟାଜ୍ ପିନ୍ଧି ଖେଳିଥିଲେ। ନିକଟ ଅତୀତରେ ଗୋଟିଏ ଟେଷ୍ଟରେ ଦୁଇଥର ଖେଳାଳି କଳାବ୍ୟାଜ୍ ପିନ୍ଧି ଖେଳିଛନ୍ତି।

● ଫିଫା କ୍ଲବ୍ ବିଶ୍ୱକପ୍

## ପ୍ରି-କ୍ୱାର୍ଟରରେ ଡର୍ଟମଣ୍ଡ

ସିନ୍‌ସିନାଟି, ୨୨।୬ (ଏଜେନ୍ସି): ଜର୍ମାନୀର ପ୍ରସିଦ୍ଧ କ୍ଲବ୍ ବୋରୁସିଆ ଡର୍ଟମଣ୍ଡ ୪-୩ ଗୋଲ୍‌ରେ ଦକ୍ଷିଣ ଆଫ୍ରିକୀୟ ଚାମ୍ପିଅନ ମାମେଲୋଡି ସନ୍‌ଡାଉନ୍‌କୁ ପରାସ୍ତ କରି ଗ୍ରୁପ୍-ଏଫ୍‌ର ଶୀର୍ଷସ୍ଥାନକୁ ଉନ୍ନୀତ ହୋଇଛି। ବିଜୟୀ ଦଳ ପକ୍ଷରୁ ଫେଲିକ୍ସ ନେମ୍‌ଚା, ସେରହୋ ଗୁଇରାସି ଓ ଜୋବ୍ ବେଲିଙ୍ଗ୍‌ହାମ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ସନ୍‌ଡାଉନର ଗୋଟିଏ ଆତ୍ମଘାତୀ ଗୋଲ ଡର୍ଟମଣ୍ଡକୁ ବିଜୟୀ କରାଇଥିଲା। ବ୍ରିଟିଶ କ୍ଲବ୍ ଚେଲସିକୁ ୩-୧ ଗୋଲରେ ପରାସ୍ତ କରି ଫ୍ଲେମେଙ୍ଗୋ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛି।

---

୭୮ତମ ଜାତୀୟ ସିନିଅର ଜଳକ୍ରୀଡ଼ା ଉଦ୍‌ଘାଟିତ

## ଓଡ଼ିଶା ପାଇଁ ସ୍ୱର୍ଣ୍ଣ ଜିତିଲେ ସ୍ରିଷ୍ଟି

ଭୁବନେଶ୍ୱର,୨୨।୬ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମସ୍ଥିତ ଇଣ୍ଡୋର ଆକ୍ୱାଟିକ ସେଣ୍ଟରରେ ରବିବାରଜାତୀୟସିନିଅରଜଳକ୍ରୀଡ଼ାଚାମ୍ପିଅନସିପ୍‌ର ୭୮ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି। ଏହି ସମ୍ମାନଜନକ ସନ୍ତରଣ ପ୍ରତିଯୋଗିତାରେ



ଆୟୋଜକ ଓଡ଼ିଶା ପ୍ରଥମ ଦିନରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ସ୍ରିଷ୍ଟି ଉପାଧ୍ୟାୟ ଘରୋଇ ଦର୍ଶକଙ୍କ ସାମ୍ନାରେ ଏହି ସ୍ୱର୍ଣ୍ଣପଦକ ସଫଳତା ଆଣିଛନ୍ତି। ରବିବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ୧୦୦ ମିଟର ବଟରଫ୍ଲାଏ ଇଭେଣ୍ଟର ଫାଇନାଲରେ ସ୍ରିଷ୍ଟି ୧ ମିନିଟ୍ ୦୩.୫୦ ସେକେଣ୍ଡରେ ଫିନିଶ୍ କରି ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲେ। ରେଲୱେ ସ୍ପୋର୍ଟ୍ସ ପ୍ରମୋସନ ବୋର୍ଡ (ଆର୍‌ଏସ୍‌ପିବି)ର ଆସ୍ଥା ଚୌଧୁରୀ ଓ କର୍ଣ୍ଣାଟକର ଧିନିଧି ଦେଶିଂହୁ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଥିଲେ। ସବୁଠୁ ଉଲ୍ଲେଖନୀୟ କଥା ହେଉଛି ଅଲିମ୍ପିଆନ ଧିନିଧିଙ୍କୁ ପଛରେ ପକାଇ ସ୍ରିଷ୍ଟି ଏହି ସଫଳତା ପାଇଛନ୍ତି। ୧୫ ବର୍ଷୀୟା ଧିନିଧି ଗତବର୍ଷ ପ୍ୟାରିସ ଅଲିମ୍ପିକ୍ସରେ ଅଂଶଗ୍ରହଣ କରିଥିଲେ। ସେ ପ୍ୟାରିସରେ ଦେଶର ସର୍ବକନିଷ୍ଠ ଅଲିମ୍ପିଆନ ହେବାର ସୌଭାଗ୍ୟ ଲାଭ କରିଥିଲେ। ସେହିଭଳି ଓଡ଼ିଶାର ଅନ୍ୟତମ ଜଣାଶୁଣା ସନ୍ତରଣକାରୀ ମନ୍ନତା ମିଶ୍ର ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ। ସେ ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟୋକ୍ ଫାଇନାଲକୁ ୨ ମିନିଟ୍ ୪୧.୪୩ ସେକେଣ୍ଡରେ ଫିନିଶ କରି ୪ର୍ଥ ସ୍ଥାନରେ ରହିଥିଲେ। ଏହି ଇଭେଣ୍ଟରେ ଅନ୍ୟତମ ଓଡ଼ିଆ ସନ୍ତରଣକାରୀ ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ (୨:୪୨.୯୮) ୬ଷ୍ଠ ସ୍ଥାନରେ ରହିଥିଲେ। ଆର୍‌ଏସ୍‌ପିବିର ହର୍ଷିତା ଜୟରାମ (୨:୩୭.୭୨) ଏଥିରେ ସ୍ୱର୍ଣ୍ଣପଦକ ଜିତିଥିଲେ।

ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା। ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା। ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ।

## ଟି-୨୦ ବିଶ୍ୱକପ୍‌କୁ କାନାଡାର ଯୋଗ୍ୟତା

ଓଣ୍ଟାରିଓ, ୨୨।୬ (ଏଜେନ୍ସି): ପୁରୁଷ ଟି-୨୦ ବିଶ୍ୱକପ୍‌ର ଆଗାମୀ ସଂସ୍କରଣକୁ ୧୩ତମ ଦଳ ଭାବେ କାନାଡା ଯୋଗ୍ୟତା ଅର୍ଜନ କରିଛି। ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣ ୨୦୨୬ରେ ଖେଳାଯିବ। କାନାଡା ପୂର୍ବରୁ ଦୁଇ ଆୟୋଜକ ଭାରତ ଓ ଶ୍ରୀଲଙ୍କା ସମେତ ଆଫଗାନିସ୍ତାନ, ଅଷ୍ଟ୍ରେଲିଆ, ବାଂଲାଦେଶ, ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ଆମେରିକା, ୱେଷ୍ଟଇଣ୍ଡିଜ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ ଓ ପାକିସ୍ତାନ ଯୋଗ୍ୟତା ଅର୍ଜନ କରିଥିଲେ। ଏଥିପୂର୍ବରୁ ୨୦୨୪ରେ ଆମେରିକାରେ ଅନୁଷ୍ଠିତ ସଂସ୍କରଣକୁ କାନାଡା ଯୋଗ୍ୟତା ଅର୍ଜନ କରିଥିଲା। ଏଥିରେ ଗ୍ରୁପ୍ ପର୍ଯ୍ୟାୟର ୪ଟି ମ୍ୟାଚରୁ କେବଳ ଆୟର୍ଲାଣ୍ଡ ବିପକ୍ଷରେ କାନାଡା ବିଜୟ ହାସଲ କରିଥିଲା।

● ଜାତୀୟ ସିନିଅର ବଧିର କ୍ରୀଡ଼ା

## ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳକୁ ୩ ପଦକ



ଭୁବନେଶ୍ୱର, ୨୨।୬ (ସମିସ): ଉତ୍ତର ପ୍ରଦେଶର କାନପୁରଠାରେ ଅନୁଷ୍ଠିତ ୨୭ତମ ଜାତୀୟ ସିନିଅର ବଧିର କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳ ୩ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୨ଟି ରୌପ୍ୟ ଓ ଗୋଟିଏ କାଂସ୍ୟ ପଦକ ରହିଛି। ଓଡ଼ିଶା ପାଇଁ ମଣ୍ଡଳ ନାୟକ ୮୦ କିଗ୍ରାରୁ କମ୍ ବର୍ଗ ଓ ଶୁଭମ ହେମ୍ବ୍ରମ ୬୯ କିଗ୍ରାରୁ କମ୍ ବର୍ଗରେ ରୌପ୍ୟ ପଦକ ହାସଲ କରିଥିଲେ। ସେହିଭଳି ୫୮ କିଗ୍ରା ବର୍ଗରେ ମନୋଜ ଦାସ କାଂସ୍ୟପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଛନ୍ତି।

ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକି

## ଅଷ୍ଟ୍ରେଲିଆକୁ ହରାଇଲା ଭାରତ

ବର୍ଲିନ, ୨୨।୬ (ଏଜେନ୍ସି): ଜର୍ମାନୀର ରାଜଧାନୀ ବର୍ଲିନରେ ଚାଲିଥିବା ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକିରେ ଭାରତୀୟ ଦଳ ଦ୍ୱିତୀୟ ମୁକାବିଲାରେ ଦମ୍‌ଦାର ବିଜୟ ହାସଲ କରିଛି। ରବିବାର ଖେଳାଯାଇଥିବା ଏକ ମ୍ୟାଚରେ ଭାରତ ୩-୧ ଗୋଲ୍‌ରେ ଶକ୍ତିଶାଳୀ ଅଷ୍ଟ୍ରେଲିଆକୁ ମାତ୍ ଦେଇଛି। ପ୍ରତିଯୋଗିତାରେ ଭାରତର ଏହା ପ୍ରଥମ ବିଜୟ। ପୂର୍ବରୁ ପ୍ରଥମ ମ୍ୟାଚରେ ଘରୋଇ ଜର୍ମାନୀ ନିକଟରୁ ୭-୧ ଗୋଲ୍‌ରେ ଭାରତ ପରାସ୍ତ ହୋଇଥିଲା। ଭାରତ ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ସ୍ପେନକୁ ଭେଟିବ। ରବିବାର ଖେଳାଯାଇଥିବା ଏହି ମ୍ୟାଚର ୧୫ତମ ମିନିଟ୍‌ରେ ଶ୍ରଦ୍ଧାନନ୍ଦ ତିୱାରୀଙ୍କ ଗୋଲ୍ ବଳରେ ଭାରତ ପ୍ରଥମାର୍ଦ୍ଧରେ ୧-୦ରେ ଅଗ୍ରଣୀ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୩ୟ କ୍ୱାର୍ଟରରେ ଭାରତ ଆଉ ଦୁଇଟି ଗୋଲ୍ ଦେଇଥିଲା। ୩୬ତମ ମିନିଟ୍‌ରେ ସୌରଭ ଆନନ୍ଦ ଖୁସୱାହ ଓ ୪୩ତମ ମିନିଟ୍‌ରେ ଅମିର ଅଲି ଏହି ଦୁଇଟି ଗୋଲ୍ ଦେଇଥିଲେ। ଫଳରେ ତୃତୀୟାର୍ଦ୍ଧ ସୁଦ୍ଧା ୩-୦ରେ ଭାରତ ଏକପାଖିଆ ଅଗ୍ରଣୀ ରହି ପ୍ରଭାବ ବିସ୍ତାର କରିଥିଲା। ତେବେ ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଅଷ୍ଟ୍ରେଲିଆ ପାଇଁ ଓଲିଭର ୱିଲ୍ ଗୋଟିଏ ଗୋଲ୍ ଶୁଝାଇଦେଇଥିଲେ ମଧ୍ୟ ଦଳକୁ ୩-୧ରେ ପରାଜୟରୁ ରକ୍ଷା କରିପାରି ନ ଥିଲେ। ଆୟୋଜକ ଜର୍ମାନୀ ବ୍ୟତୀତ ଭାରତ, ଅଷ୍ଟ୍ରେଲିଆ ଓ ସ୍ପେନ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରୁଛନ୍ତି। ରାଉଣ୍ଡ-ରବିନ୍ ଫର୍ମାଟ୍‌ରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ଏହାପରେ ସର୍ବାଧିକ ପଏଣ୍ଟ ରଖିଥିବା ଦୁଇ ଦଳ ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ।

## ସର୍ବନିମ୍ନ ସ୍ଥାନରେ ଭାରତୀୟ ମହିଳା ଦଳ

**ଏଫ୍‌ଆଇଏଚ୍ ପ୍ରୋ ଲିଗ୍**

ଆଣ୍ଟୱର୍ପ,୨୨।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୟୁରୋପ୍ ଲେଗ୍ (ଚରଣ)ରେ ଏହାର ପରାଜୟଧାରା ଜାରି ରଖିଛି। ରବିବାର ଏଠାରେ ଅନୁଷ୍ଠିତ ଏକ ମ୍ୟାଚରେ ଘରୋଇ ବେଲ୍‌ଜିୟମ ମହିଳା ଦଳ ୨-୦ ଗୋଲ୍‌ରେ ଭାରତକୁ ପରାସ୍ତ କରିଛି। ମ୍ୟାଚର ପ୍ରଥମାର୍ଦ୍ଧ ଗୋଲ୍‌ଶୂନ୍ୟ ରହିଥିଲା। ଦ୍ୱିତୀୟାର୍ଦ୍ଧରେ ଆମ୍ବ୍ରେ ବାଲେଙ୍ଗଇନ ଓ ଲିଏନ ହିଲ୍‌ୱର୍ଟ ଗୋଟିଏ ଲେଖାଏ ଗୋଲ୍ ଦେଇ ବେଲ୍‌ଜିୟମକୁ ବିଜୟୀ କରାଇଥିଲେ। ପୂର୍ବରୁ ଶନିବାର ମଧ୍ୟ ଭାରତୀୟ ମହିଳା ଦଳ ୧-୫ ଗୋଲ୍‌ରେ ବେଲ୍‌ଜିୟମଠାରୁ ହାରିଥିଲା। ଫଳରେ ପ୍ରୋ ଲିଗ୍‌ର ୟୁରୋପ୍ ଚରଣରେ ଭାରତ କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି। ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୧୪ ମ୍ୟାଚରୁ ୯ ପରାଜୟ ସହ ୧୦ ପଏଣ୍ଟ ପାଇ ୯ ଦଳୀୟ ଟେବଲ୍ ତାଲିକାର ସର୍ବନିମ୍ନ ସ୍ଥାନକୁ ଖସିଯାଇଛି। ଭାରତ ଏହାର ଶେଷ ଦୁଇ ମ୍ୟାଚରେ ଚାଇନା ବିପକ୍ଷରେ ଖେଳିବ। ଯଦି ଉଭୟ ମ୍ୟାଚ୍‌ରେ ଚାଇନା ବିପକ୍ଷରେ ବିଜୟୀ ହୁଏ ତେବେ ପ୍ରୋ ଲିଗ୍‌ର ପରବର୍ତ୍ତୀ ସଂସ୍କରଣରେ ଖେଳିବାର ଆଶା ଉଜ୍ଜୀବିତ ରଖିବ। କିନ୍ତୁ ଯଦି ପରାଜୟବରଣ କରି ପଏଣ୍ଟ ଟେବଲ୍‌ର ସର୍ବନିମ୍ନ ସ୍ଥାନରେ ରୁହେ ତେବେ ଏଫ୍‌ଆଇଏଚ୍ ପ୍ରୋ ଲିଗର ୨୦୨୫-୨୬ ସଂସ୍କରଣରୁ ବାଦ୍ ପଡ଼ିବ।

ଅପରପକ୍ଷରେ ଭାରତୀୟ ପୁରୁଷ ଦଳ ମଧ୍ୟ ବେଲ୍‌ଜିୟମ ସହ ମୁକାବିଲା କରିଛି। ଶେଷ ଖବର ସୁଦ୍ଧା ୩ୟ କ୍ୱାର୍ଟର ଜାରି ରହିଥିବାବେଳେ ଉଭୟ ଦଳ ୨ଟି ଲେଖାଏ ଗୋଲ୍ ଦେଇଛନ୍ତି। ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତ ୧୫ ମ୍ୟାଚରୁ ୧୦ ପରାଜୟ ସହ ୮ମ ସ୍ଥାନରେ ରହିଛି।

---

**ରାଜ୍ୟ ଓପନ୍ ଚେସ୍**

## ଲବ୍ୟଜ୍ୟୋତିଙ୍କୁ ଟାଇଟଲ୍



ଭୁବନେଶ୍ୱର, ୨୨।୬ (ସମିସ): କେନ୍ଦ୍ରାପଡ଼ାର ଲବ୍ୟଜ୍ୟୋତି ରାଉତରାୟ ଏଠାରେ ରବିବାର ଅନୁଷ୍ଠିତ ଚତୁର୍ଥ ଅଲେଖ ଚନ୍ଦ୍ର ଦେବତା ସ୍ମାରକୀ ଚେସ୍ ପ୍ରତିଯୋଗିତାରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଓଡ଼ିଶା ରାଜ୍ୟ ଚେସ ସଂଘ ଦ୍ୱାରା କେଶୁରା ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ଅନୁଷ୍ଠିତ ଏହି ଟୁର୍ଣ୍ଣାମେଣ୍ଟରେ ଲବ୍ୟଜ୍ୟୋତି ଓ ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର ସମାନ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। କିନ୍ତୁ ଲବ୍ୟଜ୍ୟୋତି ପ୍ରଥମ ଓ ଶୁଭେନ୍ଦୁ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଏମାନଙ୍କ ପଛକୁ ୪ଜଣ ଖେଳାଳି ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ସେମାନେ ହେଲେ ଜଟଣୀର ସ୍ଥିତପ୍ରଜ୍ଞ ସାହୁ, କଟକର ପ୍ରତ୍ୟୁଷ ମହାପାତ୍ର, ଭୁବନେଶ୍ୱରର ବିନୀତ ନାୟକ ଓ ଜଟଣୀର ରଶ୍ମିରଞ୍ଜନ ପାତ୍ର ଯଥାକ୍ରମେ ଦ୍ୱିତୀୟରୁ ଷଷ୍ଠ ସ୍ଥାନ ଅଧିକାର କରିଥିଲେ। ଖେଳଶେଷରେ ସିଡ୍ରିମ୍‌ଜର ଏମ୍‌ଡି ଚିତ୍ତରଞ୍ଜନ ଦେବତା ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଆୟୋଜକ ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲେ।

ମାଷ୍ଟର୍ସ କପ୍ ହକି

## ଓଡ଼ିଶା-ଆନ୍ଧ୍ର କ୍ୱାର୍ଟର ଫାଇନାଲ୍ ଆଜି

ଭୁବନେଶ୍ୱର, ୨୨।୬ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ଚେନ୍ନଇରେ ଚାଲିଥିବା ପ୍ରଥମ ମାଷ୍ଟର୍ସ କପ୍‌ର ପୁରୁଷ ବିଭାଗ କ୍ୱାର୍ଟର ଫାଇନାଲ ସୋମବାର ଖେଳାଯିବ। ଓଡ଼ିଶା ହକି ଦଳ ଦ୍ୱିତୀୟ କ୍ୱାର୍ଟରରେ ଆନ୍ଧ୍ର ପ୍ରଦେଶକୁ ଭେଟିବ। ଲାଜରୁସ୍ ବାର୍ଲାଙ୍କ ନେତୃତ୍ୱରେ ଖେଳୁଥିବା ଓଡ଼ିଶା ଭେଟେରାନ ହକି ଦଳ ପୂର୍ବରୁ ପୁଲ୍ ପର୍ଯ୍ୟାୟରେ ପୁଡୁଚେରୀକୁ ୬-୩ ଗୋଲ୍‌ରେ ଓ ପଞ୍ଜାବକୁ ୫-୨ ଗୋଲ୍‌ରେ ହରାଇ କ୍ୱାର୍ଟର ଫାଇନାଲକୁ ଉଠିଛି। ଉଲ୍ଲେଖଯୋଗ୍ୟ, ୪୦ ବର୍ଷରୁ ଊର୍ଦ୍ଧ୍ୱ ଅବସରପ୍ରାପ୍ତ ଭାରତୀୟ ହକି ଖେଳାଳିଙ୍କୁ ନେଇ ପ୍ରଥମଥର ଲାଗି ମାଷ୍ଟର୍ସ କପ୍ ଖେଳାଯାଉଛି। ଏଥିରେ ପୁରୁଷ ବିଭାଗରେ ୧୧ଟି ଓ ମହିଳାରେ ୮ଟି ଦଳ ଅଂଶଗ୍ରହଣ କରୁଛନ୍ତି। ମହିଳା ବିଭାଗରେ ଓଡ଼ିଶା ୨ଟି ମ୍ୟାଚ୍ ଖେଳି ଗୋଟିଏ ଲେଖାଏ ବିଜୟ ଓ ପରାଜୟ ସହ ୩ ପଏଣ୍ଟ ପାଇଛି।

**୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍**

## କଟକ-ଏ ଚାମ୍ପିଅନ

କଟକ,୨୨।୬(ସମିସ)




ବାରବାଟୀ ଷ୍ଟାଡିୟମରେ ରବିବାର ଆୟୋଜିତ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲାରେ କଟକ-ଏ ୬୭ ରନରେ ଭୁବନେଶ୍ୱର-ଏ'କୁ ପରାସ୍ତ କରି ଚାମ୍ପିଅନ ହୋଇଛି। ପୁରସ୍କାର ସ୍ୱରୂପ ବିଜୟୀ କଟକ-ଏ ଦଳକୁ ଟ୍ରଫି ଏବଂ ୧ଲକ୍ଷ ଟଙ୍କା ଆର୍ଥିକ ରାଶି ପ୍ରଦାନ କରାଯାଇଥିଲା। ରନର୍ସଅପ ଭୁବନେଶ୍ୱର-ଏ ଦଳକୁ ଟ୍ରଫି ଏବଂ ୫୦ ହଜାର ଟଙ୍କା ପୁରସ୍କାର ଦିଆଯାଇଥିଲା। ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଯୁଗ୍ମ ସମ୍ପାଦକ ପ୍ରଭାତ ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇଥିଲେ।

ଫାଇନାଲରେ ଘରୋଇ କଟକ-ଏ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା। ଅନିଲ ସାହୁଙ୍କ ଶତକୀୟ ପାଳି ସହାୟତାରେ ଦଳ ୪୫ ଓଭରରେ ୮ ୱିକେଟ ହରାଇ ୨୩୭ ରନ ସଂଗ୍ରହ କରିଥିଲା। ଅନିଲ ୧୩୨ ବଲରୁ ୧୦୮ ରନର ଅପରାଜିତ ପାଳି ଖେଳିଥିଲେ। ସେହିଭଳି ପିୟୂଷ ମନ୍ତ୍ରୀ ୧୫ ବଲରୁ ଦ୍ରୁତ ୪୦ ରନ ସଂଗ୍ରହ କରିଥିଲେ। ଭୁବନେଶ୍ୱର-ଏ ପକ୍ଷରୁ ଚନ୍ଦ୍ରାଂଶୁ ବାଘେଲ ଏବଂ ପ୍ରଜ୍ଞା କୁମାର ପତ୍ରି ଯଥାକ୍ରମେ ୩ଟି ଓ ୨ଟି ୱିକେଟ ଦଖଲ କରିଥିଲେ। ଜବାବରେ ୨୩୮ ରନର ବିଜୟ ଲକ୍ଷ୍ୟକୁ ପିଛା କରିବାକୁ ଯାଇ ଭୁବନେଶ୍ୱର-ଏ'ର ପାଳି ୧୭୦ ରନରେ ସୀମିତ ରହିଥିଲା। ସ୍ୱାଗତ ମିଶ୍ର ୫୧ ରନର ସଂଘର୍ଷପୂର୍ଣ୍ଣ ପାଳି ଖେଳିଥିଲେ। ବିଜୟୀ ଦଳ ତରଫରୁ ସମ୍ବିତ ବେଜା ଏବଂ ଜନ୍ମେଜୟ ଜେନା ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ଅପରାଜିତ ଶତକୀୟ ପାଳି ଖେଳିଥିବା ଅନିଲଙ୍କୁ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଓସିଏ ସଦସ୍ୟ ଧୀରେନ ପଲାଇ, ସଂଗ୍ରାମ କେଶରୀ ଗୁମାନ ସିଂହ, ନୃସିଂହ ଚରଣ ଚୌଧୁରୀ, ସୁଶାନ୍ତ ମହାନ୍ତି, ନିର୍ବାଣ ରାୟ, ଶିବବ୍ରତ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS